


ଆସିପାରେ 'କୁଛ କୁଛ ହୋତା ହୈ'ର ସିକ୍ୱେଲ

▸ପୃଷ୍ଠା ୧୧ ଦେଖନ୍ତୁ...


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-141 ◆MONDAY ◆17 NOVEMBER 2025 ◆PAGE-12 ◆₹ 6.00 | BHUBANESWAR | ◆ବର୍ଷ-୪୩ ◆ସଂଖ୍ୟା-୧୪୧ ◆ସୋମବାର ◆୧୭ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦






## SN ECO RESORT & WATER PARK

*Where Adventure Meets Peace*

DESTINATION WEDDINGS || CORPORATE EVENTS || WEEKEND GETAWAYS

• Luxury Rooms • Premium Cottages • Multi-cusine Restaurant • Swimming Pool
• SPA • Open GYM • Water Park • Boating • Children's Park
• Adventure Activities • Indoor & Outdoor Games





























*Celebrate the magic of Christmas and the joy of New Year with us this holiday season..*

For Bookings | +91 8144584399 / 9237379453 | www.snecoresort.com


SN Eco Resort & Waterpark, Dhirapatana, Dhenkanal

# ଉଜୁଡ଼ି ଗଲା ଲାଲୁ ପରିବାର

## ରୋହିଣୀଙ୍କ ପରେ ଘର ଛାଡ଼ିଲେ ଆଉ ତିନି ଝିଅ, ଦିଲ୍ଲୀ ପଳାଇଲେ

ପାଟନା, ୧୬।୧୧ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ବଡ଼ ପରାଜୟ ପରେ ଆର୍‌ଜେଡି ମୁଖ୍ୟ ଲାଲୁ ପ୍ରସାଦ ଯାଦବଙ୍କ ଘରେ ଅଦିନିଆ ଝଡ଼ ଆସିଛି। ପରିବାରର ସଦସ୍ୟଙ୍କ ମଧ୍ୟରେ ମୁହାଁମୁହିଁ ସ୍ଥିତି ସୃଷ୍ଟି ହୋଇଛି। ବଡ଼ ପୁଅ ତେଜପ୍ରତାପ ଯାଦବଙ୍କ ପରେ ଏବେ ବାପାଙ୍କୁ କିଡ୍‌ନୀ ଦେଇଥିବା ଝିଅ ରୋହିଣୀ ଆଚାର୍ଯ୍ୟ ପରିବାର ଏବଂ ପାର୍ଟି ଛାଡ଼ି ପଳାଇଛନ୍ତି। ତାଙ୍କୁ ସମର୍ଥନ କରି ଲାଲୁଙ୍କ ଆଉ ତିନି ଝିଅ ମଧ୍ୟ ଆଜି ପାଟନା ଘର ଛାଡ଼ି ପିଲାମାନଙ୍କୁ ନେଇ ଦିଲ୍ଲୀ ପଳାଇଛନ୍ତି। ଏହି ତିନି ଝିଅ ହେଲେ ରାଜଲକ୍ଷ୍ମୀ, ରାଗିନୀ ଏବଂ ଚନ୍ଦା। ସେମାନେ ମଧ୍ୟ ପରିବାର ସହିତ ସଂପର୍କ ତୁଟାଇବାକୁ ଘୋଷଣା କରିଛନ୍ତି।

ବାହାରର ଦୁଇ ବ୍ୟକ୍ତିଙ୍କ ଯୋଗୁଁ ଏବେ ଜଣଙ୍କ ପରେ ଜଣେ ଆରଜେଡି ଏବଂ ଲାଲୁଙ୍କୁ ଛାଡ଼ି ଚାଲି ଯାଉଛନ୍ତି। ରାଜନୀତି ଏବଂ ପରିବାର ଛାଡ଼ିବାର ଦିନକ ପରେ ରବିବାର ରୋହିଣୀ ସାମାଜିକ ଗଣମାଧ୍ୟମ ପୋଷ୍ଟ ମାଧ୍ୟମରେ ଗୁମର ଖୋଲିଛନ୍ତି। ସେ ତେଜସ୍ୱୀ ଯାଦବ ଏବଂ ସଞ୍ଜୟ ଯାଦବଙ୍କ ବିରୋଧରେ ଗମ୍ଭୀର ଅଭିଯୋଗ ଲଗାଇଛନ୍ତି। ରୋହିଣୀ ଏକ କୋହଭରା ପୋଷ୍ଟରେ କହିଛନ୍ତି ଯେ ମୋତେ ଶ୍ୱଶୁର ଘରଠାରୁ ଅଲଗା କରି ଅନାଥ ବନାଇ ଦିଆଗଲା। କାନ୍ଦି କାନ୍ଦି ଘର ଛାଡ଼ିବାକୁ ପଡ଼ିଲା। ମୋ ଉପରକୁ ମଧ୍ୟ ଚପଲ ଉଠାଗଲା। ଆତ୍ମସମ୍ମାନ ସହ ସାଲିସ ନ କରି ମୁଁ ବାହାରି ଆସିଲି। ଆଉ କେହି ମୋ ଭଳି ଦୁର୍ଦ୍ଦଶା ନଭୋଗନ୍ତୁ। କୌଣସି ଘରେ ମୋ ଭଳି ଭାଇ-ଭଉଣୀ ନ ରୁହନ୍ତୁ। ଏହି ପୋଷ୍ଟ ରୋହିଣୀ କିଡ୍‌ନୀ ଦେଇଥିବାର ଭିଡିଓ ପୋଷ୍ଟ କରିଛନ୍ତି।



**ମୋ ସହିତ ଖରାପ ବ୍ୟବହାର କରାଯାଉଥିଲା: ରୋହିଣୀ**
**ଭଉଣୀଙ୍କ ପ୍ରତି ଅପମାନ ସହିବି ନାହିଁ: ତେଜପ୍ରତାପ**

ଅନ୍ୟ ଏକ ପୋଷ୍ଟରେ ରୋହିଣୀ ଲେଖିଛନ୍ତି ଯେ ଶନିବାର ମତେ ଗାଳିଗୁଲଜ କରାଯାଇଥିଲା। ବାପାଙ୍କୁ ଖରାପ କିଡନୀ ଦେଇ କୋଟି କୋଟି ଟଙ୍କା ଏବଂ ଟିକଟ ନେଇଥିବା କୁହାଯାଇଥିଲା।

ନିର୍ବାଚନରେ ପରାଜୟକୁ ନେଇ ତେଜସ୍ୱୀ ଏବଂ ରୋହିଣୀଙ୍କ ମଧ୍ୟରେ ଝଗଡ଼ା ହୋଇଥିଲା। ଶନିବାର ଅପରାହ୍ନରେ ଇଣ୍ଡିଆ ମେଣ୍ଟର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ଥିବା ତେଜସ୍ୱୀ ପରାଜୟ ପାଇଁ ରୋହିଣୀଙ୍କୁ ଦାୟୀ କରିଥିଲେ। ତେଜସ୍ୱୀ ତାଙ୍କ ଉପରକୁ ଚପଲ ଫୋପାଡ଼ି ଥିଲେ। ଲାଲୁ ପରିବାରର ଏହି ବିବାଦ ପଛରେ ବାହାରର ଦୁଇ ଜଣ ବ୍ୟକ୍ତିଙ୍କ ହାତ ଥିବା କୁହାଯାଉଛି। ସେମାନେ ହେଲେ ତେଜସ୍ୱୀଙ୍କ ଘନିଷ୍ଠ ସଞ୍ଜୟ ଯାଦବ ଏବଂ ରମିଜ ଖାନ। ଉଭୟଙ୍କ ପାଇଁ ଭାଇ ତାଙ୍କୁ ଏଭଳି ବ୍ୟବହାର କଲା ବୋଲି ରୋହିଣୀ ଅଭିଯୋଗ କରିଛନ୍ତି। ଆଜି ମୁମ୍ବାଇ ଯିବା ସମୟରେ ରୋହିଣୀ କହିଛନ୍ତି, ସେ ତାଙ୍କର ସଂପର୍କ କେବଳ ତେଜସ୍ୱୀଙ୍କ ସହ ତୁଟାଇଛନ୍ତି। ବାପା ମାଆ ଏବଂ ଅନ୍ୟ ଭାଇ ଭଉଣୀ ତାଙ୍କ ସହିତ ଅଛନ୍ତି ବୋଲି ସେ କହିଛନ୍ତି। ଏହି ବିବାଦ ଉପରେ ସେ ଅଧିକ କିଛି କହିବାକୁ ମନା କରିଦେଇଥିଲେ।

ଇତିମଧ୍ୟରେ ଏହି ବିବାଦକୁ ନେଇ ମୁହଁ ।।ଖୋଲିଛନ୍ତି ଲାଲୁଙ୍କ ବଡ଼ ପୁଅ ତେଜପ୍ରତାପ। ସେ କହିଛନ୍ତି ଯେ ତାଙ୍କ ପ୍ରତି ହୋଇଥିବା ଅନ୍ୟାୟକୁ ସେ ସହିଛନ୍ତି। କିନ୍ତୁ ତାଙ୍କ ଭଉଣୀ ରୋହିଣୀଙ୍କ ପ୍ରତି ହୋଇଥିବା ଅପମାନକୁ ସେ ଆଦୌ ସହିବେ ନାହିଁ। ବାହାର ଲୋକଙ୍କ ପାଇଁ ତାଙ୍କ ଘରେ ଝଗଡ଼ା ହେଉଛି ଏବଂ ଏହା ଗ୍ରହଣୀୟ ନୁହେଁ। ବାପା (ଲାଲୁ)ଙ୍କ ଇସାରା ମିଳିବା ମାତ୍ରେ ରାଜ୍ୟବାସୀ ଏହି ବାହାର ଲୋକଙ୍କୁ ସାବାଡ଼ କରିଦେବେ। ସୂଚନାଯୋଗ୍ୟ ଯେ ନିର୍ବାଚନ ପୂର୍ବରୁ ଲାଲୁ ତାଙ୍କ ପରିବାର ଓ ଦଳରୁ ତେଜ ପ୍ରତାପଙ୍କୁ ବହିଷ୍କାର କରିଥିଲେ। ଅନ୍ୟ ଜଣେ ମହିଳାଙ୍କ ସହ ସଂପର୍କ ପାଇଁ ତେଜ ପ୍ରତାପଙ୍କୁ ବିଦା କରାଯାଇଥିଲା। ଏହାପରେ ତେଜ ପ୍ରତାପ ନୂଆ ଦଳ ଗଠନ କରି ଆରଜେଡି ବିରୋଧରେ ପ୍ରାର୍ଥୀ ଦେଇଥିଲେ। କିନ୍ତୁ ସମସ୍ତେ ହାରିଯାଇଥିଲେ।

# ବିବାହର କିଛି ଘଣ୍ଟା ପୂର୍ବରୁ କନ୍ୟାକୁ ହତ୍ୟା କଲା ବର

ଭାବନଗର,୧୬ ।୧୧(ଏଜେନ୍ସି): ଗୁଜରାଟର ଭାବନଗରରେ ବିଚଳିତ କଲା ଭଳି ଏକ ଘଟଣା ସାମ୍ନାକୁ ଆସିଛି। ବିବାହର କିଛି ଘଣ୍ଟା ପୂର୍ବରୁ ଜଣେ ବର ତାଙ୍କର କନ୍ୟା ତଥା ଭାବି ପତ୍ନୀଙ୍କୁ ହତ୍ୟା କରିଛନ୍ତି। ହଳଦୀ ସମାରୋହର ଗୋଟିଏ ଦିନ ପରେ ସୋନୀ ରାଠୋରଙ୍କୁ ହତ୍ୟା କରାଯାଇଥିଲା। ବର ସାଜନ ବରେୟାଙ୍କୁ ପୁଲିସ ମୁଖ୍ୟ ଅଭିଯୁକ୍ତ ବୋଲି କହିଛି। ସୋନୀ ଓ ସାଜନ ଗତ ଦେଢ଼ବର୍ଷ ହେବ ସାଥି ହୋଇ ଏକାଠି ରହୁଥିଲେ। ଦୁହିଙ୍କର ନିର୍ବନ୍ଧ ହୋଇସାରିଥିଲା।



ବିବାହର ସବୁ ପରମ୍ପରା ପାଳନ ହୋଇ ସାରିଥିଲା। ଶନିବାର ରାତିରେ ସେମାନେ ବାହା ହୋଇଥାନ୍ତେ। ତେବେ ଏହାପୂର୍ବରୁ ସବୁ କିଛି ଶେଷ ହୋଇଛି। ସାଢ଼ି ଓ ଟଙ୍କା ପଇସାକୁ ନେଇ ଦୁହିଁଙ୍କ ମଧ୍ୟରେ ଯୁକ୍ତିତର୍କ ହୋଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ସାଜନ ଏକ ଲୁହା ପାଇପ୍‌ରେ ସୋନୀଙ୍କୁ ବାଡେଇଥିଲେ ଓ ସୋନୀଙ୍କ ମୁଣ୍ଡକୁ କାନ୍ଥରେ ପିଟିଥିଲେ। ଫଳରେ ସୋନୀ ଘଟଣାସ୍ଥଳରେ ମୃତ୍ୟୁବରଣ କରିଥିଲେ ବୋଲି ପୁଲିସ କହିଛି। ଫେରାର ହେବା ପୂର୍ବରୁ ସାଜନ ଘରେ ଭଙ୍ଗାରୁଜା ମଧ୍ୟ କରିଥିଲା। ସୂଚନା ପାଇବା ମାତ୍ରେ ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ସୋନୀଙ୍କ ମୃତଦେହକୁ ବ୍ୟବଚ୍ଛେଦ ପାଇଁ ପଠାଯାଇଛି। ସାଜନ ଶନିବାର ପଡୋଶୀଙ୍କ ସହ ମଧ୍ୟ ଝଗଡ଼ା କରିଥିଲା ବୋଲି ପୁଲିସ କହିଛି। ସାଜନକୁ ଧରିବା ପାଇଁ ପୁଲିସ ଏକାଧିକ ଟିମ୍ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରଖିଛି।

### ପାକିସ୍ତାନରେ ସମ୍ବିଧାନ ସଂଶୋଧନକୁ ବିରୋଧ

# ସୁପ୍ରିମକୋର୍ଟ ପରେ ଲାହୋର ହାଇକୋର୍ଟ ଜଜ୍‌ଙ୍କ ଇସ୍ତଫା

ଇସ୍‌ଲାମାବାଦ,୧୬ ।୧୧(ଏଜେନ୍ସି): ପାକିସ୍ତାନରେ ସମ୍ବିଧାନ ସଂଶୋଧନକୁ ବିରୋଧ କରି ଲାହୋର ହାଇକୋର୍ଟର ଜଣେ ବରିଷ୍ଠ ବିଚାରପତି ଇସ୍ତଫା ଦେଇଛନ୍ତି। ଫଳରେ ନ୍ୟାୟ ପାଳିକା ଉପରେ ସଙ୍କଟ ଆହୁରି ବୃଦ୍ଧି ପାଇଛି। ଲାହୋର ହାଇକୋର୍ଟର ଜଜ୍ ଜଷ୍ଟିସ ଶମ୍ସ ମେହମୁଦ ମିର୍ଜା ଇସ୍ତଫା ଦେଇଛନ୍ତି। ସେ ପ୍ରଥମ ଜଜ୍ ଭାବେ ହାଇକୋର୍ଟରୁ ଇସ୍ତଫା ଦେଇଛନ୍ତି। ମିର୍ଜା ୨୦୨୮ ମାର୍ଚ୍ଚ ୬ରେ ଅବସର ନେଇଥାନ୍ତେ। ସେ ଇମ୍ରାନ ଖାନ୍‌ଙ୍କ ପାର୍ଟି ପିଟିଆଇର ବରିଷ୍ଠ ନେତା ସଲମାନ ଆକ୍ରାମ ରାଜାଙ୍କ ଶାଳକ। ଏହା ପୂର୍ବରୁ ନଭେମ୍ବର ୧୩ରେ ସୁପ୍ରିମକୋର୍ଟର ଦୁଇଜଣ ବରିଷ୍ଠ ବିଚାରପତି ସୟଦ ମନସୁର ଅଲି ଶାହ ଓ ଜଷ୍ଟିସ ଅତର ମିନଲ୍ଲାହ ମଧ୍ୟ ସମାନ କାରଣ ଯୋଗୁ ଇସ୍ତଫା ଦେଇଥିଲେ। ୨୭ତମ ସମ୍ବିଧାନ ସଂଶୋଧନକୁ ସମ୍ବିଧାନ ଓ ନ୍ୟାୟପାଳିକା ଉପରେ ଆକ୍ରମଣ ସଦୃଶ ବୋଲି ସେମାନ କହିଥିଲେ। ଏହି ସଂଶୋଧନ ସୁପ୍ରିମକୋର୍ଟକୁ ଶେଷ କରୁଛି ଓ ସରକାର ସ୍ୱାଧୀନତାକୁ ବିପଦରେ ପକାଇଛି ବୋଲି ଜଷ୍ଟିସ ମନସୁର ଅଲି କହିଛନ୍ତି। ନ୍ୟାୟପାଳିକାକୁ ସରକାର ନିଜ ନିୟନ୍ତ୍ରଣକୁ ନେଉଛନ୍ତି ଓ ଏହା ଗଣତନ୍ତ୍ର ପ୍ରତି ବିପଦ ସୃଷ୍ଟି କରିଛି। ଫେଡେରାଲ କନ୍‌ଷ୍ଟିଟୁସନାଲ କୋର୍ଟ (ଏଫ୍‌ସିସି) ସୁପ୍ରିମକୋର୍ଟଙ୍କୁ ଦେଶର ଦେଶର ସବୁଠୁ ଉଚ୍ଚତମ ନ୍ୟାୟଳୟ ପଦରୁ ହଟାଇ ଦେଇଛି ବୋଲି ଇସ୍ତଫା ଦେଇଥିବା ଜଜ୍‌ମାନେ କହିଛନ୍ତି।

# ବିହାର ନିର୍ବାଚନରେ ବଣ୍ଟା ହୋଇଛି ବିଶ୍ୱ ବ୍ୟାଙ୍କ ଋଣ: ପ୍ରଶାନ୍ତ କିଶୋର

ପାଟନା, ୧୬।୧୧ (ଏଜେନ୍ସି): ନିର୍ବାଚନ ରଣନୀତିକାର ପ୍ରଶାନ୍ତ କିଶୋରଙ୍କ ଜନସୁରାଜ ପାର୍ଟି ପକ୍ଷରୁ ବଡ଼ ଅଭିଯୋଗ କରାଯାଇଛି। ବିଶ୍ୱ ବ୍ୟାଙ୍କ ଦେଇଥିବା ୧୪ ହଜାର କୋଟି ଟଙ୍କାର ଋଣକୁ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ନେତୃତ୍ୱାଧୀନ ସରକାର ବିଧାନସଭା ନିର୍ବାଚନରେ ଖର୍ଚ୍ଚ କରିଥିବା କୁହାଯାଇଛି। ନିର୍ବାଚନରେ ଗୋଟିଏ ହେଲେ ବି ଆସନ ଜିତିପାରି ନ ଥିବା ଜନସୁରାଜ ପକ୍ଷରୁ ସାମ୍ବାଦିକ ସମ୍ମିଳନୀ କରି କୁହାଯାଇଛି ଯେ ଋଣ ଅର୍ଥକୁ ମାଗଣା ବାଣ୍ଟିବା ପାଇଁ ବ୍ୟବହାର କରାଯାଇଥିଲା। ଗତ ଜୁନ୍ ମାସରୁ ନିର୍ବାଚନ ଘୋଷଣା ହେବା ପର୍ଯ୍ୟନ୍ତ ୪୦ ହଜାର କୋଟି ଟଙ୍କା ବଣ୍ଟା ଯାଇଛି। ଏହି ଟଙ୍କା ବ୍ୟବହାର କରି ନୀତୀଶ କୁମାରଙ୍କ ସରକାର ଭୋଟ କିଣିଛନ୍ତି। ଲୋକଙ୍କ ଟଙ୍କାରେ ଭୋଟ କିଣାଯାଇଛି। ଏହି ପରିମାଣ କଳ୍ପନାଠାରୁ ବାହାରେ ଥିଲା। ବିଶ୍ୱ ବ୍ୟାଙ୍କ ଦେଇଥିବା ୧୪ ହଜାର କୋଟି ଟଙ୍କାର ଋଣକୁ ବି ଛଡ଼ା ଯାଇ ନ ଥିଲା। ଠିକ୍ ନିର୍ବାଚନ ପୂର୍ବରୁ ଏହି ଅର୍ଥରେ ମହିଳାଙ୍କ ବ୍ୟାଙ୍କ ଖାତାକୁ ୧୦ ହଜାର ଟଙ୍କା ଲେଖାଏଁ ଦିଆ ଯାଇଥିଲା।

- **୧୪୦୦୦ କୋଟି ଟଙ୍କା ମିଳିଥିଲା: ଏହି ଟଙ୍କା ମହିଳାଙ୍କୁ ଦିଆଯାଇଥିଲା**
- **ମତଦାନର ପୂର୍ବ ଦିନ ପର୍ଯ୍ୟନ୍ତ ମହିଳାଙ୍କ ଖାତାକୁ ଯାଉଥିଲା ଟଙ୍କା**



ଜନସୁରାଜର ଜାତୀୟ ଅଧ୍ୟକ୍ଷ ଉଦୟ ସିଂହ କହିଥିଲେ ଯେ ପ୍ରଥମ ଥର ପାଇଁ ବିହାରରେ ମତଦାନ ହେବାର ଦିନେ ପୂର୍ବରୁ ବି ମହିଳାଙ୍କ ଖାତାକୁ ଟଙ୍କା ଯାଇଥିଲା। ନିର୍ବାଚନ ଆଚରଣ ବିଧି ଲାଗିଥିବା ସତ୍ତ୍ୱେ ଏପରି କରାଯାଇଥିଲା। ଅତି କଷ୍ଟରେ ଜୀବନଯାପନ କରୁଥିବା ମହିଳାଙ୍କ ଭୋଟ ହାତେଇବା ପାଇଁ ଏହି ଟଙ୍କା ଯଥେଷ୍ଟ ଥିଲା। ଯଦି ଲୋକଙ୍କ ଟଙ୍କାକୁ ଭୋଟ କିଣିବା ପାଇଁ ବ୍ୟବହାର କରାଯାଇ ନ ଥାଆନ୍ତା ତେବେ ବିଜେପି ନେତୃତ୍ୱାଧୀନ ଏନ୍‌ଡିଏ ପୁଣି କ୍ଷମତାକୁ ଆସି ନ ଥାଆନ୍ତା। ଜନସୁରାଜ ବୃଦ୍ଧବୃଦ୍ଧାଙ୍କୁ ମାସକୁ ୨ ହଜାର ଟଙ୍କା ଭତ୍ତା ଦେବାକୁ ଘୋଷଣା କରିଥିଲା। କିନ୍ତୁ ପରେ ବିଜେପି ଏହାକୁ ୭୦୦ରୁ ବଢ଼ାଇ ୧୧୦୦ କରିଦେଲା।

ଜନସୁରାଜ ନେତା ପବନ ବର୍ମା କହିଛନ୍ତି ଯେ ଏବେ ବିହାର ଉପରେ ୪, ୦୬, ୦୦୦ କୋଟି ଟଙ୍କାର ଋଣ ରହିଛି। ଏଥିପାଇଁ ଦିନକୁ ୬୩ କୋଟି ଟଙ୍କାର ସୁଧ ଦିଆଯାଉଛି। ଟ୍ରେଜେରି ଖାଲି ଥିବାବେଳେ ମହିଳାଙ୍କୁ ୧୦ ହଜାର ଲେଖାଏଁ ଦିଆଯାଉଛି। ବିଶ୍ୱ ବ୍ୟାଙ୍କ ଦେଇଥିବା ୨୧ ହଜାର କୋଟିର ଋଣରୁ ୧୪ ହଜାର କୋଟି ନେଇ ୧.୨୫ କୋଟି ମହିଳାଙ୍କୁ ଟଙ୍କା ଦିଆଯାଇଛି। ଏହା ଅନୁଚିତ ବୋଲି ସେ କହିଛନ୍ତି। ଏହା ସହିତ ନିର୍ବାଚନ କମିଶନଙ୍କ ନିରବତାକୁ ନେଇ ସେ ପ୍ରଶ୍ନ ଉଠାଇଛନ୍ତି।

# ମେକ୍ସିକୋରେ ମାତିଲେ ଜେନ୍ ଜେଡ୍

ମେକ୍ସିକୋ, ୧୬।୧୧ (ଏଜେନ୍ସି): ଶ୍ରୀଲଙ୍କା, ବାଂଲାଦେଶ, ନେପାଳ ପରେ ଏବେ ଆଉ ଏକ ଦେଶରେ ଜେନ୍-ଜେଡ୍ ଆନ୍ଦୋଳନ ଆରମ୍ଭ ହୋଇଛି। ମେକ୍ସିକୋରେ ଶନିବାର ହଜାର ହଜାର ଯୁବଗୋଷ୍ଠୀ ସରକାରଙ୍କ ବିରୋଧରେ ରାସ୍ତାକୁ ଓହ୍ଲାଇଛନ୍ତି। ବର୍ଦ୍ଧିତ ଅପରାଧ, ଦୁର୍ନୀତି, ହିଂସା, ସାର୍ବଜନୀନ ହତ୍ୟା ଏବଂ ସୁରକ୍ଷା ବ୍ୟବସ୍ଥା ଭୁଶୁଡ଼ିଯିବାକୁ ନେଇ ଜେନ-ଜେଡ୍ ଉଗ୍ର ବିକ୍ଷୋଭ କରିଛନ୍ତି। ସାର୍ବଜନୀନ ସ୍ଥାନରେ ମେୟରଙ୍କୁ ହତ୍ୟା ପରେ ଏହା ଉଗ୍ର ହୋଇ ଉଠିଥିଲା। ପଶ୍ଚିମ ରାଜ୍ୟର ମିଚୋଆକେନରେ ନଭେମ୍ବର ୧ରେ ଅରୁଅପନର ମେୟର କାର୍ଲୋସ ମଞ୍ଜୋଙ୍କୁ ଏକ କାର୍ଯ୍ୟକ୍ରମରେ ଗୁଳି କରି ହତ୍ୟା କରାଯାଇଥିଲା। ଏଥିରେ ଉତ୍‌କ୍ଷିପ୍ତ ହୋଇ ଜେନ୍-ଜେଡ୍ ଗୋଷ୍ଠୀ ରାଷ୍ଟ୍ରପତିଙ୍କ ସରକାରୀ ବାସଭବନର କାନ୍ଥ ଭାଙ୍ଗି ଦେଇଛି। ବିକ୍ଷୋଭକାରୀ ପୁଲିସ ଉପରକୁ ପଥର, ହାତୁଡି, ବାଣ, ଠେଙ୍ଗାବାଡ଼ି ଏବଂ ଶିକୁଳିରେ ଆକ୍ରମଣ କରିଛନ୍ତି। ଏହାକୁ ରୋକିବା ପାଇଁ ପୁଲିସ ଲୁହବୁହା ଗ୍ୟାସ୍ ମାଡ଼ କରିଛି। ଏଥିରେ ୧୦୦ ପୁଲିସ ଅଧିକାରୀଙ୍କ ସମେତ ୧୨୦ ଜଣ ଆହତ ହୋଇଛନ୍ତି। ଏହି ମାମଲାରେ ୨୦ ଜଣଙ୍କୁ ଗିରଫ କରାଯାଇଛି।

- **ମେୟରଙ୍କ ମୃତ୍ୟୁକୁ ନେଇ କ୍ଷୁବ୍ଧ ଯୁବଗୋଷ୍ଠୀ**
- **ରାଷ୍ଟ୍ରପତି ଭବନର କାନ୍ଥ ଭାଙ୍ଗିଦେଲେ**
- **ପୁଲିସ ଉପରେ ହାତୁଡି, ଠେଙ୍ଗାରେ ଆକ୍ରମଣ**

ଚଳିତ ବର୍ଷ ଅନେକ ଦେଶରେ ଯୁବ ଗୋଷ୍ଠୀ ଆନ୍ଦୋଳନ କଲେଣି। ଅସମାନତା, ଗଣତାନ୍ତ୍ରିକ ମୂଲ୍ୟବୋଧ ହ୍ରାସ, ଦୁର୍ନୀତି ବିରୋଧରେ ଯୁବଗୋଷ୍ଠୀ ରାସ୍ତାକୁ ଓହ୍ଲାଇଛନ୍ତି। ଗତ ସେପ୍ଟେମ୍ବରରେ ଜେନ୍-ଜେଡ୍ ଗୋଷ୍ଠୀ ନେପାଳ ସରକାରକୁ ଭୁଶୁଡ଼ାଇ ଦେଇଥିଲେ। ଏବେ ଦୁର୍ନୀତି ଏବଂ ଅପରାଧକୁ ନେଇ ଚିନ୍ତିତ ମେକ୍ସିକୋ ଯୁବୋ ଗୋଷ୍ଠୀ ରାସ୍ତାକୁ ବାହାରିଛନ୍ତି। ୨୯ ବର୍ଷୀୟ ବ୍ୟବସାୟିକ କନସୋଲଟାଣ୍ଟ ଆଣ୍ଡ୍ରେସ ମାସା କହିଛନ୍ତି ଯେ ଆମକୁ ଅଧିକ ସୁରକ୍ଷା ଦରକାର। କେବଳ ଯୁବ ଗୋଷ୍ଠୀ ନୁହେଁ, ବୟସ୍କ ଏବଂ ୪୦ରୁ ୫୦ ବର୍ଷୀୟ ବ୍ୟକ୍ତି ମଧ୍ୟ ଆନ୍ଦୋଳନରେ ସାମିଲ ଅଛନ୍ତି। ଅନ୍ୟ ଜଣେ ଆନ୍ଦୋଳନକାରୀ ୪୩ ବର୍ଷୀୟ ଡାକ୍ତର ଏରିଜବେଥ ଗାର୍ସିଆ କହିଛନ୍ତି ଯେ ସାର୍ବଜନୀନ ସ୍ୱାସ୍ଥ୍ୟ ସେବା ପାଇଁ ଆମେ ଅଧିକ ପାଣ୍ଠି ଚାହୁଁଛୁ। କିନ୍ତୁ ସୁରକ୍ଷା ସବୁଠୁ ବଡ଼ ସମସ୍ୟା ହୋଇ ରହିଛି। ଏବେ ଡାକ୍ତର ବି ଅସୁରକ୍ଷିତ। ଏଠାରେ ଅନେକ ଲୋକଙ୍କ ଜୀବନ ଯାଉଛି।

କିଛିଦିନ ହେଲା ମେକ୍ସିକୋରେ ଘଟିଥିବା ହାଇପ୍ରୋଫାଇଲ ହତ୍ୟାକାଣ୍ଡକୁ ନେଇ ରାଷ୍ଟ୍ରପତି କ୍ଲାଉଡିଆ ସିନବାମ ଜନତାଙ୍କ ଆକ୍ରୋଶର ଶିକାର ହୋଇଥିଲେ। ଏହି ବିକ୍ଷୋଭର କିଛି ଦିନ ପୂର୍ବରୁ ଦକ୍ଷିଣପନ୍ଥୀ ବିରୋଧୀ ଦଳ ବିରୋଧରେ ରାଷ୍ଟ୍ରପତି ଗମ୍ଭୀର ଅଭିଯୋଗ ଲଗାଇ ଥିଲେ। ଏହି ଦଳ ଜେନ-ଜେଡ୍‌କୁ ସମର୍ଥନ ଦେଉଛି। ସାମାଜିକ ଗଣମାଧ୍ୟମକୁ ବ୍ୟବହାର କରି ବିକ୍ଷୋଭକୁ ବଡ଼ ଆକାର ଦେବାକୁ ପ୍ରୟାସ କରୁଛନ୍ତି। ଏହି ବିକ୍ଷୋଭରେ ଜାପାନୀ କମିକ୍ସ 'ୱାନ ପିସ'ର ଚରିତ୍ର ଲୁଫି ଯୁବ ଗୋଷ୍ଠୀଙ୍କ ସଙ୍କେତ ପାଲଟିଛି। ଜେନ-ଜେଡ୍ ଗୋଷ୍ଠୀ ହାତରେ ଖପୁରୀ ଚିତ୍ର ଥିବା ଟୋପି ପିନ୍ଧୁଛନ୍ତି। ଏହା ଲୁଫିର ପରିଚୟ ପାଲଟିଛି।

## ଜମ୍ମୁ-କାଶ୍ମୀରରେ କାର୍- ଡମ୍ଫର ଧକ୍କା ୪ ମୃତ; ୫ ଆହତ

ବଡ଼ଗାଁଓ,୧୬ ।୧୧(ଏଜେନ୍ସି): ଜମ୍ମୁ-କାଶ୍ମୀରର ବଡ଼ଗାଁଓ ଜିଲ୍ଲାରେ ଶନିବାର ବିଳମ୍ବିତ ରାତିରେ ଏକ ଏସ୍‌ୟୁଭି କାର୍ ଓ ଡମ୍ଫର ଟ୍ରକ୍ ମଧ୍ୟରେ ଧକ୍କା ହୋଇଥିଲା। ଏଥିରେ ୪ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ଅନ୍ୟ ୫ ଜଣ ଆହତ ହୋଇଛନ୍ତି। ଦୁର୍ଘଟଣା ପରେ ୯ ଜଣଙ୍କୁ ହସ୍ପିଟାଲ ନିଆଯାଇଥିଲା। ଏମାନଙ୍କ ମଧ୍ୟରୁ ୪ ଜଣଙ୍କୁ ମୃତ ଘୋଷିତ କରାଯାଇଥିଲା ବୋଲି ପୁଲିସ କହିଛି। ଦୁର୍ଘଟଣା ବଡ଼ଗାଁଓର ରିଙ୍ଗରୋଡ୍‌ରେ ଘଟିଥିଲା। ସୂଚନା ମିଳିବା ମାତ୍ରେ ପୁଲିସ ଘଟଣାସ୍ଥଳରେ ପହଞ୍ଚିଥିଲା। ଏବେ ମଧ୍ୟ ଉଦ୍ଧାର କାର୍ଯ୍ୟ ଜାରି ରହିଛି। ପୁଲିସ ଏହି ଘଟଣାରେ ମାମଲା ରୁଜୁ କରିଛି। ଦୁର୍ଘଟଣା ପାଇଁ ଜମ୍ମୁ-କଶ୍ମୀର ମୁଖମନ୍ତ୍ରୀ ଉମର ଅବଦୁଲ୍ଲା ଦୁଃଖ ପ୍ରକାଶ କରିଛନ୍ତି। ପୀଡିତଙ୍କ ସବୁ ପ୍ରକାର ସହାୟତା ପ୍ରଦାନ କରିବାକୁ ସେ ପ୍ରଶାସନକୁ ନିର୍ଦ୍ଦେଶ ଦେଇଛନ୍ତି। ଦୁର୍ଘଟଣାର କାରଣ ଜାଣିବା ପାଇଁ ସେ ଠିକ୍ ଭାବେ ଯାଞ୍ଚ୍ କରିବାକୁ ମଧ୍ୟ ନିର୍ଦ୍ଦେଶ ଦେଇଛନ୍ତି।

# ଫାରୁକ୍ ଅବଦୁଲ୍ଲା-ଶଶୀ ଥରୁର ମୁହାଁମୁହିଁ

ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି): କଂଗ୍ରେସ ସାଂସଦ ଶଶୀ ଥରୁର ବଡ଼ ଟିପ୍ପଣୀ ଦେଇଛନ୍ତି। ସେ ରବିବାର କହିଛନ୍ତି ଯେ ଆତଙ୍କବାଦ ୧୯୮୦-୯୦ରେ କଶ୍ମୀରରେ ଆରମ୍ଭ ହୋଇଥିଲା। ଏହା ଧିରେ ଧିରେ ମୁମ୍ବଇ, ପୁନେ, ଦିଲ୍ଲୀ ପର୍ଯ୍ୟନ୍ତ ବ୍ୟାପିଗଲା। ଗତ ୩୦ ବର୍ଷ ହେଲା ଭାରତ ଆତଙ୍କବାଦ ସମସ୍ୟାର ମୁକାବିଲା କରୁଛି। ଏବେ ଏହା ଉପରେ କଠୋର ଏବଂ ପ୍ରଭାବୀ କାର୍ଯ୍ୟାନୁଷ୍ଠାନ ନେବାର ଆବଶ୍ୟକତା ରହିଛି। ପ୍ରତ୍ୟେକ ଆତଙ୍କବାଦୀ ଘଟଣାରେ ଦୁଇଟ ଦିଗକୁ ଧ୍ୟାନ ଦେବା ଜରୁରୀ। କିଏ ଏହି ଆକ୍ରମଣ କରିଛି ଏବଂ ଯେପରି ପୁଣି ଆକ୍ରମଣ ହେବ ନାହିଁ ତାହାର ବ୍ୟବସ୍ଥା କରିବା ଆବଶ୍ୟକ। ସବୁ ପ୍ରସଙ୍ଗକୁ ଯୁଦ୍ଧ ଏବଂ ଶାନ୍ତିର ଚଷମାରେ ଦେଖିବା ଅନୁଚିତ। ଆତଙ୍କବାଦ ବିରୋଧରେ ଦୃଢ଼ତାର ସହ କାର୍ଯ୍ୟାନୁଷ୍ଠାନ ନେବା ଆବଶ୍ୟକ। କିନ୍ତୁ ଦେଶର ବିକାଶ ଲକ୍ଷ୍ୟକୁ ମଧ୍ୟ ଅଣଦେଖା କରିବା ଅନୁଚିତ। ଦିଲ୍ଲୀ ବିସ୍ଫୋରଣକୁ ନେଇ ଜମ୍ମୁ-କଶ୍ମୀରର ପୂର୍ବତନ ମୁଖ୍ୟ ଫାରୁକ ଅବଦୁଲ୍ଲା ଦେଇଥିବା ମନ୍ତବ୍ୟ ପରେ ଥରୁର ଏହି ଟିପ୍ପଣୀ ଦେଇଛନ୍ତି। ଫାରୁକ କହିଥିଲେ ଯେ ପ୍ରତ୍ୟେକ କାଶ୍ମୀରୀ ଉପରେ ଅଙ୍ଗୁଳି ଉଠାଯାଉଛି। କେବେ ଆମକୁ ହିନ୍ଦୁସ୍ତାନୀ ବୋଲି ମାନିବେ? ଏହି ସମୟ କେବେ ଆସିବ? ଆମ ଏଥିପାଇଁ ଦାୟୀ ନୁହେଁ। ଯିଏ ଦାୟୀଙ୍କୁ ତାଙ୍କୁ ପ୍ରଶ୍ନ କରାଯାଉ। ଡାକ୍ତରମାନଙ୍କୁ ଏହି ରାସ୍ତା କାହିଁକି ଆପଣାଇବାକୁ ପଡ଼ିଲା ପଚରାଯାଉ। ଏହାର ଗଭୀର ଯାଞ୍ଚ ଏବଂ ଅଧ୍ୟୟନ ଜରୁରୀ। ଫାରୁକ ପୁଣି ପାକିସ୍ତାନ ସହ ସମ୍ପର୍କ ସୁଧାରିବାକୁ ପରାମର୍ଶ ଦେଇଛନ୍ତି। ପଡ଼ୋଶୀ ସହ ଭଲ ସମ୍ପର୍କ ରହିଲେ ଭଲରେ ରହିବେ, ନଚେତ ବିକାଶ ଅଟକି ଯିବ। ସେହିପରି 'ଅପରେସନ ସିନ୍ଦୂର'ର କୌଣସି ପ୍ରଭାବ ପଡ଼ି ନାହିଁ ବୋଲି ସେ କହିଛନ୍ତି।

# ମଧ୍ୟପ୍ରଦେଶ, ରାଜସ୍ଥାନରେ ଭୟଙ୍କର ଦୁର୍ଘଟଣା, ଗଲା ୧୧ ଜୀବନ

- **ଗ୍ୱାଲିୟରରେ ଟ୍ରଲିରେ ପଶିଲା ଫର୍ଚ୍ୟୁନର; ୫ ମୃତ**
- **ରାଜସ୍ଥାନରେ ଟେମ୍ପୋକୁ ଧକ୍କାଦେଲା ଟ୍ରକ; ୬ ମୃତ**

ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି): ମଧ୍ୟପ୍ରଦେଶ ଏବଂ ରାଜସ୍ଥାନରେ ରବିବାର ସକାଳେ ଦୁଇ ଦୁଇଟି ମର୍ମନ୍ତୁଦ ସଡ଼କ ଦୁର୍ଘଟଣା ଘଟିଛି। ଏଥିରେ ୧୧ ଜଣ ପ୍ରାଣ ହରାଇଥିବାବେଳେ ୧୨ ଜଣ ଆହତ ହୋଇଛନ୍ତି। ସୂଚନା ଅନୁଯାୟୀ, ମଧ୍ୟପ୍ରଦେଶ ଗ୍ୱାଲିୟର-ଝାନ୍‌ସୀ ରାସ୍ତାରେ ଆଜି ବଡ଼ି ଭୋରରେ ଦ୍ରୁତଗତିରେ ଆସୁଥିବା ଏକ ଫର୍ଚ୍ୟୁନର କାର୍ ବାଲି ନେଇ ଆସୁଥିବା ଟ୍ରାକ୍ଟର-ଟ୍ରଲିକୁ ପଛ ପଟୁ ଧକ୍କା ଦେଇଥିଲା। ଏହା ଏତେ ଭୟାବହ ଥିଲା ଯେ ଘଟଣାସ୍ଥଳରେ ଫର୍ଚ୍ୟୁନରରେ ଯାତ୍ରା କରୁଥିବା ୫ ଜଣଙ୍କ ମୃତ୍ୟୁ ହୋଇଥିଲା। ଏହା ଟ୍ରଲିର ତଳେ ପଶି ଯାଇଥିଲା। ତେଣୁ କୌଣସି ଯାତ୍ରୀଙ୍କ ଜୀବନ ବଞ୍ଚି ପାରି ନ ଥିଲା। ଗାଡ଼ିକୁ କଟରରେ କାଟି ମୃତଦେହ ବାହାର କରାଯାଇଥିଲା। ସମସ୍ତ ମୃତକ ଗ୍ୱାଲିୟରର ବାସିନ୍ଦା। ଫର୍ଚ୍ୟୁନରଟି ଉତ୍ତର ପ୍ରଦେଶର ଝାନ୍‌ସୀର ଏକ କାର୍ଯ୍ୟକ୍ରମରେ ସାମିଲ ହୋଇ ଗ୍ୱାଲିୟର ଫେରୁଥିଲା। ରାସ୍ତାର ଏକ ବୁଲାଣିରେ ଏହା ନିୟନ୍ତ୍ରଣ ହରାଇ ଥିଲା। ଅନ୍ୟପକ୍ଷରେ ରାଜସ୍ଥାନର ଯୋଧପୁର-ଜୈସାଲମେର ଏନ୍‌ଏଚରେ ଏକ୍ ମିଲେଟ ବୋଝେଇ ଟ୍ରକ ବିପରୀତ ଦିଗରୁ ଆସି ଟେମ୍ପୋକୁ ଧକ୍କା ଦେଇଛି।

# ଆତ୍ମଘାତୀ ଖୋଜୁଥିଲେ ଆତଙ୍କବାଦୀ

ନୂଆଦିଲ୍ଲୀ, ୧୬।୧୧ (ଏଜେନ୍ସି): ଆତଙ୍କବାଦୀ ଡ. ଉମର ନବି ସହ ସମ୍ପର୍କରେ ରଖିଥିବା କିଛି ଲୋକଙ୍କୁ ଜମ୍ମୁ-କଶ୍ମୀର ପୁଲିସ ଗିରଫ କରିଛି। ସେମାନେ କହିଛନ୍ତି ଯେ ଏହି ଡାକ୍ତରମାନେ ଗତ ବର୍ଷ ଜଣେ ଆତ୍ମଘାତୀ ଖୋଜୁଥିଲେ। ଡ.ଉମରକୁ ଏହି ଦାୟିତ୍ୱ ଦିଆଯାଇଥିଲା। ସେ ୨୦୨୩ ଅକ୍ଟୋବରରେ କାଜିଗୁଣ୍ଡର ଜସିର ଓରଫ ଦାନିଶ ସହ ଯୋଗାଯୋଗ କରିଥିଲା। ପରେ ତାକୁ ଫରିଦାବାଦର ଅଲ-ଫଲାହ ବିଶ୍ୱବିଦ୍ୟାଳୟକୁ ଅଣା ଯାଇଥିଲା। ଏଠାରେ ଭଡ଼ା ଘରେ ତାକୁ ରଖା ଯାଇଥିଲା। ସେ ଓଭରଗ୍ରାଉଣ୍ଡ ୱାର୍କର ହେଉ ବୋଲି ସମସ୍ତେ ଚାହୁଁଥିଲେ।

- **୧୦ ବର୍ଷ ହେଲା ଜୈସ ସହ ସାହିନ୍‌ର ସଂପର୍କ**
- **ଋଣ ସୁଝିବା ପାଇଁ ଛାଡ଼ିଥିଲା ଚାକିରି**
- **ହୱାଲା ମାଧ୍ୟମରେ ମିଳିଥିଲା ୨୦ ଲକ୍ଷ**

ଏଥିପାଇଁ ଉମର ଅନେକ ମାସ ପର୍ଯ୍ୟନ୍ତ ତାର ମାଇଣ୍ଡ ୱାସ କରିଥିଲା। ଆତ୍ମଘାତୀ ପାଇଁ ରାଜି କରାଇବାକୁ ଚାହିଁଥିଲା। କିନ୍ତୁ ଘରର ଆର୍ଥିକ ସ୍ଥିତି ଖରାପ ଥିବାରୁ ଏବଂ ଇସ୍‌ଲାମରେ ଆତ୍ମହତ୍ୟା ହାରାମ କହି ଦାନିଶ ଆତ୍ମଘାତୀ ହେବାକୁ ମନା କରିଦେଇଥିଲା। ଲାଲକିଲ୍ଲା ବିସ୍ଫୋରଣର ଅନ୍ୟତମ ଅଭିଯୁକ୍ତ ଡ. ସାହିନ ସୈୟିଦକୁ ନେଇ ଚାଞ୍ଚଲ୍ୟକର ତଥ୍ୟ ସାମ୍‌ନାକୁ ଆସିଛି। ସେ ୧୦ ବର୍ଷ ହେଲା ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦ (ଜେଇଏମ) ସହ ଜଡ଼ିତ ଥିଲା। ଏନ୍‌ଆଇଏର ଜଣେ ବରିଷ୍ଠ ଅଧିକାରୀ କହିଛନ୍ତି ଯେ ସାହିନ ୨୦୧୫ରେ ଜୈସରେ ସାମିଲ ହୋଇଥିଲା। ୨୦୨୧ରେ ସାହିନ ଚାକିରି ଛାଡ଼ିବାରୁ ସ୍ୱାମୀ ଅଟକାଇ ଥିଲେ। ଏହାର ଉତ୍ତରରେ ସେ କହିଥିଲା ଯେ ପରିବାର ଏବଂ ଚାକିରିରେ କିଛି ନାହିଁ। ନିଜ ପାଇଁ ବହୁତ ଜିଇଁଲି। ଏବେ ନିଜ ସମ୍ପ୍ରଦାୟର ଲୋକଙ୍କ ଋଣ ସୁଝିବାର ସମୟ ଆସିଛି। ସେହିପରି ଆତଙ୍କବାଦୀ ଡାକ୍ତର ଉମର, ମୁଜାମ୍ମିଲ ଏବଂ ସାହିନକୁ ମିଳିଥିବା ୨୦ ଲକ୍ଷ ଟଙ୍କାର 'ଫଣ୍ଡି ଟ୍ରେଲ' ଉପରୁ ଗୁଇନ୍ଦା ଏଜେନ୍ସି ଗୁଡ଼ିକ ପରଦା ଉଠାଇଛନ୍ତି। ଜୈସର ଆତଙ୍କବାଦୀ ହାୱାଲା ମାଧ୍ୟମରେ ଏହି ଟଙ୍କା ପଠାଇ ଥିବା ଜଣାପଡ଼ିଛି।


### ଦିଲ୍ଲୀ ବୋମା ବିସ୍ଫୋରଣ

# ସ୍କାନରରେ ୨୦୦ ସନ୍ଦିଗ୍ଧ, ଧରାପଡ଼ିଲେଣି ୬୦

ଫରିଦାବାଦ, ୧୬।୧୧ (ଏଜେନ୍ସି): ଦିଲ୍ଲୀ ବିସ୍ଫୋରଣର ତଦନ୍ତ ପରିସର ବଢ଼ିବା ପରେ ବିଚଳିତ କରିବା ଭଳି ଘଟଣା ସାମ୍‌ନାକୁ ଆସିବାରେ ଲାଗିଛି। ଏବେ ଯାଞ୍ଚ ଏଜେନ୍ସି ଫରିଦାବାଦର ଅଲ-ଫଲାହ ୟୁନିଭର୍ସିଟର ଡ. ମୁଜାମିଲ ଏବଂ ମହିଳା ଡାକ୍ତର ସାହିନର ମୋବାଇଲ କଲ୍ ରେକର୍ଡ ଏବଂ ଡିଜିଟାଲ ଟ୍ରାନ୍ସଫର ପେମେଣ୍ଟକୁ ନେଇ ବିସ୍ମୟକର ତଥ୍ୟ ଆସିଛି। ଏହି ଆତଙ୍କବାଦୀମାନେ ନିଜ ଯୋଜନାରେ ସଫଳତା ପାଇବା ପାଇଁ ସହାୟତା ନାମରେ ଅନେକଙ୍କୁ ଟଙ୍କା ବାଣ୍ଟି ଥିଲେ। ଫରିଦାବାଦର ଧୌଜ, ଫତେହପୁର ତଗା ଗାଁ ଏବଂ ନୁହ ଜିଲ୍ଲା ଏହି ଷଡ଼ଯନ୍ତ୍ରର କେନ୍ଦ୍ର ଥିଲା। ଏହି 'ହ୍ୱାଇଟ-କଲାର ଟେରର ମଡ୍ୟୁଲୋ' ସହ ପ୍ରାୟ ୨୦୦ ଜଣ ସାମିଲ ଥିଲେ। ଏଥିରୁ ପ୍ରାୟ ୬୦ ଜଣଙ୍କୁ ଏନ୍‌ଆଇଏ ଏବଂ ପୁଲିସ ଗିରଫ କଲାଣି। ୪୦ ମୋବାଇଲ ମଧ୍ୟ ଜବତ କରାଯାଇଛି। ଏଥିରୁ ଅନେକ ଫୋନରେ ଥିବା ଏନ୍‌କ୍ରିପଟେଡ ଆପ୍ ସନ୍ଦେହଜନକ ଗୋଷ୍ଠୀରେ ସାମିଲ ରହିଛି। ଅଲଗା ଅଲଗା ଯାଞ୍ଚ ଟିମ୍ ଗଠନ କରି ମାମଲାର ତଦନ୍ତ କରାଯାଉଛି।

- **ସହାୟତା ନାମରେ ଟଙ୍କା ବାଣ୍ଟିଥିଲେ ମୁଜାମିଲ୍, ସାହିନ**
- **ବିସ୍ଫୋରଣ ସ୍ଥଳରୁ ମିଳିଲା ନିଷିଦ୍ଧ ୯ ଏମ୍‌ଏମ୍ କ୍ୟାଟ୍ରିଜ୍**

ଅଲ-ଫଲାହ ବିଶ୍ୱବିଦ୍ୟାଳୟର ୧୭, ୧୩ ଏବଂ ୩୨ ନମ୍ବର ପ୍ରକୋଷ୍ଠରେ ଗୁପ୍ତ ବୈଠକ ହେଉଥିଲା। ଏଠାରୁ ଜବତ ଡାଏରୀରେ ୨୫-୩୦ ନାମ ରହିଛି। ଗତ ୮-୧୨ ତାରିଖ ମଧ୍ୟରେ ହୋଇଥିବା ଯୋଜନାର ନୋଟ୍ ମିଳିଛି। ସୂଚନା ଅନୁଯାୟୀ ଡ. ମୁଜାମିଲ ଅନେକ ଲୋକଙ୍କୁ ଆର୍ଥିକ ସହାୟତା ଦେଇ ଫସାଇ ଥିଲା। ମୌଲବୀଙ୍କ ଜମିରେ କ୍ୟାମ୍ପ ପାଇଁ ୩୫ ହଜାର ଟଙ୍କା ଦିଆଯାଇଥିଲା। ସେହିପରି ବାପାଙ୍କ ଚିକିତ୍ସା ପାଇଁ ୫୦ ହଜାର ଟଙ୍କା ନେଇଥିବା କଶ୍ମୀର ଯୁବକ ପରେ ଆଇଇଡି ଆସେମ୍ବ୍ଲିଂରେ ସହାୟତା କରିଥିଲା। ଏହା ବ୍ୟତୀତ ଜଣେ ଏମ୍‌ବିବିଏସ ଛାତ୍ର ଭାଇ ବାହାଘର ପାଇଁ ଲକ୍ଷେ ଟଙ୍କା ନେଇ ଆତଙ୍କର ରାସ୍ତାରେ ଚାଲିଥିଲା।



ଅନ୍ୟପକ୍ଷରେ ରାଜସ୍ଥାନ ସାଞ୍ଚୌରର ମୌଲବୀ ଓସାମା ଉମର ଆତଙ୍କବାଦୀ ସଂଗଠନ ତେହରିକ-ଇ-ତାଲିବାନ (ଟିଟିପି) ପାଇଁ ସ୍ଲିପର ସେଲ୍ ପ୍ରସ୍ତୁତ କରିଥିଲା। ସେ ଯୁବ ଗୋଷ୍ଠୀଙ୍କୁ ଜିହାଦୀ ପ୍ରଶିକ୍ଷଣ ଦେବା ଆରମ୍ଭ କରିଥିଲା। ଏହି ମୌଲବୀକୁ ଗିରଫ କରାଯାଇଛି। ତା ଫୋନରୁ ୩ ଲକ୍ଷରୁ ଅଧିକ ଆପତ୍ତିଜନକ ଭୋଟ ମିଳିଛି। ସେ ଆଫଗାନିସ୍ତାନ ଯାଇ ପ୍ରଶିକ୍ଷଣ ନେବାକୁ ମଧ୍ୟ ପ୍ରସ୍ତୁତ ହେଉଥିଲା। ଏହା ମଧ୍ୟରେ ଦିଲ୍ଲୀ ବିସ୍ଫୋରଣ ସ୍ଥଳରୁ ନାଗରିକଙ୍କ ବ୍ୟବହାର ପାଇଁ ନିଷିଦ୍ଧ ୯ ଏମଏମ ବୁଲେଟ ଜବତ କରାଯାଇଛି। ସେହିପରି ବିସ୍ଫୋରଣ ପୂର୍ବରୁ ଆତଙ୍କବାଦୀ ଡ. ଉମର ନବି ନୁହର ଏକ ଭଡ଼ାଘରେ ରହିଥିଲା। ଏହାର ସିସିଟିଭି ଫୁଟେଜ ସାମ୍‌ନାକୁ ଆସିଛି। ସେ ବିସ୍ଫୋରଣର ୧୮ ଘଣ୍ଟା ପୂର୍ବରୁ କାର୍ ନେଇ ଏଟିଏମକୁ ଟଙ୍କା ଉଠାଇବାକୁ ଯାଇଥିବା ଦେଖାଯାଉଛି।



ଭାରତ ଏ'କୁ ଜିତାଇଲେ ଗାଏକୱାଡ

▶କ୍ରୀଡ଼ା ପୃଷ୍ଠାରେ...


- RNI REGD NO: 42041/83
- www.sakalaepaper.com
- /sakalanews
- /sakalanews
- www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-141 ◆MONDAY ◆17 NOVEMBER 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୧୪୧ ◆ସୋମବାର ◆୧୭ ନଭେମ୍ବର ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦


**ଲାଲ୍‌କିଲ୍ଲା କାର୍ ବିସ୍ଫୋରଣ**

## ଧରାପଡ଼ିଲା ଉମର୍ ସହଯୋଗୀ

■ **ନୂଆଦିଲ୍ଲୀ,୧୬ ।୧୧(ଏଜେନ୍ସି):** ଦିଲ୍ଲୀ ଲାଲ୍‌କିଲ୍ଲା ବିସ୍ଫୋରଣ ଘଟଣାରେ ଜାତୀୟ ତଦନ୍ତକାରୀ ସଂସ୍ଥା ବା ଏନ୍‌ଆଇଏ ଆଜି ଆଉ ଜଣେ ସନ୍ଦିଗ୍ଧଙ୍କୁ ଗିରଫ କରିଛି । ସେ ହେଉଛି ଆତ୍ମଘାତୀ ଉମର ନବୀର ସହଯୋଗୀ ଆମିର ରସିଦ ଅଲୀ । ଆମିର ଜମ୍ମୁ-କଶ୍ମୀରର ପାମ୍ପୋରର ବାସିନ୍ଦା । ବିସ୍ଫୋରଣ ପାଇଁ ଉମର ସହ ମିଶି ଆମିର ଷଡ଼ଯନ୍ତ୍ର କରିଥିଲା । ବିସ୍ଫୋରଣ ପାଇଁ ବ୍ୟବହୃତ ହୋଇଥିବା କାର୍‌ର ମାଲିକ ମଧ୍ୟ ହେଉଛି ଆମିର । ବିସ୍ଫୋରଣ ପାଇଁ ସେ ହିଁ କାର କିଣି ଉମରକୁ ଦେଇଥିଲା ବୋଲି କୁହାଯାଉଛି । ଏନ୍‌ଆଇଏ ତରଫରୁ କୁହାଯାଇଛି ଯେ ଆମିର ଫରିଦାବାଦ୍‌ରୁ ଏହି କାର୍ କଣିଥିଲା । ଏହି ଘଟଣାରେ ସଂପୃକ୍ତ ଅନ୍ୟ ସଂଦିଗ୍ଧଙ୍କୁ ଗିରଫ କରିବା ପାଇଁ ଏନ୍‌ଆଇଏ ବିଭିନ୍ନ ସ୍ଥାନରେ ଚଢ଼ାଉ ଜାରି ରଖିଛି । ସେହିପରି ପୁଲିସ ନୁହ ସହରରୁ ଆଉ ଦୁଇଜଣଙ୍କୁ ଗିରଫ କରିଛି । ସେମାନେ ହେଲେ ରିଜୱାନ ଓ ସୋଏବ । ଆତଙ୍କବାଦୀ ମାମଲାରେ ଦୁହେଁ ପାଣ୍ଠି ଯୋଗାଡ଼ କରିଥିବାର ଅଭିଯୋଗ ହୋଇଛି । ଏନ୍‌ଆଇଏ ପକ୍ଷରୁ କୁହାଯାଇଛି ଯେ ଦିଲ୍ଲୀ ବିସ୍ଫୋରଣ ଥିଲା ଆତ୍ମଘାତୀ ବିସ୍ଫୋରଣ ଏବଂ ଆତ୍ମଘାତୀ ଥିଲା ଉମର ।ଆଉ ଏକଉ ।।ଲ୍ଲେଖନୀୟଘଟଣାକ୍ରମେ ପୁଲିସ୍ ଏହି ମାମଲାରେ ଜମ୍ମୁ-କଶ୍ମୀରର ଅନନ୍ତନାଗରେ ଚଢ଼ାଉ କରି ଜଣେ ମହିଳା ଡାକ୍ତରଙ୍କୁ ଗିରଫ କରିଛି । ସେ ହେଉଛନ୍ତି ହରିୟାଣାର ପ୍ରିୟଙ୍କା ଶର୍ମା । ସେ ଅନନ୍ତନାଗର ମଲକନାଗ ଅଞ୍ଚଳରେ ଏକ ଭଡ଼ା ଘରେ ରହୁଥିଲେ । ବିସ୍ଫୋରଣରେ ସେ ଜଡିତ ଥିବା ପୁଲିସ ସନ୍ଦେହ କରୁଛି ।



**ଆଉ ଜଣେ ମହିଳା ଡାକ୍ତର ଗିରଫ**

**ସାରା ରାଜ୍ୟରେ ଶୀତ ଲହରୀ**

## ୫ ଡିଗ୍ରୀକୁ ଖସିଲା ପାରଦ

■ **ଭୁବନେଶ୍ୱର, ୧୬।୧୧ (ସମିସ):** ରାଜ୍ୟର ଅଧିକାଂଶ ସ୍ଥାନରେ ପ୍ରବଳ ଶୀତ ଜାରି ରହିଛି । କ୍ରମାଗତ ଭାବେ ରାଜ୍ୟକୁ ଆସୁଥିବା ଥଣ୍ଡା ଓ ଶୁଷ୍କ ପବନ ତାପମାତ୍ରା ହ୍ରାସରେ ସହାୟକ ହେଉଥିବା ବେଳେ ଥଣ୍ଡା ବଢ଼ି ଚାଲିଛି । ଯାହାଫଳରେ ଚଳିତ ବର୍ଷ ରାଜ୍ୟରେ ପ୍ରଥମ ଥର ପାଇଁ ତାପମାତ୍ରା ୫ ଡିଗ୍ରୀକୁ ଖସିଛି । ଗତ ୨୪ ଘଣ୍ଟାରେ ରାଜ୍ୟର ୧୩ ସହରରେ ତାପମାତ୍ରା ୧୨ ଡିଗ୍ରୀ ତଳେ ରହିଥିବା ବେଳେ ଜି ଉଦୟଗିରିରେ ତାପମାତ୍ରା ୫.୮ ଡିଗ୍ରୀ ରେକର୍ଡ ହୋଇଛି । ଏହାବ୍ୟତୀତ ଭୁବନେଶ୍ୱର ଓ କଟକରେ ତାପମାତ୍ରା ସ୍ୱାଭାବିକ ଠାରୁ ୫ ଡିଗ୍ରୀ ତଳକୁ ଖସିଯାଇଥିବା ବେଳେ ଏଠାରେ ଶୀତ ଲହରୀ (କୋଲ୍ଡ ୱେଭ୍) ସ୍ଥିତି ସୃଷ୍ଟି ହୋଇଛି । ପାଣିପାଗ କେନ୍ଦ୍ରର ସୂଚନା ଅନୁଯାୟୀ ଗତ ୨୪ ଘଣ୍ଟାରେ ରାଜ୍ୟରେ ଜି.ଉଦୟଗିରି ରେ ତାପମାତ୍ରା ୫.୮ ଡ଼ିଗ୍ରୀ ରେକର୍ଡ ହେବା ସହ ଏହା ରାଜ୍ୟର ସବୁଠୁ ଥଣ୍ଡା ସହର ପାଲଟିଛି । ସେହିପରି କଟକରେ ତାପମାତ୍ରା ୧୩.୬ ଡିଗ୍ରୀ ରହିଥିବା ବେଳେ ଏଠାରେ ସ୍ୱାଭାବିକ ଠାରୁ ତାପମାତ୍ରା ୫.୧ ଡିଗ୍ରୀ ▶ପୃଷ୍ଠା-୭



**ଦେଶର ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳର ଋଣ ୯୪ ଲକ୍ଷ କୋଟି**

# ଋଣ ଚାପରେ ଅର୍ଥନୀତି

**ମାର୍ଚ୍ଚ ଶେଷ ବେଳକୁ ରାଜ୍ୟଗୁଡ଼ିକର ଋଣ ହେବ ୯୯ ଲକ୍ଷ କୋଟି ଟଙ୍କା**

**୧୦ ବର୍ଷରେ ରାଜ୍ୟ ସମୂହର ଋଣ ପରିମାଣ ୪ ଗୁଣା ବଢ଼ିଛି**

**୨୦୦୪ରୁ ୨୦୧୪ ମଧ୍ୟରେ ଋଣ ବଢ଼ିଥିଲା ମାତ୍ର ୩ ଗୁଣା**



■ **ନୂଆଦିଲ୍ଲୀ/ଭୁବନେଶ୍ୱର, ୧୬।୧୧ (ସମିସ):** ନିର୍ବାଚନୀ ପ୍ରତିଶ୍ରୁତି ପୂରଣ ନିମନ୍ତେ ନିଜସ୍ୱ ରାଜସ୍ୱ ଓ ଅଣରାଜସ୍ୱ ବୃଦ୍ଧି ପରିବର୍ତ୍ତେ ଦେଶର ବିଭିନ୍ନ ରାଜ୍ୟ କେବଳ ଋଣ ଉପରେ ଭରସା କରୁଛନ୍ତି । ଯାହା ଫଳରେ ବିଭିନ୍ନ ରାଜ୍ୟ ଉପରେ ଋଣ ପରିମାଣ ବଢ଼ିବଢ଼ି ଚାଲିଛି ଏବଂ ଚଳିତ ବର୍ଷ ଶେଷ ବେଳକୁ ଏହି ପରିମାଣ ୯୯ ଲକ୍ଷ କୋଟି ଅତିକ୍ରମ କରିବ ବୋଲି ଆକଳନ କରାଯାଇଛି । ରିଜର୍ଭ ବ୍ୟାଙ୍କର ଏକ ରିପୋର୍ଟ ଅନୁସାରେ ଅକ୍ଟୋବର ୨୦୨୫ ସୁଦ୍ଧା ଦେଶର ବିଭିନ୍ନ ରାଜ୍ୟଗୁଡ଼ିକ ୯୩.୯୩ କୋଟିରେ ପହଞ୍ଚିଛି ଓ ବିଭିନ୍ନ ରାଜ୍ୟଗୁଡ଼ିକ ଆର୍ଥିକ ବର୍ଷରେ ଦେଶ ଦୁଇଟି ତ୍ରୟମାସିକରେ ପ୍ରାୟ ୫ ଲକ୍ଷ କୋଟିରୁ ଊର୍ଦ୍ଧ୍ୱ ଋଣ କରିବାକୁ ପ୍ରସ୍ତାବ ଦେଇଛନ୍ତି ।

ରିପୋର୍ଟ ଅନୁସାରେ ଚଳିତ ଆର୍ଥିକ ବର୍ଷର ପ୍ରଥମ ତ୍ରୟମାସିକରେ ଦେଶର ୧୭ଟି ରାଜ୍ୟ ସେମାନଙ୍କ ବାର୍ଷିକ ଋଣରେ ୫୮% ବୃଦ୍ଧି କରିଛନ୍ତି । ଯାହାର ପରିମାଣ ପ୍ରାୟ ୧.୩୬ ଲକ୍ଷ କୋଟି ବୋଲି କୁହାଯାଉଛି । ଋଣ ପରିମାଣ ବୃଦ୍ଧି ଯୋଗୁଁ ସମ୍ପୃକ୍ତ ରାଜ୍ୟଗୁଡ଼ିକର ଆର୍ଥିକ ସ୍ଥିତି ଦୁର୍ବଳ ହେବାରେ ଲାଗିଛି ଏବଂ ରାଜ୍ୟବାସୀଙ୍କ ଉପରେ ଋଣ ବୋଝ ପାଲଟି ଯାଇଛି । କେନ୍ଦ୍ର ସରକାର ବିଭିନ୍ନ ରାଜ୍ୟଗୁଡ଼ିକୁ ସୁଧମୁକ୍ତ ଋଣ ବାବଦରେ ୩.୬ ଲକ୍ଷ କୋଟି ଟଙ୍କା ଆବଣ୍ଟନ କରିବା ସତ୍ତ୍ୱେ ନିର୍ବାଚନୀ ପ୍ରତିଶ୍ରୁତି, ମାଗଣା ବଣ୍ଟନ କାର୍ଯ୍ୟକ୍ରମଗୁଡ଼ିକୁ ପ୍ରାଧାନ୍ୟ ଦିଆଯାଉଥିବାରୁ ରାଜ୍ୟଗୁଡ଼ିକୁ ଅଧିକ ଋଣ କରିବାକୁ ପଡୁଛି । ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ରାଜସ୍ୱ ସଂଗ୍ରହ (ପ୍ରତ୍ୟକ୍ଷ ଓ ପରୋକ୍ଷ)ରେ ଅଭିବୃଦ୍ଧି ଘଟୁ ନ ଥିବାର ରାଜ୍ୟଗୁଡ଼ିକ ଋଣ ଉପରେ ନିର୍ଭରଶୀଳ ହେଉଛନ୍ତି ବୋଲି କୁହାଯାଉଛି ।

୨୦୦୪ ମସିହାରେ ଦେଶର ସମସ୍ତ ରାଜ୍ୟ ଓ କେନ୍ଦ୍ରଶାସିତ ଅଞ୍ଚଳ ଉପରେ ଋଣର ପରିମାଣ ଥିଲା ମାତ୍ର ୮.୮ ଲକ୍ଷ କୋଟି ଟଙ୍କା । ୨୦୧୪ ଜୁନ୍ ମାସ ସୁଦ୍ଧା ଏହା ୨୩.୯୪ ଲକ୍ଷ କୋଟି ଟଙ୍କାରେ ପହଞ୍ଚିଥିଲା । ମାତ୍ର ୨୦୨୮ ଅକ୍ଟୋବର ମାସ ସୁଦ୍ଧା ଏହା ୯୪ ଲକ୍ଷ କୋଟିରେ ପହଞ୍ଚିଛି । ଅର୍ଥାତ୍ ୨୦୧୪ରୁ ୨୦୨୫ ମଧ୍ୟରେ ରାଜ୍ୟଗୁଡ଼ିକ ୭୦ ଲକ୍ଷ କୋଟି ଟଙ୍କା ଋଣ କରିଛନ୍ତି ।

ରାଜ୍ୟଗୁଡ଼ିକର ଜିଏସ୍‌ଡିପି ଓ ଋଣ ଅନୁପାତ ଦୃଷ୍ଟିରୁ ଅରୁଣାଚଳ ପ୍ରଦେଶ, ପଞ୍ଜାବ, ହିମାଚଳ ପ୍ରଦେଶ, ନାଗାଲାଣ୍ଡ ଓ ମେଘାଳୟ ସବୁଠାରୁ ଖରାପ ▶ପୃଷ୍ଠା-୭

# ଛିଡୁନି ବିହାର ଅଡୁଆ

## ବିଳମ୍ବିତ ହୋଇପାରେ ନୂଆ ସରକାର ଗଠନ



**ଦିଲ୍ଲୀରେ ଏନ୍‌ଡିଏ ନେତାଙ୍କ ଘନଘନ ବୈଠକ**

**୨୦ ତାରିଖ ସୁଦ୍ଧା ନୂଆ ମନ୍ତ୍ରିମଣ୍ଡଳ ଶପଥ**

**ଆଜି ମୁଖ୍ୟମନ୍ତ୍ରୀ ପଦରୁ ଇସ୍ତଫା ଦେବେ ନୀତୀଶ**

■ **ପାଟନା, ୧୬।୧୧ (ଏଜେନ୍ସି):** ବିହାରରେ ନୂଆ ସରକାର କେବେ ଶପଥ ନେବ? ଏସଂପର୍କରେ ବିଜେପି କିମ୍ବା ଜେଡିୟୁ ମୁହଁ ଖୋଲୁ ନାହାନ୍ତି । ତେବେ ଏନ୍‌ଡିଏର ଅନ୍ୟତମ ଅଂଶୀଦାର ଏଲଜେପିର ନେତା ତଥା କେନ୍ଦ୍ର ମନ୍ତ୍ରୀ ଚିରାଗ ପାଶ୍ୱାନ କହିଛନ୍ତି ଯେ ଆସନ୍ତା ୨୨ ତାରିଖ ପୂର୍ବରୁ ନୂଆ ମନ୍ତ୍ରିମଣ୍ଡଳ ଶପଥ ନେବ ଏବଂ ଯାହା ଜଣାପଡୁଛି ନୀତୀଶ କୁମାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବେ । ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କୁ ନେଇ ଆଜି ମଧ୍ୟ ସସପେନ୍ସ ରହିଥିଲେ ମଧ୍ୟ ଦୁଇ ଦଳର ନେତା କିଛି କହୁ ନାହାନ୍ତି । ଆଜି ସନ୍ଧ୍ୟାରେ ବିଜେପିର ବରିଷ୍ଠ ନେତା ଅମିତ ଶାହଙ୍କ ଅଧ୍ୟକ୍ଷତାରେ ଏକ ବୈଠକ ହୋଇ ଏହା ଉପରେ ବିଚାରବିମର୍ଶ କରାଯାଇଛି । କିନ୍ତୁ କିଛି ସୂଚନା ଦିଆଯାଇ ନାହିଁ ।

ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, ବର୍ତ୍ତମାନ ପାଇଁ ନୀତୀଶ କୁମାର ମୁଖ୍ୟମନ୍ତ୍ରୀ ପଦରେ ରହିବେ । ତେବେ ସେ କେତେ ଦିନ ରହିବେ, ସେଥିପାଇଁ ଫର୍ମୁଲା ପ୍ରସ୍ତୁତ କରାଯାଉଛି । ନିର୍ବାଚନରେ ଜେଡିୟୁ ଅପେକ୍ଷା ବିଜେପି ଅଧିକ ଆସନ ପାଇଥିବାରୁ ପରବର୍ତ୍ତୀ ସମୟରେ ଏହାର ନେତାଙ୍କୁ ମୁଖ୍ୟମନ୍ତ୍ରୀ କରାଯିବ । ଏବେ ଯେଉଁ ନୂଆ ମନ୍ତ୍ରିମଣ୍ଡଳ ଶପଥ ଗ୍ରହଣ କରିବ, ସେଥିରେ ଜେଡିୟୁ ଅପେକ୍ଷା ବିଜେପିର ଅଧିକ ବିଧାୟକଙ୍କୁ ମନ୍ତ୍ରିପଦ ମିଳିବ । ଏହା ଉପରେ ଅଧିକ ବିଚାରବିମର୍ଶ ଚାଲିଥିବାରୁ ଶପଥ ଗ୍ରହଣରେ ବିଳମ୍ବ ହୋଇପାରେ ବୋଲି କୁହାଯାଉଛି । ତେବେ ନୀତୀଶ କୁମାର ଆସନ୍ତାକାଲି ରାଜ୍ୟପାଳଙ୍କୁ ଭେଟି ଇସ୍ତଫା ପ୍ରଦାନ କରିବେ । ଏବେ ମୋଟ୍ ୩୩ରୁ ୩୬ ମନ୍ତ୍ରୀ ଶପଥ ଗ୍ରହଣ କରିବେ । ବିଜେପିରୁ ୧୬ ଏବଂ ନୀତୀଶଙ୍କ ଜେଡିୟୁରୁ ୧୪ ଜଣ ମନ୍ତ୍ରୀ ହେବେ । ଚିରାଗ ପାଶ୍ୱାନଙ୍କ ଦଳରୁ ଦୁଇ ଜଣଙ୍କୁ ମନ୍ତ୍ରିପଦ ମିଳିବାର ସମ୍ଭାବନା ରହିଛି । ନୂଆ ମନ୍ତ୍ରିମଣ୍ଡଳରେ ତିନି ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ କରାଯିବାର ସମ୍ଭାବନା ରହିଛି । ପାଶ୍ୱାନ ତାଙ୍କ ଦଳରୁ ଜଣଙ୍କୁ ଉପମୁଖ୍ୟମନ୍ତ୍ରୀ ▶ପୃଷ୍ଠା-୭

**ଡିସେମ୍ବର ୧ରୁ ପୁଲିସକୁ ଗାଡ଼ି ଚେକିଂ ପାଇଁ ଅଖଣ୍ଡ କ୍ଷମତା**

# ସରକାର-ସଂଘ ମୁହାଁମୁହିଁ

**ବସ୍ ମାଲିକ ସଂଘର ଆନ୍ଦୋଳନ ଚେତାବନୀ ସତ୍ତ୍ୱେ ପଛକୁ ହଟିଲାନି ବିଭାଗ**

**ଦୁଇଟି ବ୍ୟତୀତ ସବୁ ଉଲ୍ଲଂଘନ ପାଇଁ ଜରିମାନା କରିବ ପୁଲିସ**

■ **ଭୁବନେଶ୍ୱର,୧୬ ।୧୧(ସମିସ):** ବହୁ ବାଦ ବିବାଦ ଓ ଆନ୍ଦୋଳନ ଚେତାବନୀ ପରେ ମଧ୍ୟ ସରକାର ନିଜ ନିଷ୍ପତ୍ତିରେ ଅଟଳ । ଡିସେମ୍ବର ୧ ତାରିଖରୁ ପୁଲିସକୁ ମିଳିବ ଗାଡ଼ି ଯାଞ୍ଚର ଅଖଣ୍ଡ କ୍ଷମତା । ଏହି କ୍ଷମତା ବଳରେ ପୁଲିସ ବାହିନୀ ପୂର୍ବାପେକ୍ଷା କ୍ଷମତାଶାଳୀ ଓ ଅର୍ଥଶାଳୀ ହେବ । ତେବେ ପୁଲିସକୁ ଗାଡ଼ି ଯାଞ୍ଚ କ୍ଷମତାକୁ ବିରୋଧ କରି ଆସିଥିବା ବସ୍‌ମାଲିକ ଓ ଅନ୍ୟ ଗାଡ଼ି ମାଲିକ ସଂଘ ଖୁବ୍ ଶୀଘ୍ର ଜରୁରୀ ବୈଠକ ଡାକିବେ ବୋଲି ସୂଚନା ମିଳିଛି । ସରକାର ତାଙ୍କ ଆଭିମୁଖ୍ୟ ପରିବର୍ତ୍ତନ ନ କଲେ ଗାଡ଼ି ମାଲିକମାନେ ମଧ୍ୟ ବିକଳ୍ପ ପନ୍ଥା ବାଛିପାରନ୍ତି ବୋଲି ବିଶ୍ୱସ୍ତ ସୂତ୍ରରୁ ଜଣାପଡ଼ିଛି । ଯାହାକୁ ନେଇ ସରକାର ଓ ଗାଡ଼ି ମାଲିକ ସଂଘ ମୁହାଁମୁହିଁ ସ୍ଥିତିକୁ ଆସିଛନ୍ତି ।

ରାଜ୍ୟରେ ବର୍ତ୍ତମାନ ଏମଭି ଆଇନ ୧୯୮୮ ଅନୁଯାୟୀ ପୁଲିସକୁ କିଛି କ୍ଷମତା ପ୍ରଦାନ କରାଯାଇଛି । ଏହି କ୍ଷମତା ବଳରେ ପୁଲିସ ପକ୍ଷରୁ ହେଲ୍‌ମେଟ୍ ଓ ରଙ୍ଗସାଇଡ୍ ଗାଡ଼ି ଚାଳନା, ଟ୍ରିପଲ ରାଇଡର ଓ ସିଟ୍ ବେଲ୍ଟ ନ ବାନ୍ଧିବା ଭଳି ନିୟମ ଉଲ୍ଲଙ୍ଘନ ପାଇଁ ଜରିମାନା ଆଦାୟ କରୁଛି । ମାତ୍ର ଡିସେମ୍ବର ୧ ପୁଲିସକୁ ଏ କ୍ଷେତ୍ରରେ ଅଖଣ୍ଡ କ୍ଷମତା ଦେବା ପାଇଁ ପରିବହନ ବିଭାଗ ନିଷ୍ପତ୍ତି ନେଇଛି । ଅନୁଯାୟୀ ଏମ୍‌ଭି ଆଇନ୍‌ର ଧାରା-୩ର ଉପଧାରା-୧ ଓ କେନ୍ଦ୍ରୀୟ ଏମ୍‌ଭି ଆଇନ୍ ୧୯୪(୧)ରେ ଥିବା କ୍ଷମତାକୁ ବାଦ୍ ଦେଇ ବାକି ସବୁ କ୍ଷେତ୍ରରେ ପୁଲିସକୁ ଜରିମାନା ଆଦାୟ କ୍ଷମତା ଦିଆଯିବାକୁ ନିଷ୍ପତ୍ତି ହୋଇଛି ।

ଯଦିଓ ରାଜ୍ୟରେ ଦୁର୍ଘଟଣା ହ୍ରାସକୁ ଅଚଳନ କରି ବିଭାଗ ଏଭଳି ନିଷ୍ପତ୍ତି ନେବା ପାଇଁ ଯୋଜନା କରୁଛି, ହେଲେ ବିଭାଗର ଏଭଳି ନିଷ୍ପତ୍ତି ପଛରେ କିଛି ଷଡ଼ଯନ୍ତ୍ର ଥିବା ସଡ଼କ ସୁରକ୍ଷା ବିଶେଷଜ୍ଞମାନେ ଗନ୍ଧ ବାରିଛନ୍ତି । ବରିଷ୍ଠ ଆଇନଜୀବୀ ତଥା ସଡ଼କ ସୁରକ୍ଷା ବିଶେଷଜ୍ଞ ସୁବ୍ରତ ନନ୍ଦ କହିଛନ୍ତି ଯେ ଏହାଦ୍ୱାରା ଲୋକଙ୍କ ମୌଳିକ ଅଧିକାର କ୍ଷୁଣ୍ଣ ହେବାର ଆଶଙ୍କା ରହିଛି । ଯାହାକୁ ନେଇ ପୂର୍ବରୁ ମାସାନୀ କମିସନ ଆପତ୍ତି ଉଠାଇବା ସହ ଏଭଳି ନିୟମ କାର୍ଯ୍ୟକାରୀ ନ କରିବାକୁ ସୁପାରିସ୍ କରିଛନ୍ତି । ଅନ୍ୟପଟେ ବର୍ତ୍ତମାନ ପୁଲିସ ନିଜ କ୍ଷମତା ବଳରେ ଯେଉଁ ଜରିମାନା ଅର୍ଥ ଆଦାୟ କରୁଛି, ଏହି ଅର୍ଥକୁ ମାସ ମାସ ଧରି କୋର୍ଟକୁ ପଠାଉନାହିଁ । ମାତ୍ର ପୁଣି ଯେଉଁ ଦଫାଗୁଡ଼ିକରେ ପୁଲିସ କ୍ଷମତା ଦେବାକୁ ଯୋଜନା ହେଉଛି, ସେହି ଦଫାରେ ଜରିମାନାର ପରିମାଣ ବହୁ ଅଧିକ ରହିଥିବାରୁ ଦୁର୍ନୀତି ବଢ଼ିବାର ଆଶଙ୍କା ରହିଛି ବୋଲି ସେ କହିଛନ୍ତି ।

ପୁଲିସକୁ ଗାଡ଼ି ଯାଞ୍ଚ କ୍ଷମତା ପ୍ରଦାନ କରିବା ଲାଗି ପରିବହନ କମିସନର ପକ୍ଷରୁ ରାଜ୍ୟ ସରକାରଙ୍କୁ ପ୍ରସ୍ତାବ ଦିଆଯିବା ପରେ ନିଖିଳ ଓଡିଶା ମିନି ଟ୍ରକ ମାଲିକ ମହାସଂଘ ଓ ରାଜ୍ୟ ଘରୋଇ ବସ୍ ମାଲିକ ସଂଘ ପକ୍ଷରୁ ତୀବ୍ର ବିରୋଧ କରାଯାଇଥିଲା । ରାଜ୍ୟର ଏହି ଦୁଇ ପ୍ରମୁଖ ସଂଘ ଏ ସଂକ୍ରାନ୍ତରେ ନିଷ୍ପତ୍ତିର ପୁନର୍ବିଚାର ପାଇଁ ସରକାରଙ୍କୁ ନିବେଦନ କରିଥିବା ବେଳେ ଏହି ନିୟମ ଲାଗୁ ହେଲେ ରାଜ୍ୟରେ ଚକ ଅଖ ବନ୍ଦ କରିଦିଆଯିବ ବୋଲି ଚେତାବନୀ ଦେଇଥିଲେ । ହେଲେ ସରକାର ସଂଘମାନଙ୍କ ଚେତାବନୀକୁ ଭ୍ରୂକ୍ଷେପ ନ କରି ଏହି ନିଷ୍ପତ୍ତି ନେବାକୁ ଯୋଜନା କରୁଥିବା ଜଣାପଡ଼ିଛି ।

ଅତୀତରେ ପୁଲିସ ବିଭାଗକୁ ଗାଡି ଯାଞ୍ଚ କ୍ଷମତା ଦେବା ଲାଗି ବହୁବାର ପ୍ରୟାସ କରାଯାଇଥିଲା । ହେଲେ ପରବର୍ତ୍ତୀ ସମୟରେ ତାହା ବିଫଳ ହେଇଥିଲା । ବିଗତ ବର୍ଷରେ ଏ ସମ୍ପର୍କିତ ପ୍ରସ୍ତାବକୁ ଖୋଦ୍ ରାଜ୍ୟ ସରକାରଙ୍କ ଦ୍ୱାରା ଗଠିତ କମିଟିଗୁଡିକ ଦ୍ୱାରା ନାପସନ୍ଦ କରାଯାଇଥିଲା । ରାଜ୍ୟରେ ଚଳାଚଳ କରୁଥିବା ମୋଟରଯାନ ଯାଞ୍ଚ ପାଇଁ ପୂର୍ବ ସରକାର "ଓଡ଼ିଶା ମୋଟରଯାନ ପ୍ରବର୍ତ୍ତନ ବିଭାଗ' ନାମରେ ଏକ ପୃଥକ ଶାଖା ସୃଷ୍ଟି କରିଥିଲେ । ଯଦି ପୁଲିସକୁ ଅଧିକ କ୍ଷମତା ନ୍ୟସ୍ତ କରାଯାଏ, ତେବେ ଏହାଦ୍ୱାରା ହଇରାଣ, ଦୁର୍ନୀତି ବଢ଼ିବ ବୋଲି ଆଶଙ୍କା ପ୍ରକାଶ ପାଇଛି ।

**ପୁଲିସ ଏସ୍‌ଆଇ ନିଯୁକ୍ତି କେଳେଙ୍କାରୀ ମାମଲା**

## ଆଜି ବ୍ରହ୍ମପୁର ଆସିବ ସିବିଆଇ !

■ **ବ୍ରହ୍ମପୁର, ୧୬।୧୧ (ସମିସ):** ପୁଲିସ ଏସ୍‌ଆଇ ନିଯୁକ୍ତି କେଳେଙ୍କାରୀ ମାମଲାରେ ସିବିଆଇ ଟିମ୍‌ର ତଦନ୍ତ ଆଗେଇଛି । ସୋମବାର ସିବିଆଇର ଏକ ତଦନ୍ତକାରୀ ଦଳ ବ୍ରହ୍ମପୁର ଆସିବ ବୋଲି ସୂଚନା ମିଳିଛି । ଏଠାରେ ପହଞ୍ଚିବା ପରେ ପୂର୍ବରୁ ମାମଲାର ତଦନ୍ତ କରୁଥିବା ପୁଲିସ ଅଧିକାରୀଙ୍କ ସହ ଆଲୋଚନା କରିବେ । ଦୁର୍ନୀତିରେ ସମ୍ପୃକ୍ତ ଦଲାଲମାନଙ୍କ ରିମାଣ୍ଡ ପାଇଁ ଅଦାଲତରେ ଆବେଦନ କରିବେ ବୋଲି ଜଣାପଡ଼ିଛି । ତଦନ୍ତକାରୀ ଦଳ ଗତ ଶନିବାର ଦିନତମାମ ମାମଲା ସଂକ୍ରାନ୍ତୀୟ କାଗଜପତ୍ର ଯାଞ୍ଚ କରିଥିଲେ । ଆଗାମୀ ଦିନରେ କେଉଁମାନଙ୍କୁ ଜେରା ପାଇଁ ଡକାଯିବ, ତାହାର ଏକ ତାଲିକା ପ୍ରସ୍ତୁତ କରିଥିଲେ । ୭ଜଣ ଦଲାଲଙ୍କୁ ଜେରା କରିବାକୁ ସିବିଆଇ ପୂର୍ବରୁ ଯୋଜନା ରଖିଥିଲା । ବର୍ତ୍ତମାନ ମାମଲାର ତଦନ୍ତ ପ୍ରାରମ୍ଭରୁ କରିବାକୁ ନିଷ୍ପତ୍ତି ନେଇଛି ସିବିଆଇ । କିଛି ଗିରଫ ଚାକିରି ଆଶାୟୀମାନଙ୍କୁ ମଧ୍ୟ ପଚରାଉଚରା କରିବା ପାଇଁ ଯୋଜନା କରିଛି । ଆଶାୟୀମାନେ ସିଧାସଳଖ କାହାକୁ ଲାଞ୍ଚ ଟଙ୍କା ଦେଇଥିଲେ? କେଉଁ ଦଲାଲ ସହ ସେମାନେ ଡିଲ୍ କରିଥିଲେ? ଏସବୁର ସ୍ପଷ୍ଟ ତଥ୍ୟ ଆଶାୟୀଙ୍କଠାରୁ ସିବିଆଇ ଉଗାରିବ ବୋଲି ନିର୍ଭରଯୋଗ୍ୟ ସୂତ୍ରରୁ ଜଣାଯାଇଛି ।

ସିବିଆଇ ଟିମ୍ ବ୍ରହ୍ମପୁରରେ ପହଞ୍ଚିବା ପରେ ମାମଲାର ଅଭିଯୋଗକାରୀ ଥିବା ଡିଏସ୍‌ପିଙ୍କ ସହ ଆଲୋଚନା କରିବେ । ଆଶାୟୀମାନେ ଯାଉଥିବା ବସ୍‌କୁ ପିଛା କରି ଆନ୍ଧ୍ରପ୍ରଦେଶ ଯାଇଥିବା ପୁଲିସ ଅଧିକାରୀମାନଙ୍କୁ ମଧ୍ୟ ପଚରାଉଚରା କରିପାରେ । ଏହାପରେ ସିଲିକନ୍ ଟେକ୍ ଲ୍ୟାବ୍ ସଂସ୍ଥାର ସିଇଓ ସୁରେଶ ନାୟକ ଓ ପଞ୍ଚସଫ୍ଟ ଟକ୍ନୋଲୋଜି/ଫ୍ରଣ୍ଟଟେକ୍‌ର ନିର୍ଦ୍ଦେଶକ ତଥା ମାଷ୍ଟରମାଇଣ୍ଡ ଶଙ୍କର ପ୍ରୁଷ୍ଟି ଓ ଅନ୍ୟତମ କାର୍ପଟଦାର ମୁନା ମହାନ୍ତି ସହ ମୋଟ ୭ ଜଣଙ୍କୁ ରିମାଣ୍ଡରେ ନେବାକୁ ସିବିଆଇ କୋର୍ଟରେ ଆବେଦନ କରିବ ବୋଲି ଏକ ବିଶ୍ୱସ୍ତ ସୂତ୍ରରୁ ସୂଚନା ମିଳିଛି ।

## ଭଡ଼ା ଟଙ୍କା ପାଇଁ ବାପାକୁ ମାରିଦେଲା

■ **କବିସୂର୍ଯ୍ୟନଗର, ୧୬ ।୧୧(ସମିସ):** ଭତ୍ତା ଟଙ୍କା ପାଇଁ ବାପାକୁ ପିଟିପିଟି ମାରିଦେଲା ପୁଅ । ଏଭଳି ଏକ ଅଭାବନୀୟ ଘଟଣା ଘଟିଛି କବିସୂର୍ଯ୍ୟନଗର ଥାନା ଏ-ବରିଡ଼ା ଗୋପାଳ ନଗରରେ । ମୃତକ ହେଲେ, ପଦ୍ମନାଭ ସାହୁ (୮୫) । ପୁଲିସ ଶବକୁ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇବା ସହ ଏନେଇ ଏକ ହତ୍ୟା ମାମଲା ରୁଜୁ କରି ତଦନ୍ତ ଚଳାଇଛି । ଏହି ଘଟଣାରେ ପୁଲିସ ପଦ୍ମଙ୍କ ପୁଅ ରମେଶ ସାହୁ (୪୦)କୁ ଗିରଫ କରି କୋର୍ଟଚାଲାଣ କରିଛି ।

ସୂଚନାନୁଯାୟୀ, ପଦ୍ମନାଭଙ୍କ ମଝିଆ ପୁଅ ରମେଶ ପ୍ରତିଦିନ ମଦ ପିଇବାକୁ ବାପା-ମା'ଙ୍କୁ ଟଙ୍କା ମାଗିବା ସହ ମାରଧର କରୁଥିଲା । ଶନିବାର ପଦ୍ମନାଭ ବାର୍ଦ୍ଧକ୍ୟ ଭତ୍ତା ପାଇଥିବା ଜାଣି ରମେଶ ତାଙ୍କୁ ମଦ ପିଇବାକୁ ଟଙ୍କା ମାଗିଥିଲା । କିନ୍ତୁ ସେ ଟଙ୍କା ଦେବାକୁ ମନା କରିବାରୁ ବାପ-ପୁଅଙ୍କ ମଧ୍ୟରେ ବଚସା ▶ପୃଷ୍ଠା-୭

**ଚୌଦ୍ୱାର ଜେଲ୍‌ରୁ ୨ ବିହାରୀ କଏଦୀ ଚମ୍ପଟ ଘଟଣା**

# ଧରାପଡ଼ି ନାହାନ୍ତି ଜେଲ୍ ଡିଆଁ; ୱାର୍ଡରଙ୍କୁ ପୁନଃ ନିଯୁକ୍ତି

**ମାତ୍ର ୧୫ ଦିନରେ ହଟିଲା ନିଲମ୍ବନ**

**ଯେଉଁଠି କରିଥିଲେ କେଳେଙ୍କାରୀ; ସେଇଠି ପୁଣି ହେଲେ ଥଇଥାନ**



■ **ଭୁବନେଶ୍ୱର,୧୫।୧୧(ସମିସ):** ଚୌଦ୍ୱାର ଜେଲ୍‌ରୁ କଏଦୀ ଚମ୍ପଟ ଘଟଣାରେ ସାମ୍ନାକୁ ଆସିଲା ଜେଲ୍ ବିଭାଗର ମିଳି ଭଗତ କାରନାମା । ଜେଲ୍ ଡିଆଁ ହାର୍ଡକୋର୍ ବିହାରୀ କଏଦୀଙ୍କୁ ଗିରଫ କରି ଜେଲ୍‌କୁ ଆଣିବାରେ ପୁଲିସ ଏଯାଏଁ ସଫଳ ହୋଇପାରିନାହିଁ । ହେଲେ ଏହି ଘଟଣାରେ ନିଲମ୍ବିତ ଜେଲ୍ ୱାର୍ଡର କିନ୍ତୁ ଜେଲ୍‌କୁ ଫେରି ଆସିଲେଣି । ନିଲମ୍ବିତ ଜେଲ୍ ୱାର୍ଡର ଭଗତ ଚରଣ ରାମ୍‌ଙ୍କୁ କେନ୍ଦ୍ରାପଡ଼ା ସବ୍‌ଜେଲ୍‌ରେ ୱାର୍ଡର ଭାବେ ନିଯୁକ୍ତି ଦିଆଯାଇଛି । ନିଲମ୍ବନର ମାତ୍ର ୧୫ ଦିନ ମଧ୍ୟରେ ତାଙ୍କୁ ମିଳିଗଲା ପୁନଃନିଯୁକ୍ତି । ତାହା ପୁଣି ଏଭଳି ଏକ ଜେଲ୍‌ରେ ଯେଉଁଠି ତାଙ୍କ ବିରୋଧରେ କେଳେଙ୍କାରୀ ଅଭିଯୋଗ ଆସିଥିଲା । ଏଭଳି ଥଇଥାନକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି ।

ଯାଜପୁର ଜିଲ୍ଲାର ପାଣିକୋଇଲି ସୁନା ଦୋକାନୀ ହତ୍ୟା ମାମଲାରେ ଗିରଫ ହୋଇ ବିଚାରାଧୀନ କଏଦୀ ଭାବେ ଦୁଇ ବିହାରୀ ଅଭିଯୁକ୍ତ ରାଜା ସାହାଣୀ ଏବଂ ମଧୁକାନ୍ତ କୁମାର ଚୌଦ୍ୱାର ଜେଲ୍‌ରେ ଥିଲେ । ଏହା ରାଜ୍ୟର ସବୁଠାରୁ ହାଇ ସିକ୍ୟୁରିଟି ଜେଲ୍ ହୋଇଥିଲେ ମଧ୍ୟ ଦୁଇ କଏଦୀ ଜେଲ୍ ପାଚେରି ଡେଇଁ ଚମ୍ପଟ ମାରିଥିଲେ । ଜେଲ୍‌ର ସୁରକ୍ଷା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହେବା ପରେ ବିଭାଗୀୟ ମୁଖ୍ୟ ୱାର୍ଡର ଭଗତ ଚରଣ ରାମ୍‌ଙ୍କ ସମେତ ଅନ୍ୟ ଜଣେ ଜେଲ୍ କର୍ମଚାରୀ ଡ୍ୟୁଟି ୱାର୍ଡର ସିଦ୍ଧାନ୍ତ ସାହୁଙ୍କୁ ଗତ ଅକ୍ଟୋବର ୩ ତାରିଖରେ ନିଲମ୍ବନ କରିଥିଲେ । ତେବେ ସବୁଠାରୁ ଆଶ୍ଚର୍ଯ୍ୟର କଥା ହେଉଛି, ପୁନଃ ଅବସ୍ଥାପିତ ହୋଇଥିବା ଚିଫ୍ ୱାର୍ଡର ଭଗତ ପୂର୍ବରୁ ସାଲେପୁର ଓ କେନ୍ଦ୍ରାପଡ଼ା ଜେଲ୍‌ରେ ଥିବାବେଳେ ତାଙ୍କ ବିରୋଧରେ ସଙ୍ଗୀନ ଅଭିଯୋଗ ଆସିଥିଲା । ଚୌଦ୍ୱାର ଜେଲ୍‌ରେ ଥିବାବେଳେ ଶ୍ରୀ ରାମ କେନ୍ଦ୍ରାପଡ଼ା ଜେଲ୍‌କୁ ଯିବା ପାଇଁ ଆଗ୍ରହ ପ୍ରକାଶ କରି ଅଧିକାରୀଙ୍କ ନିକଟରେ ଆବେଦନ କରିଥିଲେ । ଆବେଦନ ଆଧାରରେ ଚୌଦ୍ୱାରା ଜେଲ୍ ସୁପରିଣ୍ଟେଣ୍ଡେଣ୍ଟ ଏ ସମ୍ପର୍କରେ କେନ୍ଦ୍ରାପଡ଼ା ଜେଲ୍ ଅଧିକାରୀଙ୍କ ମତାମତ ଲୋଡ଼ିଥିଲେ । କିନ୍ତୁ ପୂର୍ବରୁ କେନ୍ଦ୍ରାପଡ଼ା ଜେଲ୍‌ରେ ଥିବା ସମୟରେ ଶ୍ରୀ ରାମ ଏକାଧିକ କେଳେଙ୍କାରୀରେ ସମ୍ପୃକ୍ତ ଥିବା ଦର୍ଶାଇ ଜେଲ୍ ଅଧୀକ୍ଷକ ତାଙ୍କୁ ଏଠାରେ ପୁନଃ ନିଯୁକ୍ତି ▶ପୃଷ୍ଠା-୭

# ନୂଆପଡ଼ାରେ ଜାଲିଆତି କରି ଜିତିଛି ବିଜେପି: ସ୍ନେହାଙ୍ଗିନୀ

ଭୁବନେଶ୍ୱର, ୧୬।୧୧ (ସମିସ): ନୂଆପଡ଼ା ଉପନିର୍ବାଚନରେ ଜିଲ୍ଲା ପ୍ରଶାସନ, ପୁଲିସ ଓ ନିର୍ବାଚନ କମିଶନଙ୍କୁ ହାତବାରିସି କରି ଭୋଟ୍ ରିଗିଂ ମାଧ୍ୟମରେ ବିଜେପି ବିଜୟୀ ହୋଇଛି। ଏହାପରେ ମଧ୍ୟ ନୂଆପଡ଼ାବାସୀଙ୍କ ସହ ବିଜୁ ଜନତା ଦଳ ଥିଲା ଓ ଆଗକୁ ରହିବ। ନୂଆପଡ଼ାବାସୀଙ୍କ ସ୍ୱାର୍ଥରକ୍ଷା ପାଇଁ ସେ ସବୁବେଳେ ଲଢ଼େଇ କରିବେ ବୋଲି ଦୃଢ଼ୋକ୍ତି ପ୍ରକାଶ କରିଛନ୍ତି ଉପ-ନିର୍ବାଚନର ଦଳୀୟ ପ୍ରାର୍ଥିନୀ ସ୍ନେହାଙ୍ଗିନୀ



ଛୁରିଆ।

ରବିବାର ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ଶ୍ରୀମତୀ ଛୁରିଆ କହିଥିଲେ ଯେ ନିର୍ବାଚନ ପ୍ରଚାର ସମୟରେ ନୂଆପଡ଼ାର ପ୍ରତ୍ୟେକ ପଞ୍ଚାୟତ ଓ ଏନ୍ଏସି ଅଞ୍ଚଳକୁ ଯାଇଥିଲେ ଓ ପ୍ରତ୍ୟେକ ସ୍ଥାନରେ ବିଜୁ ଜନତାଦଳପ୍ରତି ଓ ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ପ୍ରତି ଅକୁଣ୍ଠ ସମର୍ଥନ, ଭଲ ପାଇବା ଥିବା ଦେଖିଥିଲେ। ନିର୍ବାଚନ ପ୍ରଚାର ସମୟରେ ଜିଲ୍ଲା ପ୍ରଶାସନ ପକ୍ଷରୁ ଦଳର ନେତା ଓ କର୍ମୀମାନଙ୍କ ଉପରେ ଆକ୍ରୋଶମୂଳକ କାର୍ଯ୍ୟାନୁଷ୍ଠାନ ନିଆଯାଇ ତାଙ୍କ ମନୋବଳକୁ ଦୁର୍ବଳ କରିବା ପାଇଁ ଚେଷ୍ଟା କରାଯାଉଥିଲା। ଏନେଇ ନିର୍ବାଚନ ଅଧିକାରୀଙ୍କ ପାଖରେ ବିଜେଡି ପକ୍ଷରୁ ବାରମ୍ବାର ଅଭିଯୋଗ କରାଯାଇଥିଲେ ମଧ୍ୟ କୌଣସି ସୁଫଳ ମିଳି ନଥିଲା। ନିରବ ଅବଧି (ସାଇଲେଣ୍ଟ ପିରିୟଡ)ରେ ନିର୍ବାଚନ ଆଚରଣ ବିଧିକୁ ସମ୍ମାନ ଜଣାଇ ବିଜେଡିର ନେତାମାନେ ନୂଆପଡ଼ା ଛାଡ଼ି ଦେଇଥିବା ବେଳେ ବିଜେପିର ନେତାମାନେ ସେଠାରେ ଉପସ୍ଥିତ ରହି ଟଙ୍କା ବଣ୍ଟା କାର୍ଯ୍ୟରେ ଲିପ୍ତ ରହିଥିଲେ। ବିଜେଡି ପକ୍ଷରୁ ସ୍ଥାନୀୟ ଥାନାରେ ଅଭିଯୋଗ କରାଯିବାରୁ କାର୍ଯ୍ୟାନୁଷ୍ଠାନ ନେବା ପରିବର୍ତ୍ତେ ଅଭିଯୋଗକାରୀଙ୍କୁ ଆର୍ମ୍ସ ଆକ୍ଟ ଲଗାଇ ଜେଲକୁ ପଠାଇ ଦିଆଗଲା ବୋଲି ସେ କ୍ଷୋଭ ପ୍ରକାଶ କରିଛନ୍ତି।

■ ଭୋଟ ରିଗିଂ ପଛରେ ପ୍ରଶାସନ, ପୁଲିସ ଓ ନିର୍ବାଚନ ଅଧିକାରୀ
■ ଭୋଟ୍‌ରେ ପ୍ରତିଫଳିତ ହୋଇନାହିଁ ବିଜେଡିକୁ ମିଳିଥିବା ସମର୍ଥନ
■ ନୂଆପଡ଼ାବାସୀଙ୍କ ସ୍ୱାର୍ଥ ପାଇଁ ସବୁବେଳେ ଲଢ଼େଇ କରିବି

ସେହିପରି ନିର୍ବାଚନ ଦିନ ଭୋଟିଂ ସମୟରେ ବୁଥ୍‌ଗୁଡ଼ିକରେ ବିଜେପି କର୍ମୀମାନେ ବୁଥ୍ ଭିତରେ ପଶି କ୍ୟାମ୍ପେନିଂ କରିବା ସହ ଭୋଟରମାନଙ୍କୁ ପଦ୍ମଫୁଲରେ ଭୋଟ୍ ଦେବା ପାଇଁ ଏକପ୍ରକାର ବାଧ୍ୟ କରୁଥିଲେ। ଏହାର ଅଭିଯୋଗ କରାଯାଇଥିଲେ ମଧ୍ୟ କର୍ତ୍ତୃପକ୍ଷ ଶୁଣି ନଥିଲେ। ବୁଥ୍ ରିଗିଂ କାରଣରୁ ଭୋଟିଂ ପ୍ରତିଶତ ଅହେତୁକ ବୃଦ୍ଧି ପାଇଥିଲା। ୪୧ଟି ବୁଥ୍‌ରେ ୯୦ ପ୍ରତିଶତରୁ ଅଧିକା ଭୋଟିଂ ହୋଇଥିଲା। ଭୋଟିଂ ଶେଷ ହେବା ବେଳେ ଅର୍ଥାତ ସନ୍ଧ୍ୟା ୫ଟା ସମୟରେ ନିର୍ବାଚନ ଅଧିକାରୀଙ୍କ ଦ୍ୱାରା ୭୫ ପ୍ରତିଶତ ଭୋଟିଂ ହୋଇଛି ବୋଲି ସୂଚନା ଦିଆଯାଇଥିଲା। ସନ୍ଧ୍ୟା ୭ଟା ସମୟରେ ଭୋଟିଂ ୭୭ ପ୍ରତିଶତ ହୋଇଛି ବୋଲି ସୂଚନା ଦିଆଗଲା। କିନ୍ତୁ ପରଦିନ ଦିବା ୧୦ଟାରେ ୮୧ ପ୍ରତିଶତ ଓ ୧୨ଟାରେ ୮୩.୪୫ ପ୍ରତିଶତ ଭୋଟିଂ ହୋଇଛି ବୋଲି କୁହାଗଲା। ଏଥିରୁ ଭୋଟ୍ ଜାଲିଆତିର ଆଭାସ ମିଳୁଛି। ଶ୍ରୀମତୀ ଛୁରିଆ ଆହୁରି କହିଥିଲେ, ନୂଆପଡ଼ାବାସୀଙ୍କ ସମର୍ଥନ ବିଜୁ ଜନତା ଦଳ ପ୍ରତି ରହିଥିଲା। ମାତ୍ର ଜିଲ୍ଲା ପ୍ରଶାସନ, ପୁଲିସ ଓ ନିର୍ବାଚନ ଅଧିକାରୀଙ୍କୁ ହାତବାରିସି କରି ଭୋଟ୍ ରିଗିଂ କରି ବିଜେପି ବିଜୟୀ ହୋଇଛି। ନୂଆପଡ଼ାବାସୀ ତାଙ୍କୁ ଓ ନବୀନ ପଟ୍ଟନାୟକଙ୍କ ପ୍ରତି ଦେଇଥିବା ସମର୍ଥନ ପାଇଁ ସେ କୃତଜ୍ଞତା ଜଣାଇଥିଲେ।

ଭୁବନେଶ୍ୱର ମେୟର୍ ସୁଲୋଚନା ଦାସ କହିଥିଲେ ଯେ ପ୍ରଶାସନିକ କଳକୁ ହାତବାରିସି କରି ବିଜେପି ହୁଏତ ନୂଆପନା ଆସନକୁ ହାତେଇବା ପାଇଁ ସଫଳ ହୋଇଥାଇପାରେ, କିନ୍ତୁ ନୂଆପଡ଼ାବାସୀଙ୍କ ସମର୍ଥନ ଶ୍ରୀମତୀ ଛୁରିଆ ଓ ଦଳର ସଭାପତି ନବୀନ ପଟ୍ଟନାୟକଙ୍କ ପ୍ରତି ରହିଛି। ସେଥିପାଇଁ ନୂଆପଡ଼ାବାସୀଙ୍କୁ ଦଳ ପକ୍ଷରୁ ଆମେ କୃତଜ୍ଞତା ଜଣାଉଛୁ।

# ଦଳର ବିଭୀଷଣଙ୍କୁ ଭକ୍ତଙ୍କ ନାଲିଆଖି

ଭୁବନେଶ୍ୱର, ୧୬।୧୧(ସମିସ): ସବୁ ଦଳରେ ବିଭୀଷଣଅଛନ୍ତି। କଂଗ୍ରେସରେମଧ୍ୟ କିଛି ବିଭୀଷଣ ଭଳି ଆତ୍ମଘାତୀ କାର୍ଯ୍ୟ କରି ଦଳର କ୍ଷତି କରିଛନ୍ତି। ନିର୍ବାଚନ ସମୟରେ ଦଳ ଏବଂ ତାଙ୍କ ବିରୋଧରେ ଅପପ୍ରଚାରର ବନ୍ୟା ସୃଷ୍ଟି କରାଯାଇଥିଲା। ଦଳରେ ଥାଇ ଆତ୍ମଘାତୀ କାର୍ଯ୍ୟ କରି ଦଳକୁ କ୍ଷତି ପହଞ୍ଚାଇଥିବା ବିଭୀଷଣମାନଙ୍କୁ କଦାପି ଛଡ଼ାଯିବ ନାହିଁ ବୋଲି ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି। ନୂଆପଡ଼ା ଉପନିର୍ବାଚନ ପରେ ଶ୍ରୀ ଦାସ ରବିବାର ଭୁବନେଶ୍ୱର ଫେରି ଗଣମାଧ୍ୟମକୁ ସୂଚନା ଦେଇ କଂଗ୍ରେସରେ ଥିବା କୁଚକ୍ରୀ ବିଭୀଷଣଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ନେବେ ବୋଲି କଡ଼ା ଚେତାବନୀ ଦେଇଛନ୍ତି।

ଭକ୍ତ କହିଛନ୍ତି, କଂଗ୍ରେସ ନୂଆପଡ଼ାରେ ଉତ୍ତମ ଭାବରେ ନିର୍ବାଚନ ପରିଚାଳନା କରିଥିଲା। କଂଗ୍ରେସର ପ୍ରଚାରରେ ଜନସମର୍ଥନ ଦେଖି ବିଜେପି ଭୟଭୀତ ହୋଇଯାଇଥିଲା। ମୁଖ୍ୟମନ୍ତ୍ରୀଙ୍କ ସଭାରେ ଲୋକ ନ ହୋଇ ବଳକା ଖାଦ୍ୟ ଖାଇ ୧୭ଟି ଗାଈ ମରିଯିବା ଯୋଗୁଁ ବିଜେପି ଦଳ ନିରୁତ୍ସାହିତ ହୋଇଯାଇଥିଲା। ତେଣୁ ବିଜେପି ରଣନୀତି ବଦଳାଇ ମାଳମାଳ ମନ୍ତ୍ରୀ ଏବଂ ବିଧାୟକଙ୍କୁ ପ୍ରଚାର କାର୍ଯ୍ୟରେ ଲଗାଇଲା। ଦୁଇଜଣ ମୁଖ୍ୟମନ୍ତ୍ରୀ ନୂଆପଡ଼ାରେ ଲଗାତାର ତୋଫାନୀ ସଭା କଲେ। ଏପରିକି, ଶହଶହ ଗାଡ଼ିଘୋଡ଼ା, ଗୀତବାଦ୍ୟ, ଯାତ୍ରା, ଅର୍କେଷ୍ଟ୍ରା ପାର୍ଟି ଆଦି ଆଣି ଦିନତମାମ ସଂପୂର୍ଣ୍ଣ ରାସ୍ତା ଅବରୋଧ କରିଥିଲେ। ବିଜେପି ଗୋଟେଗୋଟେ ଦିନରେ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିଲା। ଗୁରୁତ୍ୱପୂର୍ଣ୍ଣ ବିଷୟ, ସଂପୂର୍ଣ୍ଣ ନିର୍ବାଚନ ପୁଲିସ ପରିଚାଳନା କରୁଥିଲା। ଏହାର ପରିଣାମସ୍ୱରୂପ, ବିଜେପି ନବନିର୍ବାଚିତ ବିଧାୟକ ଜୟ ଢୋଲକିଆ ବିଜୟୀ ହେବା ପରେ ଆଇଜି ହିମାଂଶୁ ଲାଲ୍‌ଙ୍କ ପାଦ ଛୁଇଁ ପ୍ରଣାମ କରିଥିଲେ। ଏଥିରୁ ନୂଆପଡ଼ା



■ କାର୍ଯ୍ୟାନୁଷ୍ଠାନ ଚେତାବନୀ ଦେଲେ ପିସିସି ସଭାପତି
■ ଏହା ଉପନିର୍ବାଚନ ନୁହେଁ; ଗଣତନ୍ତ୍ର ପ୍ରତି ଉପହାସ ଥିଲା
■ ହିମାଂଶୁ ଲାଲ୍‌ଙ୍କଠୁ ଜୟ ଆଶୀର୍ବାଦ ନେବାକୁ ସମାଲୋଚନା

ଉପନିର୍ବାଚନରେ ପୁଲିସର ଭୂମିକା କ'ଣ ଥିଲା, ତାହା ସ୍ପଷ୍ଟ ପ୍ରମାଣିତ ହୋଇଛି। ହିମାଂଶୁ ଲାଲ୍ ଆଶୀର୍ବାଦ ଦେଲେ ଏବଂ ଜୟ ଢୋଲକିଆ ଭୋଟ୍ ପାଇଲେ ବୋଲି ଭକ୍ତ କହିଛନ୍ତି।

ଅନ୍ୟପକ୍ଷରେ, କଂଗ୍ରେସ ପାଇଥିବା ଭୋଟ୍ ସଂଖ୍ୟାରେ ସେ ସନ୍ତୁଷ୍ଟ ବୋଲି ଭକ୍ତ କହିଛନ୍ତି। କାରଣ ମୃତ୍ୟୁବରଣ କରିଥିବା ବିଜେଡି ବିଧାୟକଙ୍କ ପୁଅ ଶାସକ ଦଳ ପ୍ରାର୍ଥୀ ହୋଇଥିଲେ। ସରକାରୀ କଳର ସଂପୂର୍ଣ୍ଣ ଅପବ୍ୟବହାର କରାଯାଇଥିଲା। ଅଭୂତପୂର୍ବ ଭାବେ ଟଙ୍କା ଖର୍ଚ୍ଚ କରାଯାଇଥିଲା। ସମସ୍ତ ମନ୍ତ୍ରୀ, ବିଧାୟକ ପ୍ରଚାରରେ ନିୟୁକ୍ତ ହୋଇଥିଲେ। ଯେଉଁ ସ୍ଥାନରେ ଟଙ୍କା କାମ ଦେଲାନାହିଁ, ସେ ସ୍ଥାନମାନଙ୍କରେ ବିଜେପି ବିଭିନ୍ନ ଉପାୟରେ ଭୋଟ୍ ଚୋରି କଲା। କଂଗ୍ରେସ ପାଇଁ ଏଭଳି ଉପନିର୍ବାଚନରେ ଉପଲବ୍ଧ କେବେ ମିଳିନଥିଲା। ଏହି ଉପନିର୍ବାଚନ କଂଗ୍ରେସର ଆଶା ଓ ମନୋବଳକୁ ଦୃଢ଼ କରିଛି। ବିଜେପି ନିର୍ବାଚନ ପ୍ରଚାରକୁ କିଭଳି ମୁକାବିଲା କରାଯିବ, ଆମେ ଏଥିରୁ ମଧ୍ୟ ଶିକ୍ଷାଲାଭ କଲୁ ବୋଲି ଭକ୍ତ କହିଛନ୍ତି।

ଭକ୍ତ ଆହୁରି କହିଛନ୍ତି ଯେ ନିର୍ବାଚନ ଯେପରି ଲଢ଼ାଯାଏ କଂଗ୍ରେସ ସେପରି ଦାୟିତ୍ୱରେ ଥିବା ସମସ୍ତ କର୍ମୀ, କର୍ମକର୍ତ୍ତା ଏବଂ ବରିଷ୍ଠ ନେତୃବୃନ୍ଦଙ୍କୁ ନେଇ ସୁଚାରୁରୂପେ ନିର୍ବାଚନ ପରିଚାଳନା କରିଥିଲା। ଜନସାଧାରଣଙ୍କ ସହ ସୁ-ସମ୍ପର୍କ ସ୍ଥାପନ କରିଥିଲା। ଦଳ ପକ୍ଷରୁ କୌଣସି ଅବହେଳା ହୋଇନାହିଁ। କିନ୍ତୁ ବିଜେପିର ଅନୀତିଯୁକ୍ତ ପ୍ରଚାର ସହ କଂଗ୍ରେସ ସମକକ୍ଷ ହୋଇପାରିଲା ନାହିଁ। ଗୋଟେ ଉପନିର୍ବାଚନ ପାଇଁ ସରକାରଙ୍କ ଏଭଳି ଜିଦ୍ ଏବଂ ଶାସନର ଦୁରୁପଯୋଗ ଗଣତନ୍ତ୍ର ପାଇଁ ଶୁଭଙ୍କର ନୁହେଁ ବୋଲି ପିସିସି ସଭାପତି କହିଛନ୍ତି।

**ଓୟୁଏଟିରେ ଆର୍ଥିକ ଅନିୟମିତା**

# ଅନାଦାୟ ପଡ଼ିଛି ୨ କୋଟି ଟଙ୍କା

ଭୁବନେଶ୍ୱର, ୧୬।୧୧ (ସମିସ): ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ (ଓୟୁଏଟି)ରେ ହେରଫେର୍ ହୋଇଛି ବିପୁଳ ସରକାରୀ ଅର୍ଥ। ବିଶ୍ୱବିଦ୍ୟାଳୟର କିଛି ଅଧିକାରୀ ଓ କର୍ମଚାରୀ ୨୦୧୬-୧୭ରୁ ୨୦୧୯-୨୦ ଶିକ୍ଷାବର୍ଷ ଅର୍ଥାତ୍ ୪ବର୍ଷରେ ପ୍ରାୟ ୨କୋଟି ଟଙ୍କା ଆତ୍ମସାତ୍ କରିଥିବା ଅଭିଯୋଗ ହୋଇଛି। ଶିକ୍ଷା ଓ ଗବେଷଣା ପାଇଁ ଆସିଥିବା କୋଟିକୋଟି ଟଙ୍କାର ସରକାରୀ ଅନୁଦାନ କୁଆଡ଼େ ଗଲା, ତାହାର ପତ୍ତା ମିଳୁନାହିଁ। ଏପରିକି, ବାରମ୍ବାର ତାଗିଦ୍ ସତ୍ତ୍ୱେ ସମ୍ପୃକ୍ତ ଅଧିକାରୀ ଓ କର୍ମଚାରୀମାନେ ହଡ଼ପ ଅର୍ଥ ଫେରାଉ ନଥିବା ଦେଖାଯାଇଛି।

ଅଡିଟ୍ ରିପୋର୍ଟ ଅନୁସାରେ ୨୦୧୬-୧୭ ଶିକ୍ଷା ବର୍ଷରେ ପ୍ରାୟ ୯୭ଲକ୍ଷରୁ ଅଧିକ ଟଙ୍କା ହେରଫେର୍ କରାଯାଇଥିଲା। ଏହାକୁ ନେଇ ଆପତ୍ତି ଉଠିବା ପରେ ହେରଫେର୍ ଅର୍ଥରୁ ମାତ୍ର ୨୧ଲକ୍ଷ ଟଙ୍କା ଭରଣା କରାଯାଇଛି। ଆହୁରି ପ୍ରାୟ ୭୬ ଲକ୍ଷ ଟଙ୍କା ଅନାଦାୟ ରହିଛି। ସେହିପରି ୨୦୧୭-୧୮ରେ ପ୍ରାୟ ୧୦ଲକ୍ଷରୁ ଅଧିକ ଟଙ୍କା ହେରଫେର୍ ହୋଇଥିବା ବେଳେ ମାତ୍ର ୬୩ ହଜାର ଟଙ୍କା ଭରଣା କରାଯାଇଛି। ଆହୁରି ୯ ଲକ୍ଷରୁ ଅଧିକ ଟଙ୍କା ଆଦାୟ କରାଯାଇନାହିଁ। ତେବେ ୨୦୧୮-୧୯ରେ ସର୍ବାଧିକ ୧ କୋଟିରୁ ଅଧିକ ଟଙ୍କା ଆତ୍ମସାତ୍ କରାଯାଇଛି। ତନ୍ମଧ୍ୟରୁ

**ବିନା ଏନ୍ଓସିରେ ମିଳୁଛି ପେନ୍‌ସନ**

ମାତ୍ର ୧୬ ଲକ୍ଷ ଆଦାୟ ହୋଇପାରିଛି ଓ ଆହୁରି ପ୍ରାୟ ୮୪ ଲକ୍ଷ ଟଙ୍କା ଆଦାୟ କରାଯାଇନାହିଁ। ୨୦୧୯-୨୦ରେ ପ୍ରାୟ ୨୯ଲକ୍ଷରୁ ଅଧିକ ଟଙ୍କା ହେରଫେର୍ କରାଯାଇଥିବା ବେଳେ ମାତ୍ର ୫ଲକ୍ଷ ଆଦାୟ ହୋଇଛି ଏବଂ ପ୍ରାୟ ୨୪ ଲକ୍ଷ ଅନାଦାୟ ରହିଛି। ଅର୍ଥାତ୍ ୪ଟି ଶିକ୍ଷାବର୍ଷରେ ମୋଟ୍ ୨ କୋଟି ୩୭ ଲକ୍ଷ ଟଙ୍କା ହେରଫେର୍ କରାଯାଇଥିବା ଅଡିଟ୍ ରିପୋର୍ଟରେ ଧରାପଡ଼ିଛି। ତନ୍ମଧ୍ୟରୁ ପ୍ରାୟ ସାଢ଼େ ୪୪ ଲକ୍ଷ ଟଙ୍କା ଭରଣା ହୋଇଥିବା ବେଳେ ଆହୁରି ୧ କୋଟି ୯୩ ଲକ୍ଷରୁ ଅଧିକ ଟଙ୍କା ଅଧିକାରୀ ଓ କର୍ମଚାରୀମାନେ ଫେରାଇ ନାହାନ୍ତି।

ସବୁଠାରୁ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଅନିୟମିତତାରେ ଜଡ଼ିତ କିଛି ଅଧିକାରୀ ଓ କର୍ମଚାରୀ ଇତିମଧ୍ୟରେ ଅବସର ନେଇ ସାରିଛନ୍ତି। ସେମାନଙ୍କୁ ଅନିୟମିତତା ହୋଇଥିବା ଟଙ୍କା ଫେରସ୍ତ କରିବା ପାଇଁ ବାରମ୍ବାର କାରଣ ଦର୍ଶାଅ ନୋଟିସ୍ ଜାରି କରାଯାଉଥିଲେ ମଧ୍ୟ କୌଣସି ଜବାବ ମିଳୁନାହିଁ। ସରକାରୀ ନିୟମ ମୁତାବକ ଅବସର ସମୟରେ ନୋ-ଅବ୍‌ଜେକସନ୍ ସାର୍ଟିଫିକେଟ୍ (ଏନ୍ଓସି) ଆବଶ୍ୟକ ହୁଏ, ଯାହାଦ୍ୱାରା ସେମାନେ ପେନସନ୍ ପାଇବାକୁ ଯୋଗ୍ୟ ହୋଇଥା'ନ୍ତି। ଏଣୁ ସରକାରୀ ଅର୍ଥ ଫେରସ୍ତ କରି ନଥିଲେ ମଧ୍ୟ କିପରି ଏନ୍ଓସି ପାଇଲେ, ତାହା ପ୍ରଶ୍ନବାଚୀ ସୃଷ୍ଟି କରିଛି।

# ଡିସେମ୍ବର ୧ରେ ବିଧାନସଭା ଘେରିବେ ପ୍ରାଥମିକ ଶିକ୍ଷକ

ଭୁବନେଶ୍ୱର, ୧୬।୧୧ (ସମିସ): ପ୍ରାଥମିକ ଶିକ୍ଷକଙ୍କୁ ୪୨୦୦ ଗ୍ରେଡ୍ ପେ' ଏବଂ ୨୦୦୧ରୁ ୨୦୨୪ ମସିହା ପର୍ଯ୍ୟନ୍ତ ୬ବର୍ଷର କାର୍ଯ୍ୟକାଳକୁ ମୂଳ ଚାକିରିରେ ଗଣନା କରି ୬ଟି ନୋସନାଲ ଇନ୍‌କ୍ରିମେଣ୍ଟ ପ୍ରଦାନ




କରିବାକୁ ବାରମ୍ବାର ଶିକ୍ଷକମାନେ ଦାବି କରୁଥିଲେ ମଧ୍ୟ ସରକାର କର୍ଣ୍ଣପାତ କରୁନାହାନ୍ତି। ଚଳିତ ମାସ ଶେଷ ସୁଦ୍ଧା ଏହି ଦୁଇଟି ଦାବି ପୂରଣ ନ କଲେ, ଆସନ୍ତା ବିଧାନସଭା ଅଧିବେଶନ, ଡିସେମ୍ବର ୧ରୁ ଅନିର୍ଦ୍ଦିଷ୍ଟ କାଳ ପାଇଁ ଆନ୍ଦୋଳନକୁ ଓହ୍ଲାଇବ ବୋଲି ପ୍ରାଥମିକ ଶିକ୍ଷକ ମହାସଂଘ ଚେତାବନୀ ଦେଇଛି।

ମହାସଂଘର ଆବାହକ ରାମଲାଲ ପଟେଲଙ୍କ ନେତୃତ୍ୱରେ ରବିବାର ଅନୁଷ୍ଠିତ ରାଜ୍ୟ କାର୍ଯ୍ୟକାରିଣୀ ବୈଠକରେ କୁହାଯାଇଛି ଯେ ଉଚ୍ଚଶିକ୍ଷା, ଉଚ୍ଚ ମାଧ୍ୟମିକ ଓ ମାଧ୍ୟମିକ ଶିକ୍ଷା ସମେତ ୪୨ଟି ବିଭାଗକୁ ନୋସନାଲ ଇନକ୍ରିମେଣ୍ଟ ପ୍ରଦାନ କରି ମୂଳ ଚାକିରିରେ ଗଣନା କରାଯାଇଛି। କେବଳ ପ୍ରାଥମିକ ଶିକ୍ଷକଙ୍କୁ ଅଣଦେଖା କରି ତହିଁରୁ ବଞ୍ଚିତ କରାଯାଇଛି। ଏଣୁ ସେମାନଙ୍କୁ ମଧ୍ୟ ସମାନ ସୁବିଧା ଦେବାକୁ ଦାବି କରିଛନ୍ତି। ଅନ୍ୟଥା ଡିସେମ୍ବର ୧ରୁ ଅନିର୍ଦ୍ଦିଷ୍ଟ କାଳ ପାଇଁ ଆନ୍ଦୋଳନକୁ ଓହ୍ଲାଇବେ ବୋଲି କହିଛନ୍ତି। ଏଥିଯୋଗୁଁ ଶିକ୍ଷାଦାନ ବ୍ୟବସ୍ଥାରେ ରାଜ୍ୟବ୍ୟାପୀ ଯେଉଁ ବିଭ୍ରାଟ ଉପୁଜିବ, ସେଥିପାଇଁ ସରକାର ଦାୟୀ ରହିବେ ବୋଲି ଚେତାଇ ଦେଇଛନ୍ତି। ଏହି ବୈଠକରେ ପୂର୍ଣ୍ଣାନନ୍ଦ ଆଚାର୍ଯ୍ୟ, ଅଜୟ କୁମାର ଧଳ, ସୁଶାନ୍ତ କୁମାର ବେହେରା, ପ୍ରବୀଣ କୁମାର ଦାସ, ସୁବ୍ରତ କୁମାର ଧଳ, ଅଜିତ କୁମାର ମହାରଣା, ସନ୍ତୋଷ କୁମାର ସାହୁ, ଶିଶିର ଖଟୁଆ, ବଙ୍କିମ ସାଗର, ଆନନ୍ଦ ଚନ୍ଦ୍ର ପାତ୍ର, ଦେବେନ୍ଦ୍ର ନାୟକ, ପଦ୍ମଲୋଚନ ନାୟକ, ପ୍ରିୟମ୍ବଦା ଆଚାର୍ଯ୍ୟଙ୍କ ସମେତ ବହୁ ଶିକ୍ଷକ/ଶିକ୍ଷୟିତ୍ରୀ ଉପସ୍ଥିତ ଥିଲେ।

# ସ୍କୁଟି-ବାଇକ ମୁହାଁମୁହିଁ ଧକ୍କା; ୨ ମୃତ

ଢେଙ୍କାନାଳ, ୧୬।୧୧ (ସମିସ): ଢେଙ୍କାନାଳ ଜିଲ୍ଲା କାମାକ୍ଷାନଗର ଉପଖଣ୍ଡ ତୁମୁସିଙ୍ଗା ଥାନା କମଗରା ଗ୍ରାମ ନିକଟ ବ୍ରାହ୍ମଣୀ ନଦୀ ବ୍ରିଜ ଉପରେ ବାଇକ ଓ ସ୍କୁଟି ମୁହାଁମୁହିଁ ଧକ୍କା ହେବାରୁ ଦୁଇଜଣଙ୍କ ମୃତ୍ୟୁ ଘଟିଛି। ମୃତକଦ୍ୱୟ ହେଲେ, ଢେଙ୍କାନାଳ ସଦର ଥାନା କେଉଟବେରେଣୀ ଗ୍ରାମର ସତ୍ୟଜିତ୍ ବରାଳ ଓ ବାପୁନି ବରାଳ। ଏମାନେ ଏକ ବାଇକ୍ ଯୋଗେ ଢେଙ୍କାନାଳରୁ କାମାକ୍ଷାନଗର ଅଭିମୁଖେ ଯାଉଥିବା ବେଳେ ବିପରୀତ ଦିଗରୁ ଆସୁଥିବା ସ୍କୁଟି ସହ ଧକ୍କା ହୋଇଥିଲା। ଘଟଣାସ୍ଥଳରେ ଉଭୟଙ୍କ ମୃତ୍ୟୁ ଘଟିଛି। ଏହି ଦୁର୍ଘଟଣାରେ ସ୍କୁଟି ଚାଳକ ଗୁରୁତର ଆହତ ହୋଇଛନ୍ତି। ତାଙ୍କୁ ଢେଙ୍କାନାଳ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ପୁଲିସ ଘଟଣାସ୍ଥଳରେ ପହଞ୍ଚି ମୃତଦେହ ଜବତ କରିବା ସହ ତଦନ୍ତ ଆରମ୍ଭ କରିଛି।

**ଚତୁର୍ଥ ପ୍ରଫେସର ବିଷ୍ଣୁ ଚରଣ ରାଉତ ସ୍ମାରକୀ ବକ୍ତୃତା**

# ମାନସିକତା ଓ ନୈତିକତା ଆମର ପ୍ରମୁଖ ଶକ୍ତି: ପ୍ରଫେସର୍ ଅମିତାଭ

ଭୁବନେଶ୍ୱର,୧୬।୧୧(ସମିସ): ଚତୁର୍ଥ ପ୍ରଫେସର୍ ବିଷ୍ଣୁଚରଣ ରାଉତ ସ୍ମାରକୀ ବକ୍ତୃତା ରବିବାର ଭୁବନେଶ୍ୱରସ୍ଥିତ ଗୀତଗୋବିନ୍ଦ ସଦନରେ ଅନୁଷ୍ଠିତ ହୋଇଯାଇଛି।




ଏଥିରେ ନୂଆଦିଲ୍ଲୀସ୍ଥିତ ଜେଏନ୍‌ୟୁର ସ୍କୁଲ ଅଫ୍ ଇଣ୍ଟରନ୍ୟାସନାଲ ଷ୍ଟଡିଜର ଡିନ୍ ପ୍ରଫେସର୍ ଅମିତାଭ ମାଟ୍ଟୁ ଯୋଗଦେଇ 'ବିକଶିତ ଭାରତ: ଭାରତର ବିଦେଶ ନୀତି ଓ ସଭ୍ୟତାର ପଥ-୨୦୪୭' ଶୀର୍ଷକ ସ୍ମାରକୀ ବକ୍ତୃତା ପ୍ରଦାନ କରିଥିଲେ। ଶ୍ରୀ ମାଟ୍ଟୁ କହିଥିଲେ ଯେ ୨୦୪୭ରେ ଦେଶ ସ୍ୱାଧୀନତାର ୧୦୦ବର୍ଷ ପୂରଣ ହେବ। ଆମର ମାନସିକତା ଓ ନୈତିକତା ଆମର ପ୍ରମୁଖ ଶକ୍ତି ବୋଲି ଆମକୁ ବୁଝିବାକୁ ହେବ। ବିକଶିତ ଭାରତ ଗଠନ ଲାଗି ଆମ ଭିତରେ ଥିବା ଏହି ଶକ୍ତିକୁ ବିକଶିତ କରିବାକୁ ପଡ଼ିବ। ନିଜକୁ ଜାଣିଲେ ଆମକୁ କେହି ପରାସ୍ତ କରିପାରିବେ ନାହିଁ। ସେ ଆହୁରି କହିଥିଲେ ଯେ ପ୍ରଫେସର୍ ବି.ସି. ରାଉତ ଜଣେ ଆଧୁନିକ ଚିନ୍ତାନାୟକ ଥିଲେ। ରାଜନୀତିକୁ କ୍ଷମତା ଲଢ଼େଇ ପାଇଁ ନୁହେଁ, ଲକ୍ଷ୍ୟ ହାସଲର ମାଧ୍ୟମ ଭାବେ ବ୍ୟବହାର କରାଯିବା ଉଚିତ ବୋଲି ସେ ଶିଖାଇଥିଲେ।

ମୁଖ୍ୟଅତିଥି ଭାବେ ଇଷ୍ଟର୍ଣ୍ଣ ମିଡିଆ ଲିମିଟେଡ୍‌ର ଅଧ୍ୟକ୍ଷ ସୌମ୍ୟରଂଜନ ପଟ୍ଟନାୟକ ଯୋଗଦେଇ କହିଥିଲେ ଯେ ବ୍ୟକ୍ତି, ବୃତ୍ତି ଓ ପ୍ରବୃତ୍ତି ଦୃଷ୍ଟିରୁ ପ୍ରଫେସର୍ ରାଉତ ସଫଳ କାହାଣୀର ନାୟକ ଥିଲେ। ବିଜ୍ଞାନକୁ ସେ ଅଧିକ ପ୍ରାସଙ୍ଗିକ କରିପାରିଥିଲେ। ସମ୍ମାନିତ ଅତିଥି ଭାବେ ପୂର୍ବତନ ମୁଖ୍ୟ ଶାସନ ସଚିବ ବିଜୟ କୁମାର ପଟ୍ଟନାୟକ ଯୋଗଦେଇ ପ୍ରଫେସର୍ ରାଉତଙ୍କ ସ୍ମୃତିଚାରଣ କରିଥିଲେ। ଏହି ଅବସରରେ ଓଡ଼ିଶା ସାହିତ୍ୟ ଏକାଡେମିର ପୂର୍ବତନ ସଚିବ ଜୟନ୍ତୀ ରଥ ଉପସ୍ଥିତ ଥିଲେ। ବିଜେବି କଲେଜର ଚଳିତ ବର୍ଷର ରାଜନୀତି ବିଜ୍ଞାନ ବିଭାଗ ଟପ୍ପର୍ ଛାତ୍ରୀ ରୀତି ବାରିଙ୍କୁ ଚତୁର୍ଥ ପ୍ରଫେସର ବିସି ରାଉତ ସ୍ମାରକୀ ପୁରସ୍କାର ପ୍ରଦାନ କରାଯାଇଥିଲା।

# ଝାଡ଼ଖଣ୍ଡରୁ ସାଇବର୍ ଠକ ଗିରଫ

ଅନୁଗୋଳ, ୧୬।୧୧ (ସମିସ): ଏକ ଠକେଇ ମାମଲାର ତଦନ୍ତ କରି ଅନୁଗୋଳ ପୁଲିସ ଝାଡ଼ଖଣ୍ଡରୁ ଜଣେ ସାଇବର୍ ଠକକୁ ଗିରଫ

**ଚୋରି ମୋବାଇଲ୍‌ରୁ ୨ ଲକ୍ଷ ଲୁଟିଥିଲା**

କରିଛି। ସେ ହେଲା, ସହନବାଜ ଆଲମ (୨୩)। ବୋକାରୋ ଥାନା ଅନ୍ତର୍ଗତ ଅନସାରୀ ମହଲାରେ ଚଢ଼ଉ କରି ପୁଲିସ ତାକୁ ଗିରଫ କରିଛି। ତା'ଠାରୁ ୬୧ ହଜାର ୭୭୯ଟଙ୍କା ସହ ଏଟିଏମ୍ କାର୍ଡ, ଚେକ୍‌ବୁକ, ପାସବୁକ୍ ଓ ମୋବାଇଲ ଜବତ କରାଯାଇଛି। ଏହି ମାମଲାରେ ସମ୍ପୃକ୍ତ ଥିବା ଅନ୍ୟ ଅଭିଯୁକ୍ତଙ୍କୁ ମଧ୍ୟ ଖୁବଶୀଘ୍ର ଗିରଫ କରାଯିବ ବୋଲି ଅନୁଗୋଳ ଏସ୍‌ପି ରାହୁଲ ଜୈନ ରବିବାର ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଛନ୍ତି। ଗତ ଅକ୍ଟୋବର ୭ରେ ଅନୁଗୋଳ ମଦନମୋହନପଡ଼ା ଅଞ୍ଚଳର ଏମ୍‌ଡି ଅବଦୁଲ୍ଲା ଦୈନିକ ବଜାର ଯାଇଥିଲେ। ସେଠାରେ ତାଙ୍କ ମୋବାଇଲ ହଜି ଯାଇଥିଲା। କିଛି ଦିନ ପରେ ତାଙ୍କ ଆକାଉଣ୍ଟରୁ ପ୍ରାୟ ଦୁଇ ଲକ୍ଷ ଟଙ୍କା କଟିଯାଇଥିଲା। ଏ ସଂପର୍କରେ ସେ ଅକ୍ଟୋବର ୨୯ରେ ସାଇବର୍ ଥାନାରେ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା। ତଦନ୍ତ ବେଳେ ଏହା ସାଇବର ଲୁଟେରାର କାରନାମା ବୋଲି ପୁଲିସ ଜାଣିବାକୁ ପାଇଥିଲା।




ଭୁବନେଶ୍ୱର ଗଲ୍ଫ କ୍ଲବ୍ ପକ୍ଷରୁ ଆୟୋଜିତ ଷଷ୍ଠ ଆଦିତ୍ୟ ବିର୍ଲା ଓପନ୍ ଟ୍ରଫିର ପୁରସ୍କାର ବିତରଣ ସମାରୋହରେ ଗଲ୍ଫ କ୍ଲବର ସଭାପତି ଅସିତ ତ୍ରିପାଠୀ, ଉତ୍କଳ ଆଲୁମିନାର ଅଧ୍ୟକ୍ଷ ସୂର୍ଯ୍ୟକାନ୍ତ ମିଶ୍ର, ଉତ୍କଳ ଆଲୁମିନାର ମୁଖ୍ୟ ରବିନାରାୟଣ ମିଶ୍ର, ହିଣ୍ଡାଲକୋ ଅଧ୍ୟକ୍ଷ ଅର୍ଦ୍ଧେନ୍ଦୁ ମହାପାତ୍ର ଏବଂ ଗଲ୍ଫ କ୍ଲବ୍‌ର ସଂପାଦକ ତପନ ମହାନ୍ତି ପ୍ରମୁଖ ଅତିଥିଙ୍କ ଗହଣରେ ବିଜୟୀ ଟିମ୍

# ରୋଗୀସେବା ବେଳେ ଟଳିପଡ଼ିଲେ ଡାକ୍ତର

ନୀଳଗିରି, ୧୬।୧୧ (ସମିସ): ରୋଗୀସେବା ବେଳେ ଟଳି ପଡ଼ିଲେ ଡାକ୍ତର। ନୀଳଗିରି ଉପଖଣ୍ଡ ହସ୍ପିଟାଲରେ ଆଜି ଏପରି ଏକ ଅଘଟଣ ଘଟିଛି। ମୃତ ଡାକ୍ତର ଜଣଙ୍କ ହେଲେ, ନୀଳଗିରି ଉପଖଣ୍ଡ ଡାକ୍ତରଖାନାର ସ୍ତ୍ରୀ ଓ ପ୍ରସୂତି ବିଭାଗ ଡାକ୍ତର ତଥା



ବ୍ଲଡ୍ ବ୍ୟାଙ୍କ ଇନ୍‌ଚାର୍ଜ ଡାକ୍ତର ତ୍ରିନାଥ ପାଲ(୫୪)। ଆଜି ସକାଳେ ଡାକ୍ତର ପାଲ ଓପିଡିରେ ରୋଗୀ ଦେଖୁଥିଲେ। ଏହି ସମୟରେ ସେ ଅସୁସ୍ଥ ଅନୁଭବ କରିବାରୁ ବାଥରୁମ୍ ଯାଇଥିଲେ। କିନ୍ତୁ କିଛି ସମୟ ଧରି ନ ଫେରିବାରୁ ଅନ୍ୟ ଡାକ୍ତର ତାଙ୍କୁ ଫୋନ କରିଥିଲେ। ଡା. ପାଲ ଫୋନ ଉଠାଇନଥିଲେ। ବହୁ କଷ୍ଟରେ ସେ ବାଥରୁମ୍ କବାଟ ଖୋଲି ଆସିବା ପରେ ହଠାତ୍ ଖଟରେ ଟଳିପଡ଼ିଥିଲେ। ତାଙ୍କୁ ୧୦୮ ଆମ୍ବୁଲାନ୍ସରେ ବାଲେଶ୍ୱର ମେଡିକାଲକୁ ନିଆଯାଉଥିବା ବେଳେ ଆମ୍ବଡିହା ଛକ ନିକଟରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ବାଲେଶ୍ୱର ଡାକ୍ତରଖାନାରେ ତାଙ୍କୁ ବିଧିବଦ୍ଧ ଭାବେ ମୃତ ଘୋଷଣା କରାଯାଇଥିଲା।

ବାଲେଶ୍ୱର ମେଡିକାଲରୁ ତାଙ୍କ ମରଶରୀରକୁ କର୍ମକ୍ଷେତ୍ର ନୀଳଗିରି ଉପଖଣ୍ଡ ଡାକ୍ତରଖାନାକୁ ଅଣାଯାଇଥିଲା। ସେଠାରେ ହସ୍ପିଟାଲ ପକ୍ଷରୁ ତାଙ୍କୁ ଶ୍ରଦ୍ଧାଞ୍ଜଳି ଦିଆଯାଇଥିଲା। ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀଙ୍କ ସମେତ ବହୁ ବିଶିଷ୍ଟ ବ୍ୟକ୍ତି ତାଙ୍କ ଶେଷ ଦର୍ଶନ କରିଥିଲେ।

**ଫାଟିଲା ପାଇପ୍**

# ଘରେ ପଶିଲା ଓପିଜିସି ପାଉଁଶ ପାଣି

ଇବଥର୍ମାଲ, ୧୬।୧୧ (ସମିସ): ବନହରପାଲି ନିକଟରେ ଓପିଜିସିର ତିଲିଆ ଆସପଣ୍ଡକୁ ଯାଇଥିବା ୩ୟ ଓ ୪ର୍ଥ ୟୁନିଟ୍ ଆସ୍ ପାଇପ ଫାଟିଯାଇଛି। ଫଳରେ ରବିବାର ନିକଟସ୍ଥ ଅଞ୍ଚଳର ଘରମାନଙ୍କରେ ପାଉଁଶ ପାଣି ପଶିବା ସହ ଚାଷଜମି, ପୋଖରୀ, କୂଅ ସବୁଠି ମାଡ଼ିଯାଇ ବ୍ୟାପକ କ୍ଷତି ଘଟାଇଛି। ଆଖପାଖ ସବୁ ଅଞ୍ଚଳରେ ପାଉଁଶ ପାଣି ପଶିଯାଇ ପ୍ରଭୁତ କ୍ଷତି ହୋଇଛି। ସ୍ଥାନୀୟ ଲୋକଙ୍କ କହିବାନୁସାରେ, ଆଜି ଭୋର୍ ୩ଟାରୁ ପାଉଁଶ ପାଣି ମାଡ଼ି ଆସିଥିଲା।



ଉମାଶଙ୍କର ସିଂଙ୍କ ଘର ଏବଂ ଦାଣ୍ଡରେ ପାଉଁଶ ପାଣି ପଶି ଅସ୍ୱାସ୍ଥ୍ୟକର ପରିବେଶ ସୃଷ୍ଟି କରିଛି। ସଦାକର ହାତୀଙ୍କ ଅଭିଯୋଗ ହେଲା ଯେ ତାଙ୍କର ଏବଂ ଆଖପାଖ ଅଞ୍ଚଳର ୪ ଏକରରୁ ଉର୍ଦ୍ଧ୍ୱ ଚାଷ ଜମିରେ ପାଉଁଶ ପାଣି ମାଡ଼ି ବ୍ୟାପକ ଫସଲ ନଷ୍ଟ ହୋଇଛି। ପାଉଁଶ ପାଣି ଏତେ ମାତ୍ରାରେ ବୋହି ଆସିଛି ଯେ ଏକ କୂଅ ସମ୍ପୂର୍ଣ୍ଣ ପୋତି ହୋଇଯାଇଛି। ଗାଁ ପୋଖରୀକୁ ମଧ୍ୟ ପାଉଁଶ ପାଣି ପଶି ପ୍ରଦୂଷିତ କରିଛି। ଏପରି ଘଟଣା ବାରମ୍ବାର ଘଟୁଥିବା ସ୍ଥାନୀୟ ଲୋକ ଅଭିଯୋଗ କରିଛନ୍ତି।

ସୂଚନାଯୋଗ୍ୟ, ଓପିଜିସିର ୩ ଓ ୪ ୟୁନିଟ୍ ଠିକ୍ ଭାବେ କାର୍ଯ୍ୟ କରୁନାହିଁ। ଏନେଇ ଦୀର୍ଘ ଦିନ ହେଲା ଅଭିଯୋଗ ହୋଇଆସୁଛି। ୨୦୧୯ରେ ଏହି ଦୁଇ ୟୁନିଟ୍ ଉଦ୍‌ଘାଟିତ ହୋଇଥିଲା। ତେବେ ଏହାପରେ ଏହି ପାଇପ ବାରମ୍ବାର ଫାଟି ପାଉଁଶ ପାଣି ଲୋକଙ୍କ ଘର ଦ୍ୱାରରେ ପଶି କ୍ଷୟକ୍ଷତି କରୁଥିଲେ ହେଁ ଏ ଦିଗରେ କୌଣସି ପଦକ୍ଷେପ ନିଆଯାଉନଥିବା ଅଭିଯୋଗ ହୋଇଛି। ୨୦୨୨ ନଭେମ୍ବରରେ ମଧ୍ୟ ସମାନ ଜାଗାରେ ୩-୪ ୟୁନିଟ୍‌ର ପାଉଁଶ ପାଇପ ଦୁଇଦିନ ବ୍ୟବଧାନରେ ଦୁଇ ଦୁଇଥର ଫାଟିଥିଲା। ଜିଲ୍ଲା ପ୍ରଶାସନ ଏ ଦିଗରେ ଉଚ୍ଚସ୍ତରୀୟ ତଦନ୍ତ କରି ଓପିଜିସିର ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ମଧ୍ୟ ଲୋକେ ଦାବି କରିଛନ୍ତି। ଏ ସଂକ୍ରାନ୍ତରେ ଓପିଜିସିର ଜନସମ୍ପର୍କ ଅଧିକାରୀ ହିମାଂଶୁ ବେହେରା କହିଛନ୍ତି, ଆଜିର ଘଟଣା ପରେ ସକାଳେ ଫାଟିଥିବା ଆସ୍ ପାଇପକୁ ପ୍ଲାଣ୍ଟରୁ ବନ୍ଦ କରାଯାଇଛି। ଆସ୍ ପାଣି ଅଳ୍ପ ସମୟ ପାଇଁ ହିଁ ବୋହିଥିଲା। ପାଇପର ମରାମତି କାମ ଚାଲିଛି। କ୍ଷତିର ସମ୍ମୁଖୀନ ହୋଇଥିବା ଲୋକଙ୍କ ସହ ଆଲୋଚନା କରାଯାଇଛି। ସେମାନଙ୍କ ପ୍ରକୃତ କ୍ଷତିପୂରଣ ଦିଆଯିବ ବୋଲି ସେ କହିଛନ୍ତି।

# ଦୁଇ ଏକର ଧାନ ଜଳିଗଲା

କଟକ, ୧୬।୧୧ (ସମିସ): ବାଙ୍କୀ ଏନ୍ଏସି ଅନ୍ତର୍ଗତ ବେଦପୁର ଗ୍ରାମ ନିକଟରେ ଥିବା ଧାନ ଫସଲ ଜମିରେ ଆଜି ମଧ୍ୟାହ୍ନରେ ଅଗ୍ନିକାଣ୍ଡ ଘଟି ଦୁଇ ଏକରରୁ ଅଧିକ ଜମିର ପାଚିଲା ଧାନ ପୋଡ଼ି ନଷ୍ଟ ହୋଇଯାଇଛି। କେହି ଦୁର୍ବୃତ୍ତ ଜାଣିଶୁଣି ନିଆଁ ଲଗାଇ ଦେଇଥିବା ସନ୍ଦେହ କରାଯାଉଛି। ଲୋକେ ଧାନ ଫସଲ ଜଳୁଥିବାର ଦେଖି ବାଙ୍କୀ ଅଗ୍ନିଶମ ବିଭାଗକୁ ଖବର ଦେଇଥିଲେ। ଅଗ୍ନିଶମ ବିଭାଗର କର୍ମଚାରୀମାନେ ତୁରନ୍ତ ଘଟଣାସ୍ଥଳରେ ପହଞ୍ଚି ନିଆଁକୁ ଆୟତ୍ତ କରିବାକୁ ଉଦ୍ୟମ କରିଥିଲେ। ନିଆଁ ଜମି ପାଖରେ ଥିବା ଶୁଖିଲା କାଶତଣ୍ଡୀ ପଡ଼ିଆରୁ ଆରମ୍ଭ ହୋଇଥିଲା। ଦୁର୍ବୃତ୍ତମାନେ ଶୁଖିଲା କାଶତଣ୍ଡୀରେ ନିଆଁ ଲଗାଇ ଦେବାରୁ ଏହି ଅଘଟଣ ଘଟିଥିବା କୁହାଯାଉଛି। କାଶତଣ୍ଡୀରୁ ନିଆଁ ବ୍ୟାପୀ ନିକଟସ୍ଥ ପାଚିଲା ଦୁଇ ଏକର ଧାନ ଜମିକୁ ବ୍ୟାପି ଯାଇଥିଲା। ତେବେ ଅଗ୍ନିଶମ କର୍ମଚାରୀଙ୍କ ଉଦ୍ୟମ ଯୋଗୁଁ ନିଆଁକୁ ଅଧିକ ଜମିକୁ ବ୍ୟାପିବାରୁ ଅଟକା ଯାଇପାରିଥିଲା।

**ଶୁଖିଲା କାଶତଣ୍ଡୀରେ ନିଆଁ ଲଗାଇଦେଲେ**



BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112



## ବର୍ଷ ସରିବାକୁ ଦେଢ଼ ମାସ

# ବଢୁଛି ମାମଲା ବୋଝ: ତଦନ୍ତ ଦିଗହରା

କଟକ,୧୬ ।୧୧(ସମିସ):

ଆଉ ଦେଢ଼ ମାସ ପରେ ବିଦାୟ ନେବ ୨୦୨୫। ଥାନାୱାରୀ ପଡ଼ି ରହିଥିବା ମାମଲାଗୁଡ଼ିକର ତଦନ୍ତ ଶେଷ କରିବାକୁ ବିଭାଗୀୟ ନିର୍ଦ୍ଦେଶ ରହିଥିବା ବେଳେ ୨୦୧୯ ମସିହାରୁ ୨୦୨୪ ମସିହା ପର୍ଯ୍ୟନ୍ତ ଦୀର୍ଘ ୬ବର୍ଷ ଧରି ସମସ୍ୟା ଲାଗି ରହିଛି। ଟାର୍ଗେଟ ଦିଆଯାଇଥିବା ମାମଲାର ତଦନ୍ତ ଶେଷ କରି ପାରୁନି ପୁଲିସ। ୨୦୧୯ରେ କଟକର ବିଭିନ୍ନ ଥାନାରେ ୫,୩୦୨ଟି ମାମଲା ରୁଜୁ ହୋଇଥିବା ବେଳେ ୨୦୨୦ ବର୍ଷରେ ଏହା ୫,୬୨୩କୁ ବୃଦ୍ଧି ପାଇଥିଲା। ୨୦୨୨ବର୍ଷରେ ଏହା ବଢ଼ି ୬,୪୩୭ରେ ପହଞ୍ଚିଥିଲା। ସେହିପରି ୨୦୨୩ବର୍ଷରେ ୭ହଜାର ୨୨୫ଟି ମାମଲା ରୁଜୁ ହୋଇଥିଲା। ଶେଷରେ ୨୦୨୪ ମସିହାରେ ମାମଲା ସଂଖ୍ୟା ୮ହଜାର ୫୪୫କୁ ବୃଦ୍ଧି ପାଇଥିଲା। ତେବେ ଏସବୁର ସମାଧାନ କ୍ଷେତ୍ରରେ କମିଶନରେଟ୍ ପୁଲିସର ବିଫଳତା ସାମ୍ନାକୁ ଆସିଛି।

କଟକ କମିସନରେଟର ବିଭିନ୍ନ ଥାନାରେ ଦିନକୁ ଦିନକୁ ମାମଲା ସଂଖ୍ୟା ବଢ଼ିବାରେ ଲାଗିଛି। ତେବେ ତଦନ୍ତ ଠିକ୍ ସମୟରେ ହେଉ ନଥିବାରୁ ହାତଗଣତିରେ କେତେକ ଥାନାକୁ ଛାଡିଦେଲେ ମାମଲାର ସଫଳତା ସେଭଳି ମିଳିପାରି ନଥିବା ଜଣାପଡ଼ିଛି। ଏନେଇ ଡିସିପି ଜଗମୋହନ ମିନା ଗତ ଜୁନ ୧ରୁ ୨୭ ତାରିଖ ପର୍ଯ୍ୟନ୍ତ କଟକ ୟୁପିଡିର ଥାନାୱାରୀ ତଦନ୍ତ ରିପୋର୍ଟ ସମୀକ୍ଷା କରିବା ପରେ ଏହି ତଥ୍ୟ ସାମ୍ନାକୁ ଆସିଛି। କଟକ କମିସନରେଟ ଅଧିନସ୍ଥ ୨୧ଟି ଥାନାକୁ ମୋଟ ୧୯୪୫ଟି ମାମଲାର ତଦନ୍ତ ଶେଷ କରିବା ଲାଗି ଟାର୍ଗେଟ ଦିଆଯାଇଥିଲା। ସେଥିରୁ ମୋଟ ୨୮ ପ୍ରତିଶତ

**୨୧ଟି ଥାନା ପାଇଁ ଟାର୍ଗେଟ ଥିଲା ୧୯୪୫ଟି ମାମଲା**

**ମାତ୍ର ୨୮ ପ୍ରତିଶତ ମାମଲାର ତଦନ୍ତ ସରିଛି**

ମାମଲାରେ ପୁଲିସ ସଫଳ ହୋଇଛି। ମୋଟ ୫୩୯ଟି ମାମଲାର ତଦନ୍ତ ସାରି କୋର୍ଟରେ ଚାର୍ଜସିଟ ଦାଖଲ କରିଛି। ଅପରାଧୀକ ମାମଲା ଭଳି ଅପମୃତ୍ୟୁ(ୟୁଡ଼ି) ମାମଲାଗୁଡିକର ତଦନ୍ତ ସାରିବାକୁ ମଧ୍ୟ ନିର୍ଦ୍ଦେଶ ଦିଆଯାଇଥିଲା। ଏହିକ୍ରମରେ ମୋଟ ୟୁଡି ମାମଲାରୁ ୧୯୮ଟି ମାମଲାର ତଦନ୍ତ ଶେଷ ହୋଇଛି।

ପ୍ରାପ୍ତ ସୂଚନା ଅନୁସାରେ, ଚୌଦ୍ୱାର ଥାନାକୁ ୧୬୬ ମାମଲାର ଟାର୍ଗେଟ ଦିଆଯାଇଥିଲା। ଏହି ସଂଖ୍ୟାରୁ ପୁଲିସ ମୋଟ ୮୫ଟି ମାମଲାର ତଦନ୍ତ ଶେଷ କରିଛି। ସେହିପରି ଜଗତପୁର ଥାନା ୧୩୮ଟି ମାମଲାରୁ ୪୩, ଚାଉଳିଆଗଞ୍ଜ ଥାନା ୮୧ରୁ ୩୪, ମାଲଗୋଦାମ ଥାନା ୭୨ଟି ମାମଲାରୁ ୨୩ଟି, ମଙ୍ଗଳାବାଗ ଥାନା ୯୮ରୁ ୨୬ ମାମଲାର ତଦନ୍ତ ଶେଷ କରିଛି। ମହିଳା ଥାନା ୬୪ରୁ ୧୪, କ୍ୟାଣ୍ଟନମେଣ୍ଟ ଥାନା ୭୦ରୁ ୧୮, ଦରଘାବଜାର ଥାନା ୬୦ରୁ ୮, ବିଡାନାସୀ ଥାନା ୭୭ରୁ ୧୬, ମର୍କତନଗର ଥାନା ୭୧ରୁ ୨୦, ଲାଲବାଗ ଥାନା ୧୦୯ରୁ ୨୬, ଫେଜ-୨ ଥାନା ୩୪ରୁ ୧୩, ସଦର ଥାନା ୧୮୨ରୁ ୪୪, ବାରଙ୍ଗ ଥାନା ୧୬୫ରୁ ୧୭, କନ୍ଦରପୁର ଥାନା ୪୯ରୁ ୧୨, ମଧୁପାଟଣା ଥାନା ୯୨ରୁ ୧୯ଟି, ବାଦାମବାଡି ଥାନା ୧୨୫ରୁ ୫୨, ପୁରୀଘାଟ ଥାନା ୭୪ରୁ ୨୩, ସାଇବର ଥାନା ୮୯ରୁ ୨, ୪୨ମୌଜା ଥାନା ୮୭ରୁ ୨୩, ସିଆରଆରଆଇ ଥାନା ୪୨ରୁ ୨୩ଟି ଆଦି ମିଶାଇ ୫୩୯ଟି ମାମଲାର ତଦନ୍ତ ଶେଷ ହୋଇଛି। ସେହିପରି ଅପମୃତ୍ୟୁ(ୟୁଡି) ମାମଲା ମଧ୍ୟରୁ ଜଗତପୁର ଥାନା ୪, ମଙ୍ଗଳାବାଗ ଥାନା ୧୭୭ଟି, ଲାଲବାଗ ଥାନା ୨ଟି, ବିଡ଼ାନାସୀ ଥାନା ୫ଟି, ମର୍କତନଗର ଥାନା ୫ଟି, କଟକ ସଦର ଥାନା ୧ଟି, ଚାଉଳିଆଗଞ୍ଜ ଥାନା ୧ଟି, ମଧୁପାଟଣା ଥାନା ୧ଟି, ପୁରୀଘାଟ ଥାନା ୨ଟି ମିଶାଇ ମୋଟ୍ ୧୯୮ଟି ମାମଲା ରୁଜୁ ହୋଇଛି। କୌଣସି ଗୋଟିଏ ଥାନା ସେମାନଙ୍କର ଟାର୍ଗେଟ ପୂରଣ କରିପାରିନାହାନ୍ତି। ତେବେ ଏସବୁକୁ ଦୃଷ୍ଟି ଦେଇ ଡିସିପି ଖିଲାରୀ ଋଷିକେଶ ଦ୍ୟାନ୍‌ଦେଓ ଥାନାୱାରୀ ପଡ଼ି ରହିଥିବା ମାମଲା ଗୁଡ଼ିକର ପୁନଃତଦନ୍ତ ଖୁବଶୀଘ୍ର ଶେଷ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି।

# ସଡ଼କ ଦୁର୍ଘଟଣା ପୀଡ଼ିତଙ୍କ ସ୍ମରଣ ଦିବସ



କଟକ,୧୬ ।୧୧(ସମିସ): ସଡ଼କ ଦୁର୍ଘଟଣାରେ ମୃତକ ଓ ପୀଡ଼ିତ ସ୍ମୃତି-ସମ୍ମାନ ଏବଂ ସେମାନଙ୍କ ପରିବାର ସଦସ୍ୟଙ୍କୁ ସମବେଦନା ଜଣାଇବା ଉଦ୍ଦେଶ୍ୟରେ ପଦ୍ମିନୀ କେୟାର ହସପିଟାଲ ଓ ଡ୍ରିମ୍‌ସ ମେଡିକାଲ କଲେଜ, ସ୍ୱେଚ୍ଛାସେବୀ ସଂଗଠନ 'କମନ୍ ଆକ୍ସନ୍ ଫର ରୋଡ ସେଫ୍ଟି' (କାର), ରାଜ୍ୟ ସଡକ ପରିବହନ କର୍ତ୍ତୃପକ୍ଷ ଏବଂ କଟକ ଜିଲ୍ଲା ପରିବହନ ବିଭାଗ ମିଳିତ ଆନୁକୂଲ୍ୟରେ ଆଲୋଚନାଚକ୍ର ଆୟୋଜିତ ହୋଇଯାଇଛି। ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟ ପ୍ରତିଷ୍ଠାତା ଅଧ୍ୟକ୍ଷ ଡଃ ପ୍ରମୋଦଚନ୍ଦ୍ର ରଥ ଅଭାସୀ ମାଧ୍ୟମରେ ନିମନ୍ତ୍ରିତ ଅତିଥିଙ୍କୁ ସ୍ୱାଗତ କରିବା ସହ ଏହାର ସଫଳତା କାମନା କରିଥିଲେ। ମୁଖ୍ୟଅତିଥି ଭାବେ ଚୌଦ୍ୱାର-କଟକ ବିଧାୟକ ସୌଭିକ୍ ବିଶ୍ୱାଳ ଏହାକୁ ଉଦ୍‌ଘାଟନ କରିଥିଲେ। ସମ୍ମାନିତ ଅତିଥି କଟକ ଡିସିପି ଖିଲାରୀ ରିଷିକେଶ ଦ୍ୟାନ୍‌ଦେଓ, କଟକ ପରିବହନ ବିଭାଗର ଅଧିକାରୀ ନେତ୍ରାନନ୍ଦ ମିଶ୍ର, ଅନ୍ୟତମ ସମ୍ମାନିତ ଅତିଥି ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟର ପ୍ରଶାସନିକ ନିର୍ଦ୍ଦେଶକ ବଳରାମ କର, 'ପଦ୍ମିନୀ କେୟାର' ହସ୍ପିଟାଲ ପରିଚାଳନା ନିର୍ଦ୍ଦେଶିକା ନୀଳଞ୍ଜନା ମୁଖାର୍ଜୀ, ନିର୍ଦ୍ଦେଶକ ଡା. ପିକେ ମିଶ୍ର ବକ୍ତବ୍ୟ ପ୍ରଦାନ କରି ସଡକ ଦୁର୍ଘଟଣାର ବିଭିନ୍ନ କାରଣ, ପୀଡିତଙ୍କ ଆଶୁ ଚିକିତ୍ସା ଓ ଦୁର୍ଘଟଣାକୁ କିପରି ନିୟନ୍ତ୍ରଣ କରାଯାଇପାରିବ ସେ ସଂପର୍କରେ ଉଲ୍ଲେଖ କରିଥିଲେ। 'କମନ୍ ଆକ୍ସନ ଫର୍ ରୋଡ୍ ସେଫ୍ଟିର ଅଧ୍ୟକ୍ଷ ଆଇନଜୀବୀ ସୁଜିତ୍ ସେନାପତି କାର୍ଯ୍ୟକ୍ରମ ସଂଯୋଜନା କରିଥିଲେ। ଡ୍ରିମ୍‌ସ ବିଶ୍ୱବିଦ୍ୟାଳୟର ବରିଷ୍ଠ ନିର୍ଦ୍ଦେଶକ ପ୍ରଦୀପ୍ତଚନ୍ଦ୍ର ରଥ, ବିଶିଷ୍ଟ ଅସ୍ଥିଶଲ୍ୟ ବିଶେଷଜ୍ଞ ପ୍ରଫେସର ଡା. ଶକ୍ତିପ୍ରସାଦ ଦାସ, ପ୍ରଫେସର ଡ. ଆଲୋକ ବିଶ୍ୱାଳ, ନିର୍ଦ୍ଦେଶକ ନବକିଶୋର ମିଶ୍ର, ନିର୍ଦ୍ଦେଶକ ପ୍ରାଧ୍ୟାପକ ଲୋକନାଥ ବେହେରା, 'ଡିନ୍' ଡା. ଦୁର୍ଗାପ୍ରସାଦ ମିଶ୍ର, ନର୍ସିଂ ସ୍କୁଲର ସହାକାରୀ 'ଡିନ୍' ଏନ୍ ପ୍ରେମଲତା ଦେବୀ, ପ୍ରଶାସନିକ ଅଧିକାରୀ ଆଶୁତୋଷ ଦ୍ୱିବେଦୀ ପ୍ରମୁଖ କାର୍ଯ୍ୟକ୍ରମରେ ଯୋଗ ଦେଇଥିଲେ।

## ରେଭେନ୍ସାରେ ଜାତୀୟ ପ୍ରେସ୍ ଦିବସ ସେମିନାର

କଟକ,୧୬।୧୧(ସମିସ): ରେଭେନ୍ସା ବିଶ୍ୱବିଦ୍ୟାଳୟର ଐତିହାସିକ ହେରିଟେଜ ହଲରେ 'ମିଡ଼ିଆ ଇନ୍ ଏ ଚେଞ୍ଜିଙ୍ଗ ୱାର୍ଲଡ୍' ଶୀର୍ଷକ ସେମିନାର ସାମ୍ବାଦିକତା ଓ ଗଣଯୋଗାଯୋଗ ବିଭାଗ ଦ୍ୱାରା ଆୟୋଜିତ ହେବା ସହିତ ଜାତୀୟ ପ୍ରେସ୍ ଦିବସ ପାଳିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ପ୍ରାକ୍ତନ ରାଜ୍ୟ ସୂଚନା କମିଶନର ଦିଲ୍ଲୀପ ବିଶୋଇ ଯୋଗଦେଇଥିବା ବେଳେ ବିଶିଷ୍ଟ ସାମ୍ବାଦିକ ନୀଳାମ୍ବର ରଥ ମୁଖ୍ୟବକ୍ତା ଭାବେ ଯୋଗଦେଇଥିଲେ। କଳିଙ୍ଗ ଟିଭିର ଉପସମ୍ପାଦକ ଡ. ସୌମ୍ୟା ପରିଡ଼ା ସମ୍ମାନିତ ଅତିଥି ଭାବେ ଉପସ୍ଥିତ ଥିଲେ। ବିଭାଗ୍ ତଥା ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ପ୍ରାଧ୍ୟାପକ ଧର୍ମବ୍ରତ ମହାପାତ୍ର କାର୍ଯ୍ୟକ୍ରମର ଉଦଘାଟନ କରିଥିଲେ। ବିଭାଗର ସଂଯୋଜକ ଡ. ଦେବୀଲାଲ



ମିଶ୍ର କାର୍ଯ୍ୟକ୍ରମରେ ଅଧ୍ୟକ୍ଷତା କରିଥିଲେ। ଏହି ଅବସରରେ ଅତିଥି ଓ ବକ୍ତାମାନେ ଗଣମାଧ୍ୟମର ସ୍ୱାଧୀନତା, ଦାୟିତ୍ୱବୋଧ ଓ ବିଭିନ୍ନ ଆହ୍ୱାନ ଉପରେ ଗୁରୁତ୍ୱ ଦେଇଥିଲେ। ଅଧ୍ୟାପିକା ଶ୍ରୀମୟୀ ରଥ ମଞ୍ଚ ପରିଚାଳନା କରିଥିଲେ। ବିଭାଗର ଅଧ୍ୟାପକ ଜୟନ୍ତ ସ୍ୱାଇଁ, ସାର୍ଥକ ଅଭ୍ୟୁଦୟ, ସ୍ୱୟଂପ୍ରକାଶ ବେଦାନ୍ତଙ୍କ ସମେତ ବିଭାଗର ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ।

## 'ଓଡ଼ିଶା ପ୍ରେସ୍ ଆଣ୍ଡ ମିଡିଆ' ପକ୍ଷରୁ ପ୍ରେସ୍ ଦିବସ




କଟକ,୧୬।୧୧(ସମିସ): ଅଗ୍ରଣୀ ସାମାଜିକ ଅନୁଷ୍ଠାନ ଓଡ଼ିଶା ପ୍ରେସ ଆଣ୍ଡ ମିଡିଆ ଟ୍ରଷ୍ଟ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ ପାଳନ ସହିତ ସମ୍ବାଦପତ୍ର ପ୍ରଦର୍ଶନୀ କଲେଜ ଛକଠାରେ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମକୁ ସ୍ଥାନୀୟ କର୍ପୋରେଟର ଶୁଭାଶିଷ କୁମାର ପଟ୍ଟନାୟକ ଓ କର୍ପୋରେଟର ସନ୍ତୋଷ କୁମାର ଭୋଳ ଉଦଘାଟନ କରିଥିଲେ। ଏହି ଅବସରରେ ତିନି ଶହରୁ ଉର୍ଦ୍ଧ୍ୱ ବିଭିନ୍ନ ଓଡ଼ିଆ ସମ୍ବାଦପତ୍ରମାନ ପ୍ରଦର୍ଶିତ ହୋଇଥିଲା, ଯେଉଁଥିରେ ଉତ୍କଳ ଦୀପିକା,

**ସମ୍ବାଦପତ୍ର ପ୍ରଦର୍ଶନୀ**

ମାତୃଭୂମି, ଆଶା, ପ୍ରଦୀପ, ଉତ୍କଳ ମଧୁପ, ସମ୍ବଲପୁର ହିତୈଷିଣୀ ଭଳି ଐତିହାସିକ ଖବରକାଗଜ ସହିତ ଅଦ୍ୟାବଧି ପ୍ରକାଶିତ ସମାଜ, ପ୍ରଜାତନ୍ତ୍ର, ମାତୃଭାଷା, ସମ୍ବାଦ, ସମୟ, ପର୍ଯ୍ୟବେକ୍ଷକ, ପ୍ରଗତିବାଦୀ, ପ୍ରମେୟ, ସକାଳ, ସତ୍ୟର ସନ୍ଧାନ, ନିର୍ଭୟ ସୂଚନା, ଉତ୍କଳ ମେଲ, ବିଶ୍ୱାସ ଭଳି ଅନେକ ସମ୍ବାଦପତ୍ରମାନ ସ୍ଥାନିତ ହୋଇଥିଲା। ଅନୁଷ୍ଠାନର ସଭାପତି କିଶୋର କୁମାର ମିଶ୍ରଙ୍କ ସହିତ ଭକ୍ତି ଭୂଷଣ ମହାନ୍ତି, ମିର୍ଜା ରିଜୱାନ ବେଗ, ପ୍ରଶାନ୍ତ କାନୁନଗୋ, ଶୈଳେନ୍ଦ୍ର ସାହୁ, ରାମେଶ୍ୱରୀ ସାହୁ, ଅନିଲ ଦାସ, ତନୁଶ୍ରୀ ବାରିକ, ବିକ୍ରମ ବାରିକ, ଯୋଗେଶ ଶର୍ମା, ବିଦ୍ୟାଧର ସାହୁ, ପ୍ରଶାନ୍ତ ବେହେରା, ସୁପ୍ରଭା ରାଉତ, ମୌସୁମୀ ରାଉତରାୟ, ସୁପ୍ରିୟା ରାଉତ, ତପନ ସ୍ୱାଇଁ, ଖୁସି ଆଚାର୍ଯ୍ୟ ପ୍ରମୁଖ ଏହି କାର୍ଯ୍ୟକ୍ରମରେ ଯୋଗଦେଇଥିଲେ ଓ ରାକେଶ ଶତପଥି, ଓଁକାର ରାଉତ ଓ ସିପନ ସ୍ୱାଇଁ ଉକ୍ତ କାର୍ଯ୍ୟକ୍ରମକୁ ପରିଚାଳନା କରିଥିଲେ। ଅନୁଷ୍ଠାନର ସମ୍ପାଦକ ପ୍ରିୟରଞ୍ଜନ ମହାପାତ୍ର ଧନ୍ୟବାଦ ଦେଇଥିଲେ।

## କଟକ ପ୍ରେସ କ୍ଲବ୍ ପକ୍ଷରୁ ଜାତୀୟ ପ୍ରେସ୍ ଦିବସ



କଟକ,୧୬ ।୧୧(ସମିସ): ପ୍ରେସ କ୍ଲବ, କଟକ ପକ୍ଷରୁ ଜାତୀୟ ପ୍ରେସ ଦିବସ ପାଳିତ ହୋଇଯାଇଛି। ବରିଷ୍ଠ ସାମ୍ବାଦିକ ପ୍ରଦୀପ ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ରାଜ୍ୟ ସୂଚନା କମିଶନର ସୁଶାନ୍ତ କୁମାର ମହାନ୍ତି କହିଲେ ଯେ ସାମ୍ବାଦିକମାନେ ବହୁ ପ୍ରତିକୂଳ ପରିସ୍ଥିତିରେ କାର୍ଯ୍ୟ କରୁଛନ୍ତି। ସମସ୍ତେ ଏକତ୍ରିତ ହୋଇ ଉଦ୍ୟମ କଲେ ସାମ୍ବାଦିକମାନଙ୍କ ବହୁବିଧ ସମସ୍ୟାର ସମାଧାନ ହୋଇପାରିବ। ସୂଚନା ପାଇବାର ଅଧିକାର (ଆରଟିଆଇ) ବଳରେ ଉନ୍ନତ ସମ୍ବାଦ ପରିବେଷଣ କରାଯାଇପାରିବ। ଏହାର ସୁବିଧା ନେବାକୁ ସେ ସାମ୍ବାଦିକମାନଙ୍କୁ ସେ ଆହ୍ୱାନ ଦେଇଥିଲେ। ମୁଖ୍ୟବକ୍ତା ଭାବେ ଭାରତୀୟ ସୂଚନା ସେବା ଅଧିକାରୀ ତଥା ଆକାଶବାଣୀ କଟକ ସମ୍ବାଦ ବିଭାଗର ବାର୍ତ୍ତା ସମ୍ପାଦକ ଇତିଶ୍ରୀ ସିଂ ରାଠୋର ଯୋଗଦେଇ କହିଲେ ଯେ ଯୁବ ସାମ୍ବାଦିକମାନେ ଗଭୀର ଭାବେ ଅଧ୍ୟୟନ କରି ସତ୍ୟ ସମ୍ବାଦ ପରିବେଷଣ କରିବା ଲାଗି ନିଜକୁ ପ୍ରସ୍ତୁତ କରିବା ଉଚିତ। ଏଥିସହ ବିଭିନ୍ନ ପ୍ରସଙ୍ଗରେ ଧାରାବାହିକ ଭାବେ ଆଲୋଚନଚକ୍ର କରିବା କ୍ଷେତ୍ରରେ ରାଜ୍ୟର ସର୍ବପୁରାତନ ପ୍ରେସ କ୍ଲବ, କଟକ ଉଦ୍ୟମ କରିବା ଉଚିତ ବୋଲି ସେ କହିଥିଲେ। ଓଡିଶା ଇପିଏଫ ପେନସର୍ସ ସଂଘର ସର୍ବଭାରତୀୟ ଉପସଭାପତି ଭାଗ୍ୟଧର ବ୍ରହ୍ମା, ସାମ୍ବାଦିକ ରୋହନ ମହାନ୍ତି, ସାହିତ୍ୟ ସଂଗଠକ ଚିତ୍ତରଞ୍ଜନ ଦାଶ,ସ୍ତମ୍ଭକାର ତଥା ବିଜେପି ନେତା ସୁନୀଲ ଦ୍ୱିବେଦୀ ଯୋଗ ଦେଇଥିଲେ। ପ୍ରେସ କ୍ଲବର ସଂଯୋଜକ ସାମ୍ବାଦିକ ଆଲୋକ କୁମାର ନାୟକ ଆଗାମୀ ଦିନରେ ସାମ୍ବାଦିକ ସୁରକ୍ଷା ଆଇନ ପ୍ରଣୟନ ସହ ସାମ୍ବାଦିକମାନଙ୍କ ପେନସନ ପାଇଁ ପ୍ରେସକ୍ଲବ, କଟକ ତା'ର ସ୍ୱରକୁ ତୀବ୍ର କରିବ ବୋଲି କହିଥିଲେ। ବରିଷ୍ଠ ସାମ୍ବାଦିକ ତଥା ସଙ୍ଗୀତକାର ମୁରଲୀଧର ନାୟକଙ୍କ ଜଗନ୍ନାଥ ଜଣାଣ ପରିବେଷଣରୁ କାର୍ଯ୍ୟକ୍ରମ ଆରମ୍ଭ ହୋଇଥଲା। ବରିଷ୍ଠ ସାମ୍ବାଦିକ ଅମ୍ଳାନବଦନ ପଟ୍ଟନାୟକ, ତପନ ସାହୁ, ପ୍ରତାପ ସେନାପତି, ରବୀନ୍ଦ୍ର ପାଢୀ, ଅଭିଜିତ ଚନ୍ଦ୍ର ପ୍ରମୁଖ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ସାମ୍ବାଦିକ ପ୍ରତାପ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଏସ୍‌ସିବିର ୮ କର୍ମଚାରୀଙ୍କୁ କାରଣଦର୍ଶାଅ ନୋଟିସ୍

କଟକ,୧୬।୧୧(ସମିସ): ଏସ୍‌ସିବିର ଟ୍ରମା ଓ ନନ୍‌ଟ୍ରମା କାଜୁଆଲଟି ଭଳି ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବିଭାଗରେ ଡ୍ୟୁଟି ସମୟରେ ଅନୁପସ୍ଥିତ ରହିଥିବା ୮ ଜଣ କର୍ମଚାରୀଙ୍କୁ ମେଡିକାଲ୍ କର୍ତ୍ତୃପକ୍ଷ କାରଣ ଦର୍ଶାଅ ନୋଟିସ ଜାରି କରିଛନ୍ତି। ଯଥାର୍ଥ କାରଣ ନ ଦର୍ଶାଇଲେ କିଛି ଦିନର ଦରମା କଟାଯିବା ସହ ଚେତାବନୀ ଦିଆଯାଇଥିବା ମେଡିକାଲ୍ ପକ୍ଷରୁ ସୂଚନା ମିଳିଛି। ପ୍ରକାଶଯୋଗ୍ୟ, ଦୁଇ ଦିନ ପୂର୍ବେ ବିଳମ୍ବିତ ରାତିରେ ମେଡିକାଲ୍‌ର ଅତିରିକ୍ତ ଅଧୀକ୍ଷକ ଡା. ଜ୍ୟୋତିର୍ମୟ ନାୟକଙ୍କ ସମେତ ଅନ୍ୟ ଅଧିକାରୀମାନେ ଟ୍ରମା କାଜୁଆଲଟିକୁ ଅଚାନକ ପରିଦର୍ଶନରେ ଯାଇଥିଲେ। ଉକ୍ତ ସମୟରେ କାଜୁଆଲଟିରେ ଫାର୍ମାସିଷ୍ଟ, ଇସିଜି ଟେକ୍ନିସିଆନ୍, ୱାର୍ଡ ଅଟେଣ୍ଡାଣ୍ଟ ଓ ସହାୟକ ପଦର ପ୍ରାୟ ୮ ଜଣ କର୍ମଚାରୀ ଡ୍ୟୁଟି ସମୟରେ ଅନୁପସ୍ଥିତ ଥିଲେ। ଏନେଇ ମେଡିକାଲ୍‌ର ପରିଚାଳନା ବ୍ୟବସ୍ଥା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏପରି ଘଟଣା ନଜରକୁ ଆସିବା ପରେ ମେଡିକାଲ୍ କର୍ତ୍ତୃପକ୍ଷ ଉକ୍ତ ୮ ଜଣଙ୍କୁ କାରଣ ଦର୍ଶାଅ ନୋଟିସ ଜାରି କରିଛନ୍ତି ଏବଂ ଟ୍ରମା କାଜୁଆଲଟି ମେଡିକାଲ୍ ଅଫିସରଙ୍କୁ ମଧ୍ୟ ଅନୁପସ୍ଥିତିର କାରଣ ସମ୍ପର୍କରେ ପଚରାଉଚରା କରାଯାଇଛି। ଅତିରିକ୍ତ ଅଧୀକ୍ଷକ ଡା. ନାୟକ କହିଛନ୍ତି ଯେ ଟ୍ରମା ଓ ନନ୍‌ଟ୍ରମା କାଜୁଆଲିଟି ବହୁ ଗୁରୁତ୍ୱପୂର୍ଣ୍ଣ ବିଭାଗ ହୋଇଥିବାରୁ ଏଠାରେ କର୍ମଚାରୀ ଅନୁପସ୍ଥିତ ରହିବା ଏବଂ ଅବଗତ ନ କରାଇବା ଘଟଣାକୁ ଆଦୌ ବରଦାସ୍ତ କରାଯିବ ନାହିଁ। ଯଦି କର୍ମଚାରୀଙ୍କ କାରଣ ଯଥାର୍ଥ ଓ ପ୍ରମାଣଯୁକ୍ତ ନ ହୁଏ, ତେବେ ସେମାନଙ୍କ ଦରମା କାଟ୍ କରାଯିବ। ସେ ଆହୁରି ମଧ୍ୟ ସୂଚନା ଦେଇଛନ୍ତି ଯେ ଏଭଳି ଅବହେଳା କରୁଥିବା କର୍ମଚାରୀଙ୍କୁ ପ୍ରଥମେ ଦୁଇ ଥର ଚେତାବନୀ ଦିଆଯିବ ଏବଂ ତୃତୀୟ ଥରରେ କାମରେ ଖିଲାପ କରୁଥିବା ଧରାଗଲେ ନିଲମ୍ବନ କରାଯିବ।

## ଏଲ୍‌ଆଇସି ସିବିଓ ୨ କୋଠା ନବୀକରଣ ଉତ୍ସବ

କଟକ,୧୬।୧୧(ସମିସ): କଟକ ମଣ୍ଡଳର ଲିଙ୍କ୍ ରୋଡ ଶାଖା ସିବିଓ ୨ କୋଠା ନବୀକରଣ କରାଯାଇଛି। ଏହି ନବୀକରଣ ଉତ୍ସବରେ ପୂର୍ବ କେନ୍ଦ୍ରୀୟ ପ୍ରବନ୍ଧକ ପ୍ରେମେନ୍ଦ୍ର ହରି ଗୃହ ପ୍ରବେଶ କରିବା ସହ କହିଥିଲେ ଯେ ଏଲଆଇସି ବୀମାଧାରୀଙ୍କ ସହିତ ସବୁବେଳେ ଛିଡା ହୋଇଛି। ସେମାନଙ୍କର ସମସ୍ତ ସୁବିଧା ଯୋଗାଇ ଦିଆଯାଉଛି। ଏହି କାର୍ଯ୍ୟକ୍ରମରେ ପ୍ରବନ୍ଧକଙ୍କ ସହିତ କଟକ ମଣ୍ଡଳର ବରିଷ୍ଠ ମଣ୍ଡଳ ପ୍ରବନ୍ଧକ ଅସିମ କୁମାର ଏବଂ କଟକ ମଣ୍ଡଳର ଉଚ୍ଚ ପଦାଧିକାରୀ ଯୋଗଦାନ କରିଥିଲେ। ଶାଖାର ବରିଷ୍ଠ ଶାଖା ପ୍ରବନ୍ଧକ ବିଶ୍ୱରଞ୍ଜନ ଜାଲି, ଶାଖାର ସମସ୍ତ ପଦାଧିକାରୀ ଓ ସମସ୍ତ କର୍ମକର୍ତ୍ତା ଓ ଅଭିକର୍ତ୍ତା ବନ୍ଧୁ, ବୀମା ସଖୀ ଭଉଣୀମାନେ ଯୋଗଦାନ କରିଥିଲେ।



## ନଗର କଂଗ୍ରେସ ପକ୍ଷରୁ ସାଂଗଠନିକ ବୈଠକ




କଟକ, ୧୬।୧୧ (ସମିସ): ପୁରୀଘାଟସ୍ଥିତ କଂଗ୍ରେସ କାର୍ଯ୍ୟାଳୟରେ ସଭାପତି ଗିରିବାଳା ବେହେରା ଅଧ୍ୟକ୍ଷତାରେ ଏକ ସାଂଗଠନିକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଏଥିରେ ବିଧାୟିକା ସୋଫିଆ ଫିରଦୋସ ଓ ପୂର୍ବତନ ବିଧାୟକ ମହମ୍ମଦ ମୋକିମ କଂଗ୍ରେସ ସଂଗଠନକୁ କିପରି ୱାର୍ଡସ୍ତରରୁ ମଜଭୁତ କରାଯିବ ଏବଂ ନୂତନ ଯୁବକ ଓ ଯୁବତୀଙ୍କୁ କିପରି ସଂଗଠନରେ ପ୍ରାଧାନ୍ୟ ଦିଆଯିବ ସେ ଦିଗରେ ଆଲୋଚନା କରିଥିଲେ। ୱାର୍ଡସ୍ତରରେ କମିଟିଗୁଡିକରେ ଯୁବକଙ୍କୁ ଦାୟିତ୍ୱ ଦିଆଯିବା ନେଇ ମଧ୍ୟ ଆଲୋଚନା କରାଯାଇଥିଲା। ନଗର କମିଟି ଓ ୱାର୍ଡ କମିଟି ତୁରନ୍ତ ଗଠନ କରାଯିବ ବୋଲି ଶ୍ରୀମତୀ ବେହେରା କହିଥିଲେ। ଆଗାମୀ ପୌର ନିର୍ବାଚନ କିପରି ଦଳ ଭଲ ପ୍ରଦର୍ଶନ କରିବ ସେଥିପାଇଁ ସମସ୍ତ ନେତୃବୃନ୍ଦମାନେ ଆଲୋଚନା କରିଥିଲେ। କର୍ପୋରେଟର ସନ୍ତୋଷ ଭୋଳ, ଭାନୁ ସେନାପତି, ଲିଜା ରାଉତ, ଶୁବାଶିଷ ପଟ୍ଟନାୟକ, ଜନାର୍ଦ୍ଦନ ପରିଡ଼ା, ବରିଷ୍ଠ ନେତା କେଦାର ପୃଷ୍ଟି, ଶରତଚନ୍ଦ୍ର ସେଠୀ, ଅନିତା ନାୟକ, ଇଶ୍ରତ ଯାହାଁ ପ୍ରମୁଖ ଉପସ୍ଥିତ ଥିଲେ।

### ପ୍ରଶାସନ ଉପରେ ବର୍ଷିଲେ ମେୟର

# 'ବାଲିଯାତ୍ରାରେ ସୃଷ୍ଟି ହେଲା କଳଙ୍କିତ ଅଧ୍ୟାୟ'

କଟକ,୧୬।୧୧(ସମିସ):

ଅନେକ ଅବ୍ୟବସ୍ଥା ଭିତରେ ଶେଷ ହୋଇଛି ଚଳିତବର୍ଷର ବାଲିଯାତ୍ରା। ପ୍ରଶାସନର ଦୂରଦର୍ଶିତା ଅଭାବ ଯୋଗୁଁ ଭିଡ଼ ନିୟନ୍ତ୍ରଣ ହୋଇପାରିଲା ନାହିଁ, ଏଣୁ ମେଳା ଦେଖଣାହାରୀ ହନ୍ତସନ୍ତ ହେଲେ। ତେବେ

**ସିଏମ୍‌ସିକୁ କଣଠେସା କରୁଛି ଜିଲ୍ଲା ପ୍ରଶାସନ**

**ଅବ୍ୟବସ୍ଥାକୁ ନିନ୍ଦା କଲେ; ନିମନ୍ତ୍ରଣପତ୍ର ଚିରିଲେ**

ବାଲିଯାତ୍ରା ଶେଷ ହେବା ପରେ ଆଜି ଏକ ସାମ୍ବାଦିକ ସମ୍ମିଳନୀ ଜରିଆରେ କଟକ ଜିଲ୍ଲା ପ୍ରଶାସନ ଉପରେ ବର୍ଷିଛନ୍ତି କଟକ ମହାନଗର ନିଗମ ମେୟର ସୁବାସ ସିଂହ। ପ୍ରଶାସନର ଷଡଯନ୍ତ୍ରରେ ବାଲିଯାତ୍ରା ଶ୍ରୀହୀନ ହୋଇଗଲା। ଏଥରର ବାଲିଯାତ୍ରା ଏକ କଳଙ୍କିତ ଅଧ୍ୟାୟ ସୃଷ୍ଟି କଲା ବୋଲି ମେୟର ଶ୍ରୀ ସିଂହ କ୍ଷୋଭଭରା କଣ୍ଠରେ କହିଥିଲେ।



ଏପରିକି ପ୍ରଶାସନିକ ବ୍ୟବସ୍ଥାକୁ ନିନ୍ଦା କରି ସେ ବାଲିଯାତ୍ରାର ନିମନ୍ତ୍ରଣପତ୍ରକୁ ଚିରି ଦେଇଥିଲେ।

ଉପର ପଡ଼ିଆରେ ବାଲିଯାତ୍ରା ଆୟୋଜନ ନେଇ ବିଭିନ୍ନ ବର୍ଗରୁ ପ୍ରତିବାଦର ସ୍ୱର ଉଠିଥିଲା। ସମସ୍ତ ରାଜନୈତିକ ଦଳ, ସ୍ୱେଚ୍ଛାସେବୀ ସଂଗଠନ ଦାବି କରିଥିଲେ। ରାଜ୍ୟ ସରକାର ଏବଂ ହାଇକୋର୍ଟ ଏନେଇ ସ୍ପଷ୍ଟୀକରଣ ମଧ୍ୟ ଦେଇଥିଲେ। ତଥାପି ପ୍ରଶାସନ କର୍ଣ୍ଣପାତ କରି ନଥିଲା। ମେଳାରେ ସଫେଇ, ଆଲୋକୀକରଣ, କଟକ ଇନ କଟକ ବିଭିନ୍ନ କାର୍ଯ୍ୟ ସିଏମ୍‌ସି ପକ୍ଷରୁ ହୋଇଥାଏ। ହେଲେ ପ୍ରଶାସନ ସିଏମ୍‌ସିକୁ କଣଠେସା କରିଦେଲା। ଉଦ୍‌ଘାଟନୀ ଉତ୍ସବର ନିମନ୍ତ୍ରଣ ପତ୍ରରେ କଟକର ପ୍ରଥମ ନାଗରିକ ଭାବେ ମେୟରଙ୍କୁ ଯେପରି ସମ୍ମାନ ମିଳିବା କଥା ସେପରି ମିଳି ନଥିଲା। ଉଦଯାପନୀ ଉତ୍ସବ ନିମନ୍ତ୍ରଣପତ୍ରରେ ମେୟରଙ୍କ ନାମ କାଟି ଦିଆଯାଇଛି। ପ୍ରଶାସନ ପକ୍ଷରୁ ସିଏମ୍‌ସିକୁ ନିନ୍ଦିତ କରିବା ପାଇଁ ଚକ୍ରାନ୍ତ ହୋଇଥିଲା ବୋଲି ଶ୍ରୀ ସିଂହ ଅଭିଯୋଗରେ କହିଛନ୍ତି। ଗତବର୍ଷଠାରୁ ନିଗମକୁ ଦୂରେଇ ରଖିବାକୁ ଯୋଜନା ହୋଇଛି। ଚଳିତଥର ଉଠା ଦୋକାନୀଙ୍କ ପାଇଁ ବିଶେଷ କିଛି ବ୍ୟବସ୍ଥା କରାଗଲା ନାହିଁ। ଏପରିକି ଆଠଗଡ଼ ଉପଜିଲ୍ଲାପାଳ ବୁଲଡୋଜର ଚଢାଇ ଯେପରି ଅତ୍ୟାଚାର କଲେ ତାହା ନିନ୍ଦନୀୟ। ଉପଜିଲ୍ଲାପାଳଙ୍କ ଏତାଦୃଶ କାର୍ଯ୍ୟ ଉପରେ ରାଜ୍ୟ ସରକାର ପଦକ୍ଷେପ ନେବା ଉଚିତ୍। କଟକ ଇନ କଟକରେ ମଧ୍ୟ କୌଣସି ଆକର୍ଷଣୀୟ କାର୍ଯ୍ୟକ୍ରମ କରା ନଯିବା ଦୁଃଖର ବିଷୟ ବୋଲି ମେୟର କହିଛନ୍ତି। ଏ ସଂକ୍ରାନ୍ତରେ ସିଏମ୍‌ସି ପକ୍ଷରୁ ବିଧିବଦ୍ଧ ଭାବେ ମୁଖ୍ୟମନ୍ତ୍ରୀ, ମୁଖ୍ୟ ଶାସନ ସଚିବଙ୍କୁ ଚିଠି ଲେଖି ପଦକ୍ଷେପ ନେବାକୁ ଦାବି ଜଣାଇବୁ ବୋଲି ମେୟର ସ୍ପଷ୍ଟ କରିଛନ୍ତି। ସମ୍ମିଳନୀରେ ଡେପୁଟି ମେୟର ଦମୟନ୍ତୀ ମାଝିଙ୍କ ସମେତ ଷ୍ଟାଣ୍ଡିଂ କମିଟି ଅଧ୍ୟକ୍ଷ ଓ କର୍ପୋରେଟର ଉପସ୍ଥିତ ଥିଲେ।

# ସମ୍ପାଦକୀୟ



ସ୍ୱାଧୀନ ଭାରତର ଅନନ୍ୟ ଉପଲବ୍ଧି ମଧ୍ୟରୁ ମୁକ୍ତ ଗଣମାଧ୍ୟମ ଅନ୍ୟତମ।
-ସବାନା ଆଜ୍‌ମୀ

ସକାଳ
THE SAKALA

## ଅର୍ଥନୀତି ଉପରେ ରାଜନୀତି ବୋଝ

କ୍ଷମତା ହାସଲ ପାଇଁ ନିର୍ବାଚନ ରଣନୀତିର ଏକ ଅପରିହାର୍ଯ୍ୟ ଅଙ୍ଗ ପାଲଟିଥିବା ଫ୍ରିବିଜ୍’ବା ‘ମାଗଣା’ ନାମକ ଅସ୍ତ୍ରଟିର ସୁଦୂରପ୍ରସାରୀ ପ୍ରଭାବ ସାମଗ୍ରିକ ଭାବେ ଦେଶର ଅର୍ଥନୀତି ଉପରେ ପଡୁଥିବା ଜାଣି ମଧ୍ୟ ରାଜନୈତିକ ଦଳମାନଙ୍କର ସେଥିପ୍ରତି ଭ୍ରୂକ୍ଷେପ ନାହିଁ। ଦେଶର ସର୍ବୋଚ୍ଚ ନ୍ୟାୟାଳୟ ଏକାଧିକ ଥର ଏ ବିଷୟରେ ରାଜନୈତିକ ଦଳମାନଙ୍କୁ ସଚେତନ କରିବା ସହିତ ଅସନ୍ତୋଷ ପ୍ରକାଶ କରିଛନ୍ତି। କିନ୍ତୁ ଭାରତୀୟ ରାଜନୀତିରେ ଏଭଳି ଅବାଞ୍ଛିତ ଧାରା ହ୍ରାସ ପାଇବା ବଦଳରେ ବଢ଼ି ଚାଲିଛି। ସଦ୍ୟସମାପ୍ତ ବିହାର ନିର୍ବାଚନରେ ମଧ୍ୟ ମହିଳା ଉଦ୍ୟୋଗୀଙ୍କୁ ୧୦ ହଜାର ଟଙ୍କା ଲେଖାଏଁ ଅଗ୍ରୀମ ହସ୍ତାନ୍ତର ନିର୍ବାଚନ ଫଳକୁ ନିର୍ଣ୍ଣାୟକ କରିବାରେ ପ୍ରମୁଖ ଭୂମିକା ଗ୍ରହଣ କରିଥିବା ରାଜନୈତିକ ବିଶାରଦମାନେ ମତ ଦେଇଛନ୍ତି। ଏହାର ବୋଝକୁ ଗରିବ ରାଜ୍ୟ ବିହାରର ଅର୍ଥନୀତି କେତେ ସହିପାରିବ ତାହା ଭିନ୍ନ କଥା।

ବିଭିନ୍ନ ନାମରେ ନଗଦ ପ୍ରତ୍ୟକ୍ଷ ହସ୍ତାନ୍ତର ରଣକୌଶଳଟି ମଧ୍ୟପ୍ରଦେଶରେ ସଫଳ ସାବ୍ୟସ୍ତ ହେବା ପରେ ଓଡ଼ିଶା, ମହାରାଷ୍ଟ୍ର, ବିହାର ସମେତ ଅନ୍ୟ କେତେକ ରାଜ୍ୟରେ ପ୍ରୟୋଗ କରି ଶାସକ ଦଳ ଆଶାତୀତ ସଫଳତା ହାସଲ କରିଚାଲିଛନ୍ତି। ଯୋଗ୍ୟ ମହିଳା ହିତାଧିକାରୀମାନଙ୍କୁ ଏଭଳି ନଗଦ ହସ୍ତାନ୍ତର ଯୋଜନା ମାଧ୍ୟମରେ ଜାମ୍ମୁକାଶ୍ମୀରରେ ସର୍ବାଧିକ ମାସିକ ୫ ହଜାର ଟଙ୍କା ଲେଖାଏଁ ମିଳୁଥିବା ବେଳେ ହିମାଚଳ ପ୍ରଦେଶ ଓ ଆନ୍ଧ୍ରପ୍ରଦେଶରେ ମାସିକ ୧୫୦୦ ଟଙ୍କା, ପଞ୍ଜାବରେ ୧୧୦୦ ଟଙ୍କା, ଛତିଶଗଡ଼ ଓ ପଶ୍ଚିମବଙ୍ଗ ଓ ତାମିଲନାଡୁରେ ୧୦୦୦ ଟଙ୍କା, ଦିଲ୍ଲୀ, ମହାରାଷ୍ଟ୍ର ଓ ହରିଆଣାରେ ୨୧୦୦ ଟଙ୍କା, ଝାଡ଼ଖଣ୍ଡ ଓ ତେଲଙ୍ଗାନାରେ ୨୫୦୦ ଟଙ୍କା, ମଧ୍ୟପ୍ରଦେଶ ଓ ଆସାମରେ ୧୨୫୦ ଟଙ୍କା, କର୍ଣ୍ଣାଟକରେ ୨୦୦୦ ଟଙ୍କା ଓ ଓଡ଼ିଶାରେ ସର୍ବନିମ୍ନ ୮୩୩ ଟଙ୍କା ମିଳୁଛି। ଅପରପକ୍ଷରେ ଦେଶର ଜିଡିପିରେ ୯୦% ଅବଦାନ ରଖୁଥିବା ଉପରୋକ୍ତ ରାଜ୍ୟଗୁଡ଼ିକର ଋଣ ବୋଝ ସାମଗ୍ରିକ ଭାବେ ୨୮ ଲକ୍ଷ କୋଟି ଟଙ୍କାରୁ ଅଧିକ। ସେମାନଙ୍କର ମୋଟ ବିତ୍ତୀୟ ନିଅଣ୍ଟ ପରିମାଣ ୨୦୨୪-୨୫ ଆର୍ଥିକ ବର୍ଷ ସୁଦ୍ଧା ୯.୫ ଲକ୍ଷ କୋଟି ଏବଂ ରାଜସ୍ୱ ନିଅଣ୍ଟ ୨.୧ ଲକ୍ଷ କୋଟି ଟଙ୍କାରୁ ଅଧିକ।

ଋଣଂ କୃତ୍ୱା ଘୃତଂ ପିବେତ୍ ନୀତି ହିଁ ଏବେ ରାଜନୀତିର ମୂଳମନ୍ତ୍ର ହୋଇଥିବାରୁ ‘ନୋଟ୍ ବଦଳରେ ଭୋଟ’ର ଏହି ପରିବର୍ତ୍ତିତ ଧାରା ବିଭିନ୍ନ ଯୋଜନାର ମୁଖା ପିନ୍ଧି ଏକପ୍ରକାର ବୈଧ ହୋଇସାରିଛି। ତେଣୁ ବିନା ଫ୍ରିବିଜ୍ ଘୋଷଣାରେ କେହି ନିର୍ବାଚନ ଜିତିପାରିବେ ନାହିଁ କି କ୍ଷମତାକୁ ଆସିବା ପରେ ଏଭଳି ଅବାଞ୍ଛିତ ପରମ୍ପରାର ସମ୍ପୂର୍ଣ୍ଣ ବିଲୋପ ପାଇଁ ସଂସ୍କାର ଆଣିପାରିବେ ନାହିଁ। ଭାରତୀୟ ଗଣତନ୍ତ୍ର ଏହି ଫ୍ରିବିଜ୍ ରୂପକ ଅସ୍ତ୍ରରେ କ୍ଷତାକ୍ତ ହୋଇଚାଲିଥିବ ଏବଂ ଭାରତୀୟ ଅର୍ଥନୀତି ଏହି ବୋଝ ମୁଣ୍ଡାଇ ଚାଲିଥିବ। ଏଥିରୁ ନିସ୍ତାର ସମ୍ଭାବନା ସୁଦୂର ଭବିଷ୍ୟତରେ ମଧ୍ୟ ଦେଖାଯାଉନାହିଁ।

## ଯକ୍ଷ୍ମା-ସମସ୍ୟା ଜଟିଳ

ଯକ୍ଷ୍ମା ଭଳି ଧୀର ଅଥଚ ପ୍ରାଣଘାତୀ ସଂକ୍ରମଣରେ ପ୍ରତିବର୍ଷ ଯେତିକି ଲୋକ ଭାରତରେ ମୃତ୍ୟୁମୁଖରେ ପଡୁଛନ୍ତି ତାହା କରୋନା ମହାମାରୀ ଜନିତ ମୃତ୍ୟୁ ସଂଖ୍ୟାଠାରୁ ମଧ୍ୟ ଅଧିକ। ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଦ୍ୱାରା ପ୍ରକାଶିତ ସଦ୍ୟତମ(ଗତ ୧୨ ତାରିଖ) ବିଶ୍ୱ ଯକ୍ଷ୍ମା ରିପୋର୍ଟ ୨୦୨୫ର ତଥ୍ୟାନୁଯାୟୀ ଗତବର୍ଷ ଭାରତରେ ୨୭ ଲକ୍ଷ ୧୦ ହଜାର ରୋଗୀ ଥିବା ବେଳେ ୩ ଲକ୍ଷ ରୋଗୀ ପ୍ରାଣ ହରାଇଛନ୍ତି। ରିପୋର୍ଟ ଅନୁଯାୟୀ ଏବେ ବିଶ୍ୱର ଏକ-ଚତୁର୍ଥାଂଶରୁ ଅଧିକ ଯକ୍ଷ୍ମା ରୋଗୀ ଭାରତରେ ଅଛନ୍ତି, ଯାହା ଦେଶର ଜନସ୍ୱାସ୍ଥ୍ୟ ପରିଚାଳନାରେ ବ୍ୟାପକ ପ୍ରତିବନ୍ଧକ ସୃଷ୍ଟି କରୁଛି।

ପ୍ରତିବର୍ଷ ମାର୍ଚ୍ଚ ମାସରେ କେନ୍ଦ୍ର ସରକାର ଯକ୍ଷ୍ମା ରୋଗ ସମ୍ପର୍କିତ ତଥ୍ୟ ଜାରି କରୁଥିଲେ ମଧ୍ୟ ଚଳିତ ବର୍ଷ ଏଥିରୁ ଦୂରେଇ ରହିବାର କାରଣ ଜଣାପଡ଼ିନାହିଁ। ୨୦୩୦ସୁଦ୍ଧା ବିଶ୍ୱରେ ଯକ୍ଷ୍ମାକୁ ସମ୍ପୂର୍ଣ୍ଣ ବିଲୋପ ପାଇଁ ବିଶ୍ୱ ସ୍ୱାସ୍ଥ୍ୟ ସଂଗଠନ ଲକ୍ଷ୍ୟ ଧାର୍ଯ୍ୟ କରିଥିବା ବେଳେ ୨୦୨୫ ସୁଦ୍ଧା ‘ଯକ୍ଷ୍ମାମୁକ୍ତ ଭାରତ’ ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି। ‘ଯକ୍ଷ୍ମାମୁକ୍ତ ଭାରତ’ ପାଇଁ ଗଠିତ ଆଇପିସି ପ୍ରକଳ୍ପ ୧୦ଟି ରାଜ୍ୟର ୬୩ଟି ଜିଲ୍ଲାର ୧୮ ୯ ସ୍ୱାସ୍ଥ୍ୟ କେନ୍ଦ୍ରକୁ ପରିବ୍ୟାପ୍ତ ହୋଇଛି। ସ୍ୱାସ୍ଥ୍ୟ ମନ୍ତ୍ରଣାଳୟ ଗତବର୍ଷ ସେପ୍ଟେମ୍ବର ମାସରେ ବିପିଏଏଲ୍ଏମ୍ ନାମରେ ଏକ ଅଭିଯାନ ଆରମ୍ଭ କରିଛି, ଯାହା ଏମ୍‌ଡିଆର-ଟିବି ଉପଚାର ପାଇଁ ଉଦ୍ଦିଷ୍ଟ। ଏ ସବୁ ପ୍ରୟାସ ସତ୍ତ୍ୱେ ପ୍ରାଥମିକସ୍ତରରେ ଯକ୍ଷ୍ମାର ଚିହ୍ନଟ ବ୍ୟବସ୍ଥା ପ୍ରଭାବଶାଳୀ ଓ କ୍ରିୟାଶୀଳ ହେଉ ନ ଥିବା କାରଣରୁ ଆଉ ମାତ୍ର ମାସେ ଭିତରେ ଏହି ଲକ୍ଷ୍ୟ ହାସଲକୁ ନେଇ ସନ୍ଦେହ ସୃଷ୍ଟି ହେଉଛି। ବିଶ୍ୱ ଯକ୍ଷ୍ମା ରିପୋର୍ଟ ୨୦୨୫ ଅନୁଯାୟୀ ଭାରତରେ ୨୦୧୫ରୁ ୨୦୨୪ ମଧ୍ୟରେ ଯକ୍ଷ୍ମା ସଂକ୍ରମିତଙ୍କ ସଂଖ୍ୟା ହ୍ରାସ ଧାର୍ଯ୍ୟ ଲକ୍ଷ୍ୟ ୫୦% ବଦଳରେ ମାତ୍ର ୨୧% ହୋଇପାରିଛି। ସେହିପରି ଯକ୍ଷ୍ମା ସଂକ୍ରମିତ ମୃତକଙ୍କ ସଂଖ୍ୟା ଏହି ସମୟ ମଧ୍ୟରେ ଧାର୍ଯ୍ୟ ଲକ୍ଷ୍ୟ ୭୫% ବଦଳରେ ମାତ୍ର ୨୮% କମିଛି। ଏମ୍‌ଡିଆର-ଟିବି(ବହୁଔଷଧ ପ୍ରତିରୋଧକାରୀ ଯକ୍ଷ୍ମାରୋଗୀ)ଙ୍କ ସଂଖ୍ୟା ଭାରତରେ ବିଶ୍ୱର ସର୍ବାଧିକ ୨୭% ଥିବା ବେଳେ ବିଶ୍ୱର ମୋଟ ମୃତକଙ୍କ ମଧ୍ୟରେ ୨୯% ଭାରତରେ ରହିଛନ୍ତି।

ବିଡ଼ମ୍ବନା ହେଉଛି ଯକ୍ଷ୍ମା ସଂକ୍ରମଣ ହ୍ରାସ ହାର ଆଶାନୁରୂପ ହୋଇପାରୁନଥିବା ବେଳେ ଏହାର ନିରାକରଣ ବା ସମ୍ପୂର୍ଣ୍ଣ ବିଲୋପ ସାଧନ ପାଇଁ ପାଣ୍ଠି ବଢ଼ିବା ବଦଳରେ କମିବାରେ ଲାଗିଛି। ଘରୋଇ ସହଭାଗିତା ମଧ୍ୟ ହ୍ରାସ ପାଉଛି। ବିଶ୍ୱର ଦ୍ରୁତ ଅଭିବୃଦ୍ଧିଶୀଳ ଭାରତରେ ଜନସ୍ୱାସ୍ଥ୍ୟ ପରିଚାଳନା ଓ ବଜେଟ୍ ବ୍ୟବସ୍ଥା ସେତେ ସୁଦୃଢ଼ ନୁହେଁ କି ଜନସଚେତନତା ମଧ୍ୟ ପର୍ଯ୍ୟାପ୍ତ ନୁହେଁ। ଏଣୁ ଭାରତରେ ଯକ୍ଷ୍ମା ବ୍ୟାପିବା ପାଇଁ ଅନୁକୂଳ ପରିବେଶ ରହିଛି। ତେଣୁ ଲକ୍ଷ୍ୟ ହାସଲ ପାଇଁ ତୃଣମୂଳସ୍ତରରେ ମୌଳିକ ଚିକିତ୍ସା ସେବାକୁ ଯୁଦ୍ଧକାଳୀନ ଭିତ୍ତିରେ ତ୍ୱରାନ୍ୱିତ କରିବାକୁ ହେବ।

## ଆଜିର ସାମ୍ବାଦିକତା: ସମ୍ମାନ, ସମସ୍ୟା ଓ ସମାଧାନ

ବିଭୂତି ଭୂଷଣ କର

ଯେଉଁ ମହାନ ବୃତ୍ତି ସମାଜର ଦର୍ପଣ ତଥା ଲୋକତନ୍ତ୍ରର ଚତୁର୍ଥ ସ୍ତମ୍ଭ ଭାବେ ପରିଚିତ, ତାହାର ବର୍ତ୍ତମାନ ଅବସ୍ଥା, ସମ୍ମୁଖୀନ ହେଉଥିବା ଆହ୍ୱାନ ଓ ଭବିଷ୍ୟତର ଗତିପଥ ଆଲୋଚନାସାପେକ୍ଷ। ସାମ୍ବାଦିକତା ହେଉଛି ସତ୍ୟ ଓ ନ୍ୟାୟର ପ୍ରତିନିଧି। ସଜାଗ ସାମ୍ବାଦିକ ସମାଜକୁ ସଚେତନ ରଖେ, କ୍ଷମତା କେନ୍ଦ୍ରଗୁଡ଼ିକ ସହ ଉତ୍ତରଦାୟିତ୍ୱର ମଧ୍ୟସ୍ଥତା କରେ ଏବଂ ସାଧାରଣ ଲୋକଙ୍କ ସ୍ୱରକୁ ସଶକ୍ତ କରେ। ଏକ ଗଠନମୂଳକ ସାମ୍ବାଦିକତା ସମାଜରେ ବିଶ୍ୱାସ, ସହିଷ୍ଣୁତା ଓ ପାରସ୍ପରିକ ଆଲୋଚନାକୁ ବଢ଼ାଇଥାଏ।

ବର୍ତ୍ତମାନ ସମୟର ସାମ୍ବାଦିକମାନେ ଅନେକ ଜଟିଳ ଆହ୍ୱାନର ସମ୍ମୁଖୀନ ହେଉଛନ୍ତି। ସମୟକ୍ରମେ ଗଣମାଧ୍ୟମ ସଂସ୍ଥା ଉପରେ ଆର୍ଥିକ ଚାପ ବଢ଼ିବା ଫଳରେ ପରୋକ୍ଷରେ ସଂପୃକ୍ତ ସଂସ୍ଥାର ସ୍ୱାଧୀନତା ଉପରେ ତାହାର ପ୍ରଭାବ ପରିଲକ୍ଷିତ ହେଉଛି। ବିଜ୍ଞାପନ ଓ ବଜାର ଚାପ ଯୋଗୁଁ ଗୁଣବତ୍ତାପୂର୍ଣ୍ଣ ସାମ୍ବାଦିକତା ବାଧାଗ୍ରସ୍ତ ହେଉଛି। କ୍ଷମତାଶାଳୀ ଶକ୍ତିଙ୍କ ତରଫରୁ ପ୍ରତ୍ୟକ୍ଷ ଓ ପରୋକ୍ଷ ହସ୍ତକ୍ଷେପ ସାମ୍ବାଦିକତାର ମୁକ୍ତ ପ୍ରବାହରେ ବାଧା ସୃଷ୍ଟି କରୁଛି। ଅସତ୍ୟ ଖବର(ଫେକ୍ ନ୍ୟୁଜ), ଦ୍ରୁତଗାମୀ ଖବର(ବ୍ରେକିଂ ନ୍ୟୁଜ)ର ଚାପ, ଟ୍ରୋଲ୍ ବାହିନୀ ଓ ଅତିମାତ୍ରାରେ ସାମାଜିକ ଗଣମାଧ୍ୟମ ପ୍ରତିକ୍ରିୟା ଯୋଗୁଁ ଭୁଲ୍ ଖବର ପ୍ରସାରିତ ହେବାର ଆଶଙ୍କା ବଢ଼ିଛି। ଅନ୍ୟପକ୍ଷରେ ସ୍ଥାନୀୟ ସ୍ତରରେ, ସାମ୍ବାଦିକମାନେ ହିଂସ୍ର ଆକ୍ରମଣ ଓ ମାନସିକ ଉତ୍ପୀଡ଼ନର ଶିକାର ହେଉଛନ୍ତି। ନିର୍ଭୀକ ଓ ନିରପେକ୍ଷ ସାମ୍ବାଦିକତା ପାଇଁ ବାତାବରଣ ସତେଯେପରି ସଂକୁଚିତ ହୋଇଯାଉଛି। ଆମ ଦେଶ ସମେତ ଅନେକ ରାଷ୍ଟ୍ରରେ ସାମ୍ବାଦିକତା ଉପରେ ରାଜନୈତିକ ଚାପ ବଢ଼ିଛି। ସ୍ୱଚ୍ଛନ୍ଦତା ଓ ସ୍ୱାଧୀନତା ଉପରେ ଆଘାତ କରୁଥିବା ଆଇନ ପ୍ରଣୟନ, ସାମ୍ବାଦିକତା ଅନୁସନ୍ଧାନରେ ବାଧା ଓ ସାମ୍ବାଦିକଙ୍କୁ ଭୟଭୀତ କରିବାର ଚେଷ୍ଟା କରାଯାଉଛି। ଜନସାଧାରଣଙ୍କ ମଧ୍ୟରେ ଗଣମାଧ୍ୟମ ପ୍ରତି ବିଶ୍ୱାସ କ୍ରମଶଃ ହ୍ରାସ ପାଇବାରେ ଲାଗିଛି।

ଏହିସବୁ ଆହ୍ୱାନକୁ ସଫଳତାର ସହ ସମ୍ମୁଖୀନ ହୋଇ ସାମ୍ବାଦିକତାର ଭବିଷ୍ୟତ ଉଜ୍ଜ୍ୱଳ କରିବା ପାଇଁ କେତେକ ମୌଳିକ ପଦକ୍ଷେପ ଆବଶ୍ୟକ। ସାମ୍ବାଦିକତାର ମୂଳଦୁଆ ହେଉଛି ନୈତିକତା। ପ୍ରମାଣିକତା, ସଠିକତା, ନିଷ୍ପକ୍ଷତା ଓ ଦାୟିତ୍ୱଶୀଳତାକୁ ପ୍ରାଧାନ୍ୟ ଦେବା ଜରୁରୀ। ଯେକୌଣସି ଖବର ପ୍ରକାଶ ପୂର୍ବରୁ ତାହାର ଯାଞ୍ଚ କରିବା ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ନୂତନ ଯୁଗରେ ଡିଜିଟାଲ୍ ସାକ୍ଷରତା ଏକ ଅତ୍ୟାବଶ୍ୟକୀୟ ଦକ୍ଷତା। ଅସତ୍ୟ ଖବର ଚିହ୍ନଟ, ଡିଜିଟାଲ୍ ଟୁଲ୍ସ ବ୍ୟବହାର କରି ଗଭୀର ସତ୍ୟାନ୍ୱେଷଣ ଓ ଡିଜିଟାଲ୍ ସୁରକ୍ଷା ବିଷୟରେ ସାମ୍ବାଦିକମାନଙ୍କୁ ପ୍ରଶିକ୍ଷିତ କରାଯିବା ଉଚିତ। ଗଣମାଧ୍ୟମ ସଂସ୍ଥାଗୁଡ଼ିକୁ ବିଜ୍ଞାପନ ଉପରେ ନିର୍ଭରଶୀଳତା କମ କରି ସଦସ୍ୟତା ମଡେଲ, କ୍ରସ୍-ସବସିଡି, ଫାଉଣ୍ଡେସନ୍ ମଡେଲ ଭଳି ବିକଳ୍ପ ଆର୍ଥିକ ମଡେଲ ଅନୁସନ୍ଧାନ କରିବା ଉଚିତ। ସାମ୍ବାଦିକଙ୍କ ସୁରକ୍ଷା ନିଶ୍ଚିତ କରୁଥିବା ଆଇନ ପ୍ରଣୟନ ସହ ତାହାର ପ୍ରୟୋଗ ଜରୁରୀ। ସାମ୍ବାଦିକଙ୍କ ବିରୁଦ୍ଧରେ ହେଉଥିବା ହିଂସା ଘଟଣାକୁ ଦ୍ରୁତ ଓ କଠୋର ଭାବେ ମୁକାବିଲା କରିବା ଆବଶ୍ୟକ। ସାମ୍ବାଦିକମାନେ ଭୁଲ୍ ସୁଧାରିବା ସହ ଫିଡବ୍ୟାକ୍ ଗ୍ରହଣ ଏବଂ ଜନସାଧାରଣଙ୍କ ସହ ନିୟମିତ ଯୋଗାଯୋଗ କରି ଗଣମାଧ୍ୟମର ବିଶ୍ୱାସ ଫେରାଇ ଆଣିବା ଉପରେ ଗୁରୁତ୍ୱ ଦେବାକୁ ହେବ।

ଆଜିର ସାମ୍ବାଦିକତା କେବଳ ଘଟଣାର ସରଳ ବର୍ଣ୍ଣନା ନୁହେଁ, ବରଂ ଏହା ଏକ ଜଟିଳ ପ୍ରକ୍ରିୟା, ଯାହା ତଥ୍ୟ ଯାଞ୍ଚ, ପ୍ରସଙ୍ଗ ବିଶ୍ଳେଷଣ, ମତବାଦ ଗଠନ ଏବଂ ସମାଜିକ ଦାୟିତ୍ୱ ମଧ୍ୟରେ ସନ୍ତୁଳନ ବଜାୟ ରଖେ। ଡିଜିଟାଲ ଯୁଗରେ ସାମ୍ବାଦିକତାର ପରିସର ବ୍ୟାପକ ହୋଇଛି। ପାରମ୍ପରିକ ମୁଦ୍ରଣ ଓ ବୈଦ୍ୟୁତିକ ଗଣମାଧ୍ୟମ ସହିତ ଅନଲାଇନ୍ ନ୍ୟୁଜ୍ ପୋର୍ଟାଲ୍, ସୋସିଆଲ୍ ମିଡିଆ ପ୍ଲାଟଫର୍ମ ଓ ସିଟିଜନ୍ ଜର୍ଣ୍ଣାଲିଜିମ୍ ଆଦି ଯୋଗୁଁ ଖବରର ପ୍ରବାହ ଅତୀବ ଦ୍ରୁତ ଓ ବିସ୍ତୃତ ହୋଇଛି। ଏହି ଡିଜିଟାଲ ପରିବର୍ତ୍ତନ ସହିତ ଆସିଛି ‘୨୪ ଘଣ୍ଟିଆ ନ୍ୟୁଜ୍ ସାଇକେଲ୍’ର ଚାପ। ଖବର ପ୍ରସାରଣର ଗତି ବୃଦ୍ଧି ପାଇଥିଲେ ମଧ୍ୟ ଏହା ଖବରର ଗୁଣବତ୍ତା ଉପରେ ପ୍ରଶ୍ନଚିହ୍ନ ସୃଷ୍ଟି କରିଛି। ପ୍ରଥମେ ଖବର ପହଞ୍ଚିବାର ଚାପରେ ଯାଞ୍ଚ ନ କରାଯାଇଥିବା ତଥ୍ୟ ଓ ମିଥ୍ୟା ଖବରର ପ୍ରସାର ବଢ଼ିଛି। ଏହି ପରିସ୍ଥିତିରେ, ଜଣେ ଆଧୁନିକ ସାମ୍ବାଦିକଙ୍କ ଭୂମିକା କେବଳ ଏକ ରିପୋର୍ଟର ନ ରହି, ଜଣେ ଫ୍ୟାକ୍ଟ-ଚେକର୍, ଡାଟା ବିଶ୍ଳେଷକ ଏବଂ ପ୍ରସଙ୍ଗ ସ୍ରଷ୍ଟା ଭାବରେ ବିକଶିତ ହୋଇଛି। ତେଣୁ ସାମ୍ବାଦିକଙ୍କୁ ଡିଜିଟାଲ୍ ଟୁଲ୍ସ, ଡାଟା ବିଶ୍ଳେଷଣ ଏବଂ ଫ୍ୟାକ୍ଟ-ଚେକିଂ ପ୍ରଣାଳୀ ପ୍ରତି ଅଧିକ ଦକ୍ଷ କରାଯିବା ଉଚିତ୍। ଜନସାଧାରଣଙ୍କୁ ମଧ୍ୟ ମିଡିଆ ସାକ୍ଷରତା ଶିକ୍ଷା ଦେବା ଜରୁରୀ, ଯାହା ସେମାନଙ୍କୁ ଭ୍ରମପୂର୍ଣ୍ଣ ଖବରଠାରୁ ପ୍ରମାଣିତ ଖବର ପୃଥକ୍ କରିବାରେ ସହାୟକ ହେବ।

ନୈତିକତା ଓ ଦାୟିତ୍ୱବୋଧ ପ୍ରତି ଅଙ୍ଗୀକାରବଦ୍ଧତା ସ୍ୱରୂପ ସାମ୍ବାଦିକତାର ମୌଳିକ ନୀତି - ସଠିକତା, ନିରପେକ୍ଷତା, ନ୍ୟାୟପୂର୍ଣ୍ଣତା ଓ ମାନବିକତା - କେବେ ବି ଅଣଦେଖା କରାଯାଇ ପାରିବ ନାହିଁ। ଗଣମାଧ୍ୟମ ସଂସ୍ଥାଗୁଡ଼ିକୁ ନିଜର ନୈତିକ ମାନଦଣ୍ଡ ମଜବୁତ କରିବା ଉଚିତ୍ ଏବଂ ସ୍ୱଚ୍ଛତା ବଜାୟ ରଖିବା ଉଚିତ୍।

ସରକାର ଓ ସମାଜର ଦାୟିତ୍ୱ ହେଉଛି ସାମ୍ବାଦିକଙ୍କ ସୁରକ୍ଷା ସୁନିଶ୍ଚିତ କରିବା। ସାମ୍ବାଦିକଙ୍କ ବିରୁଦ୍ଧରେ ହିଂସା ଓ ଉତ୍ପୀଡ଼ନର ଘଟଣାଗୁଡ଼ିକର ସଠିକ୍ ତଦନ୍ତ ହୋଇ ଦୋଷୀଙ୍କୁ ଦଣ୍ଡ ଦିଆଯିବା ଜରୁରୀ। ସାମ୍ବାଦିକତାର ସ୍ୱାଧୀନତା ହେଉଛି ଗଣତନ୍ତ୍ରର ମୂଳଦୁଆ। ସ୍ୱାଧୀନ ଭାବରେ କାର୍ଯ୍ୟ କରିବା ପାଇଁ ସୁରକ୍ଷିତ ପରିବେଶ ସୃଷ୍ଟି କରିବା ସହ ଗଣମାଧ୍ୟମର ସ୍ୱାଧୀନତାକୁ ଅକ୍ଷୁର୍ଣ୍ଣ ରଖିବା ବାଞ୍ଛନୀୟ। ରାଜନୈତିକ ହସ୍ତକ୍ଷେପରୁ ମୁକ୍ତ ରହି ସତ୍ୟକୁ ଜନସାଧାରଣଙ୍କ ନିକଟରେ ପହଞ୍ଚାଇବା ପାଇଁ ସାମ୍ବାଦିକଙ୍କୁ ସମ୍ପୂର୍ଣ୍ଣ ସ୍ୱାଧୀନତା ପ୍ରଦାନ କରାଯିବା ଉଚିତ୍। ଜାତୀୟ ଓ ଅନ୍ତର୍ଜାତୀୟ ସ୍ତରରେ ସାମ୍ବାଦିକଙ୍କ ମଧ୍ୟରେ ସହଯୋଗ ବୃଦ୍ଧି ପାଇବା ଉଚିତ୍। ଜ୍ଞାନ ଓ ଅନୁଭୂତି ଆଦାନପ୍ରଦାନ, ସମ୍ମିଳିତ ଅନୁସନ୍ଧାନ ଏବଂ ପେସାଦାର ସଂଗଠନଗୁଡ଼ିକ ମାଧ୍ୟମରେ ଏକତ୍ରିତ ହୋଇ ଆହ୍ୱାନଗୁଡ଼ିକର ସାମ୍ନା କରିବା ଆବଶ୍ୟକ।

ବର୍ତ୍ତମାନର ଜଟିଳ ପରିବେଶରେ ସାମ୍ବାଦିକତାର ଭୂମିକା ଅଧିକ ଗୁରୁତ୍ୱପୂର୍ଣ୍ଣ। ସମସ୍ୟା ସତ୍ତ୍ୱେ ସଚ୍ଚୋଟତା, ସାହସ ଏବଂ ନିଷ୍ପାପର ରିପୋର୍ଟିଂ ପ୍ରତି ସାମ୍ବାଦିକଙ୍କ ପ୍ରତିଶ୍ରୁତି ଅବ୍ୟାହତ ରହିଛି। ଭବିଷ୍ୟତର ଗତିପଥକୁ ସ୍ୱଚ୍ଛ କରିବାକୁ ଯାଇ ଆମକୁ ଏକ ଅଧିକ ଉତ୍ତରଦାୟୀ, ସମାନ୍ତରାଳ ଓ ନ୍ୟାୟପୂର୍ଣ୍ଣ ସାମ୍ବାଦିକତା ପ୍ରତି ଅଗ୍ରସର ହେବାକୁ ହେବ। ସାମ୍ବାଦିକତା କେବଳ ଶକ୍ତିଶାଳୀଙ୍କ କଥା ନ କହି, ନିର୍ବଳଙ୍କ କଥା କହିବ, ଯାହା ଶକ୍ତି ଉପରେ ନଜର ରଖିବ ଏବଂ ସତ୍ୟକୁ ସର୍ବୋଚ୍ଚ ମୂଲ୍ୟ ଦେବ। ଏହି ଦିଗଦର୍ଶନ ଅନୁସରଣ କଲେ ହିଁ ସାମ୍ବାଦିକତା ତା’ର ଗରିମାମୟୀ ପରମ୍ପରା ବଜାୟ ରଖିପାରିବ ଏବଂ ଭବିଷ୍ୟତରେ ମଧ୍ୟ ଜନସାଧାରଣର ବିଶ୍ୱାସ ଓ ଆସ୍ଥାଭାଜନ ହୋଇରହିପାରିବ।

ଏବେ କୃତ୍ରିମ ବୁଦ୍ଧିମତ୍ତା ବା ଏଆଇ ଯୋଗୁଁ ସାମ୍ବାଦିକତା କ୍ଷେତ୍ରରେ ଏକ ବୈପ୍ଳବିକ ପରିବର୍ତ୍ତନ ଆସିଛି, ଯାହା ଗଣମାଧ୍ୟମ ସ୍ୱାଧୀନତା ପାଇଁ ନୂଆ ସୁଯୋଗ ସହିତ ଗମ୍ଭୀର ଆହ୍ୱାନ ମଧ୍ୟ ସୃଷ୍ଟି କରିଛି। କ୍ରୀଡ଼ା, ଅର୍ଥନୀତି ଓ ପାଣିପାଗ ସମ୍ବାଦ ଭଳି ଡାଟା-କେନ୍ଦ୍ରିତ ଖବର ଲେଖିବାରେ ଏଆଇ ବେଶ୍ ଉପଯୋଗୀ ସାବ୍ୟସ୍ତ ହୋଇଛି। ଏହା ସାମ୍ବାଦିକଙ୍କ ସମୟ ବଞ୍ଚାଇବାରେ ସହାୟକ ହୋଇଛି। ତଥ୍ୟ ଯାଞ୍ଚ ଓ ଫ୍ୟାକ୍ଟ-ଚେକିଂ କ୍ଷେତ୍ରରେ ଏଆଇ ପ୍ରମୁଖ ଭୂମିକା ନିର୍ବାହ କରୁଛି, ଯାହା ନିର୍ଭରଯୋଗ୍ୟ ଖବର ପ୍ରସାରଣରେ ସହାୟକ ହେଉଛି। ବ୍ୟକ୍ତିଗତକୃତ ସମ୍ବାଦ ପ୍ରଦାନ କ୍ଷେତ୍ରରେ ଏଆଇ ବ୍ୟବହାରକାରୀଙ୍କ ଅଭିରୁଚି ଅନୁଯାୟୀ ସମ୍ବାଦ ଭିତ୍ତିକ ବିଷୟବସ୍ତୁ ବାଛିବାରେ ସହାୟତା କରିପାରୁଛି। ଏଆଇ ଚାଳିତ ଅନୁବାଦ ଟୁଲଗୁଡ଼ିକ ବିଷୟକୁ ବିଭିନ୍ନ ଭାଷାରେ ଅନୁବାଦିତ କିମ୍ବା ରୂପାନ୍ତରିତ କରି ଜ୍ଞାନର ବାଧାକୁ ଦୂର କରିପାରୁଛି ଏବଂ ଜ୍ଞାନର ପରିସରକୁ ବ୍ୟାପ୍ତ କରିବାରେ ସହାୟକ ହେଉଛି।

ଅନ୍ୟପକ୍ଷରେ ଏଆଇ ଗଣମାଧ୍ୟମ ପ୍ରତି ଆହ୍ୱାନ ଓ ବିପଦ ମଧ୍ୟ ଆଣି ଦେଇଛି। ଏଆଇ ଦ୍ୱାରା ସହଜରେ ବାସ୍ତବିକ ଛବି, ଭିଡିଓ ଓ ଅଡିଓ ସୃଷ୍ଟି କରି ବ୍ୟକ୍ତି ବା ବିଷୟର ମିଥ୍ୟା ପ୍ରତିରୂପ ତିଆରି କରାଯାଇପାରେ। ଏହା ଜନସାଧାରଣଙ୍କ ବିଶ୍ୱାସକୁ ଦୁର୍ବଳ କରେ ଏବଂ ବିଶ୍ୱସନୀୟ ମାଧ୍ୟମଗୁଡ଼ିକୁ ସନ୍ଦେହର ଚକ୍ଷୁରେ ଦେଖାଯିବାର ସମ୍ଭାବନା ରଖେ। ସରକାର ଅନଲାଇନ୍ ବିଷୟବସ୍ତୁ ଉପରେ ନଜର ରଖିପାରନ୍ତି ଏବଂ ସମ୍ବାଦଗୁଡିକୁ ସ୍ୱୟଂଚାଳିତ ଭାବରେ ସେନ୍ସର କରିପାରନ୍ତି, ଯାହା ନିର୍ଭୀକ ସାମ୍ବାଦିକତାର ପଥରେ ଏକ ବଡ଼ ବାଧା। ତେଣୁ ପ୍ରେସ୍ ସ୍ୱାଧୀନତା ଏବଂ ଏଆଇର ସନ୍ତୁଳନ ରକ୍ଷା କରିବା ଏକ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ।

ଉତ୍ତରଦାୟୀ ଓ ଦାୟିତ୍ୱପୂର୍ଣ୍ଣ ସାମ୍ବାଦିକତା ହିଁ ଏକ ସଚେତନ ଓ ସକ୍ରିୟ ସମାଜର ପ୍ରାଣ। ସମସ୍ୟାଗୁଡ଼ିକ ଜଟିଳ ହୋଇପାରେ ମାତ୍ର ସମାଧାନ ଅସମ୍ଭବ ନୁହେଁ। ନୈତିକତା, ସାହସ, ପ୍ରଗତିଶୀଳ ଚିନ୍ତନ ଓ ସାମୂହିକ ଦାୟିତ୍ୱବୋଧର ମିଶ୍ରଣ ଦ୍ୱାରା ହିଁ ସାମ୍ବାଦିକତାର ମହିମାକୁ ପୁନରୁଦ୍ଧାର କରିହେବ।

(ରାଜ୍ୟ ସଭାପତି, ଉତ୍କଳ ସାମ୍ବାଦିକ ସଂଘ, ଓଡ଼ିଶା)
ଭୁବନେଶ୍ୱର, ମୋ: ୯୪୩୭୦୦୬୩୬୩

## ଓଡ଼ିଆ ଅସ୍ମିତାର ମୁଖପାତ୍ର: ହରିଶ୍ଚନ୍ଦ୍ର ବକ୍ସିପାତ୍ର

ଚିତ୍ତରଞ୍ଜନ ମହାନ୍ତି

ସ୍ୱର୍ଗତଃ ହରିଶଚନ୍ଦ୍ର ବକ୍ସିପାତ୍ର ଓଡ଼ିଶା ଜନଜୀବନରେ ଜଣେ ଯୁଗପୁରୁଷ। କିନ୍ତୁ ରାଜ୍ୟ ଓ ଦେଶର ସେବା କରିବା ପାଇଁ ଯେଉଁ ଦାୟିତ୍ୱ ଏ ସଂଗ୍ରାମୀ ପୁରୁଷଙ୍କୁ ମିଳିବା କଥା ତାହା ସମ୍ଭବ ହେଲା ନାହିଁ। କେନ୍ଦ୍ର ଇସ୍ପାତ ମନ୍ତ୍ରୀ ବିଜୁ ପଟ୍ଟନାୟକ ହୁଅନ୍ତୁ କିମ୍ବା କେନ୍ଦ୍ର ଶିଳ୍ପ ମନ୍ତ୍ରୀ ଜର୍ଜ ଫର୍ଣ୍ଣାଣ୍ଡିଜ୍ ହୁଅନ୍ତୁ, ବକ୍ସିବାବୁ ନିଜର ନିଷ୍ଠା ଓ ତଥ୍ୟ ଆଧାରିତ ତର୍କ ବଳରେ ଓଡ଼ିଶାର ଦାବିକୁ ଉପସ୍ଥାପନ କରି ଇସ୍ପାତ ଓ ଆଲୁମିନିୟମ୍ ଶିଳ୍ପ ପ୍ରତିଷ୍ଠାରେ ଓଡ଼ିଶା, ବିଶେଷକରି କୋରାପୁଟ ଜିଲ୍ଲାର ବିକାଶର ନୂଆ ଅଧ୍ୟାୟ ରଚନା କରିଥିଲେ।

ପୁନର୍ବାର ୧୯୯୦ ମସିହାରେ ବିଜୁ ପଟ୍ଟନାୟକଙ୍କ ‘ଜନତା ଦଳ’ ମନ୍ତ୍ରିମଣ୍ଡଳରେ ସେ ବାଣିଜ୍ୟ ଓ ପରିବହନ ଭଳି ଅର୍ଥକାରୀ ବିଭାଗର ଦାୟିତ୍ୱ ନେଇ ବ୍ୟବସ୍ଥାରେ ଯୁଗାନ୍ତକାରୀ ପରିବର୍ତ୍ତନ ଆଣିଥିଲେ। ହୁଏତ ରାଜ୍ୟର ସାମଗ୍ରିକ ଓ ସାମୂହିକ ସେବା କରିବାକୁ ୧୯୯୫ ବେଳକୁ ତାଙ୍କୁ ଉପଯୁକ୍ତ ସୁଯୋଗ ମିଳିଥା’ନ୍ତା। କିନ୍ତୁ ‘ଜନତା ଦଳ’ର ସର୍ବଭାରତୀୟ ଓ ରାଜ୍ୟ ରାଜନୀତିରେ କ୍ରିୟା, ପ୍ରତିକ୍ରିୟା ଓ ଅସ୍ଥିରତା ଏଥିରେ ବାଧକ ସାଜିଲା। ତାଙ୍କ ଭଳି ସମର୍ପିତ ସମ୍ବେଦନଶୀଳ ସଂଗ୍ରାମୀ ନେତାଙ୍କୁ ରାଜ୍ୟର ନୀତିନିୟନ୍ତା ଭାବେ ପାଇବାର ସୁଯୋଗ ହାତଛଡ଼ା ହୋଇଗଲା।

ବକ୍ସିବାବୁ ନିଜର ଶୁଦ୍ଧ ସଂଗ୍ରାମୀ ଆଭିମୁଖ୍ୟ ଯୋଗୁଁ ଓଡ଼ିଶାର ଦୁଇ ଜାତୀୟ ନେତାଙ୍କ ପ୍ରିୟପାତ୍ର ଥିଲେ। ଖୋସାମଦି ତାଙ୍କର ଆୟୁଧ ନଥିଲା। ତାଙ୍କର ଅଳଙ୍କାର ଥିଲା ଓଡ଼ିଆ ଅସ୍ମିତା, ପରିଚିତ ସ୍ୱାଭିମାନ ଓ ନିଜସ୍ୱ ଅନୁପମ ଯୋଗ୍ୟତା। ପ୍ରିୟଜନମାନେ ବକ୍ସିବାବୁଙ୍କୁ ‘ଭାଇନା’ ସମ୍ବୋଧନ କରୁନଥିଲେ ତାଙ୍କୁ କେହି ଉଚ୍ଚ ଜାତିରେ ଜନ୍ମିତ ବ୍ୟକ୍ତି ବୋଲି ଭାବୁନଥା’ନ୍ତେ। କାରଣ ସେ ଥିଲେ ସାମାଜିକ ନ୍ୟାୟର ପ୍ରଚାର ପ୍ରବକ୍ତା। ଓଡ଼ିଶାର ବୃହତ୍ ସାମୂହିକ ସ୍ୱାର୍ଥ ଦୃଷ୍ଟିରୁ ସେ ‘ମଣ୍ଡଳ କମିଶନ’କୁ ସକ୍ରିୟ ସମର୍ଥନ ଜଣାଇଥିଲେ।

ଆଦ୍ୟ ଜୀବନରେ ବକ୍ସିବାବୁ ସାମ୍ୟବାଦୀ ଚିନ୍ତାଧାରାର ପ୍ରମୁଖ ପ୍ରଚାରକ ଥିଲେ। ଜନଜୀବନର ବାସ୍ତବତାକୁ ଜାଣି ବର୍ଗ ଓ ଜାତି ଶୋଷଣର ଏକ ବ୍ୟବସ୍ଥିତ ବ୍ୟବସ୍ଥା ବୋଲି ସେ ଉପଲବ୍ଧି କରିଥିଲେ। ଜଣେ ସାମ୍ୟବାଦୀ ଭାବେ ବକ୍ସିବାବୁ ବର୍ଗ ବିଭାଜନ ଓ ବର୍ଗ ଶୋଷଣ ସମ୍ପର୍କରେ ସମ୍ପୂର୍ଣ୍ଣ ସଚେତନ ଥିଲେ ମଧ୍ୟ ‘ଉତ୍କଳ ସମ୍ମିଳନୀ’ର ମୁଖ୍ୟ ଭାବେ ଓଡ଼ିଶାର ସାମାଜିକ ବ୍ୟବସ୍ଥାକୁ, ବିଶେଷକରି ବର୍ଣ୍ଣ ବ୍ୟବସ୍ଥାକୁ ଟିକିନିଖି ଅନୁଧ୍ୟାନ କରିଥିଲେ। ତାଙ୍କ ତଥ୍ୟମୂଳକ ସିଦ୍ଧାନ୍ତ କହେ ବ୍ରିଟିଶ ଉପନିବେଶ ବ୍ୟବସ୍ଥା ଫଳରେ ବୃତ୍ତି ହରାଇଥିବା ଜାତି ଓ ବର୍ଗଙ୍କ ସଂଖ୍ୟା ଓଡ଼ିଶାରେ ପ୍ରାୟ ୯୨%। ତେଣୁ କେନ୍ଦ୍ର ସରକାର ଚାକିରିରେ ଦେଶରେ ସର୍ବାଧିକ ଓଡ଼ିଆ ଶତକଡ଼ା ଦୃଷ୍ଟିରୁ ସଂରକ୍ଷଣର ହକ୍‌ଦାର।

ଜାତି, ବର୍ଣ୍ଣ, ଧର୍ମ ଓ ଅନ୍ୟାନ୍ୟ ଭେଦଭାବ ସାମାଜିକ ଏକତାକୁ ବ୍ୟାହତ କରୁଥିବା ଅନୁଭବ କରି ସେ ସମଗ୍ର ଓଡ଼ିଆ ଜାତିର ଐକ୍ୟବଦ୍ଧତା ପାଇଁ ଏକାଗ୍ର ଉଦ୍ୟମ କରି ଚାଲିଥିଲେ। ସୁଦୂର କୋରାପୁଟର ବାସିନ୍ଦା ହୋଇ ମଧ୍ୟ ଓଡ଼ିଶାର ଉଚ୍ଚଶିକ୍ଷାର ମାତୃକଳ୍ପ ଅନୁଷ୍ଠାନ ରେଭେନ୍ସା କଲେଜର ଛାତ୍ର ସଂସଦର ସଭାପତି ହେବା ତାଙ୍କ ଜନ୍ମଜାତ ନେତୃତ୍ୱ କଳାର ପରାକାଷ୍ଠା ପ୍ରତିପାଦିତ କରୁଛି। ୧୯୫୪ରେ ଗଠିତ ସୀମା କମିଶନ ଓଡ଼ିଶା ପ୍ରତି ଚରମ ଅନ୍ୟାୟ କରିଥିଲେ। ଏହା ବିରୁଦ୍ଧରେ ସାମ୍ୟବାଦୀ ଛାତ୍ରନେତା ହରିଶଚନ୍ଦ୍ର ବକ୍ସିପାତ୍ର ବିପ୍ଳବୀ ସାମ୍ୟବାଦୀ ଆନ୍ଦୋଳନର ନେତୃତ୍ୱ ନେଲେ ଏବଂ କେନ୍ଦ୍ର କଂଗ୍ରେସ ନେତାଙ୍କୁ କଟକ ମାଟି ମଡ଼ାଇ ନଦେବାର ସଂକଳ୍ପ କରି ଗିରଫ ହେଲେ।

କେନ୍ଦୁଝର ଜିଲ୍ଲା ଓ ନୟାଗଡ଼ଠାରେ ସବୁଠୁ ଶସ୍ତା ଓ ସୁବିଧାରେ ରାଷ୍ଟ୍ରାୟତ୍ତ ଇସ୍ପାତ କାରଖାନା ପ୍ରତିଷ୍ଠା ହୋଇପାରିବ ବୋଲି ‘ବସ୍ତୁର କମିଟି’ ସୁପାରିସକୁ ତତ୍କାଳୀନ ପ୍ରଧାନମନ୍ତ୍ରୀ ଇନ୍ଦିରା ଗାନ୍ଧୀ ଗ୍ରହଣ କଲେ ନାହିଁ। କଂଗ୍ରେସ ବିଭାଜନ ଯୋଗୁଁ ହରାଇଥିବା ଜନାଧାରକୁ ଫେରି ପାଇବା ପାଇଁ ସେ ଦକ୍ଷିଣର ୩ଟି ରାଜ୍ୟରେ ବିନା ଯୋଗ୍ୟତାରେ ରାଷ୍ଟ୍ରାୟତ୍ତ ଇସ୍ପାତ କାରଖାନା ସ୍ଥାପନ ନିଷ୍ପତ୍ତି ନେଲେ। ବକ୍ସିବାବୁ କିନ୍ତୁ ଓଡ଼ିଶା ପ୍ରତି କେନ୍ଦ୍ରର ଏ ନଗ୍ନ ଅବିଚାରକୁ ବରଦାସ୍ତ କଲେ ନାହିଁ। କଂଗ୍ରେସ ଅଧ୍ୟୁଷିତ କୋରାପୁଟ ଜିଲ୍ଲାରେ ହିଁ ସେ କେନ୍ଦ୍ର ବିରୁଦ୍ଧରେ ବିଦ୍ରୋହର ବିଗୁଲ ବଜାଇ ୧୯୭୪ ମସିହାରେ ସେ ଅଞ୍ଚଳରେ ଇନ୍ଦିରା ବିରୋଧୀ ‘ପ୍ରଗତି ମେଣ୍ଟ’କୁ ସଫଳତାର ସ୍ୱାଦ ଚଖାଇ ନିଜେ ବିଧାୟକ ନିର୍ବାଚିତ ହୋଇ ଓଡ଼ିଶା ବିଧାନସଭାକୁ ଆସିଲେ। ‘ପ୍ରଗତି ମେଣ୍ଟ’ ‘ଲୋକଦଳ’ରେ ମିଶିଲା। ଜରୁରୀ ପରିସ୍ଥିତି ପରେ ଜୟପ୍ରକାଶଙ୍କ ଅନୁରୋଧକ୍ରମେ ଗଣତନ୍ତ୍ରର ସୁରକ୍ଷା ପାଇଁ ‘ଲୋକଦଳ’ ‘ଜନତା ପାର୍ଟି’ରେ ରୂପାନ୍ତରିତ ହେଲା। ଜୟପ୍ରକାଶଙ୍କ ‘ସମ୍ପୂର୍ଣ୍ଣ କ୍ରାନ୍ତି ଆନ୍ଦୋଳନ’ରେ ଝାସ ଦେଇ ଏବଂ ଜରୁରୀ ସ୍ଥିତିର ବିରୋଧ କରି ବକ୍ସିବାବୁ ଜେଲ୍ ଗଲେ। କାରାମୁକ୍ତ ହୋଇ ୧୯୭୭ ମସିହାରେ ନିର୍ବାଚନ ଲଢ଼ି ସେ ବିଜୟୀ ହେଲେ ଏବଂ ମୁଖ୍ୟମନ୍ତ୍ରୀ ନୀଳମଣି ରାଉତରାୟଙ୍କ ମନ୍ତ୍ରିମଣ୍ଡଳରେ ଗୁରୁତ୍ୱପୂର୍ଣ୍ଣ ବିଭାଗ ସମ୍ଭାଳିଲେ ଏବଂ କେନ୍ଦ୍ର ସହିତ ରାଜ୍ୟର ସମନ୍ୱୟ ରକ୍ଷାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କଲେ। ବକ୍ସିବାବୁଙ୍କ ଉଦ୍ୟମ ଥିଲା ଓଡ଼ିଶାର ସମସ୍ତ ତୁଙ୍ଗ ନେତା ବ୍ୟକ୍ତିଗତ ମନାନ୍ତରରୁ ଊର୍ଦ୍ଧ୍ୱକୁ ଯାଇ ଓଡ଼ିଶା ସ୍ୱାର୍ଥ ପାଇଁ କେନ୍ଦ୍ର ବିରୁଦ୍ଧରେ ସଂଗ୍ରାମ କରନ୍ତେ।

୧୯୯୦ ମସିହାରେ ବିଜୁ ପଟ୍ଟନାୟକଙ୍କ ନେତୃତ୍ୱରେ ଓଡ଼ିଶାରେ ଜନତା ଦଳର ମନ୍ତ୍ରିମଣ୍ଡଳରେ ବକ୍ସିବାବୁ ବରିଷ୍ଠ ମନ୍ତ୍ରୀ ଭାବେ ଦାୟିତ୍ୱ ନେଲେ। ରବି ରାୟ ଲୋକସଭାର ବାଚସ୍ପତି। ଉଭୟଙ୍କ ମଧ୍ୟରେ ସମନ୍ୱୟ ପୁନଃସ୍ଥାପନ କରି ଇସ୍ପାତ କାରଖାନା ଓ ଓଡ଼ିଶାର ସ୍ୱତନ୍ତ୍ର ଆର୍ଥିକ ଅଧିକାର ଭଳି ଦାବି ପୂରଣ ପାଇଁ ବକ୍ସିବାବୁ ଉଦ୍ୟମରତ ହେଲେ। କଟକ ମଦମୃତ୍ୟୁ ଘଟଣାରେ ବ୍ୟଥିତ ହୋଇ ଜନତା ପରିବାରର ବରିଷ୍ଠ ନେତାମାନେ ବକ୍ସିବାବୁଙ୍କ ମାଧ୍ୟମରେ ବିକଳ୍ପ ବ୍ୟବସ୍ଥା ଖୋଜିଲେ। ଏଥିରେ ରବି ରାୟ ସମ୍ପୂର୍ଣ୍ଣ ସହଯୋଗ କରି ମିଳିତ ସଭା ସମିତିମାନ କଲେ। ଉଭୟ ବିଜୁବାବୁ ଓ ରବି ରାୟଙ୍କ ସହଯୋଗୀ ଭାବେ ଜର୍ଜ ଫର୍ଣ୍ଣାଣ୍ଡିଜ ଏ ପ୍ରକ୍ରିୟାକୁ ସାହାଯ୍ୟ କଲେ। ବକ୍ସିବାବୁ ସମସ୍ତ ଅଭିଯାନର କେନ୍ଦ୍ର ହେଲେ। କିନ୍ତୁ ବିହାର ରାଜନୀତି ସବୁ ସାଧୁ ଉଦ୍ୟମକୁ ପଣ୍ଡ କରିଦେଲା। ଜନତା ଦଳ ବିଭାଜିତ ହୋଇ ଜର୍ଜ ଫର୍ଣ୍ଣାଣ୍ଡିଜଙ୍କ ନେତୃତ୍ୱରେ ସମତା ପାର୍ଟି ଗଠିତ ହେଲା। ସମାଜବାଦୀ ସାଥୀ ଜର୍ଜ ଫର୍ଣ୍ଣାଣ୍ଡିଜ ଓ ପୁତ୍ର ପ୍ରତିମ ନୀତୀଶ କୁମାରଙ୍କ ଅନୁରୋଧରେ ରବି ରାୟ ସମତା ପାର୍ଟିକୁ ଚାଲିଗଲେ। ଦିଲ୍ଲୀରେ ଓଡ଼ିଶା ଲବିକୁ ସୁଦୃଢ଼ କରିବାରେ ବକ୍ସିବାବୁଙ୍କ ଉଦ୍ୟମ ଅକାମୀ ହୋଇଗଲା। ଉତ୍କଳ ସମ୍ମିଳନୀ ମାଧ୍ୟମରେ ସେ ଉଦ୍ୟମକୁ ଅବ୍ୟାହତ ରଖିବାକୁ ଶ୍ରୀବକ୍ସିପାତ୍ର ଶେଷ ପର୍ଯ୍ୟନ୍ତ ପ୍ରୟାସ ଜାରି ରଖିଥିଲେ।

## ଆମ ବୃକ୍ଷଲତା ଆମ ଜୀବନ

ପ୍ରକୃତି-ପରିବେଶ

### ନାଗଲିଙ୍ଗ

ସୌଭାଗ୍ୟସୁନ୍ଦର

ଉତ୍ତର-ପୂର୍ବ ଦକ୍ଷିଣ ଆମେରିକା, ବିଶେଷକରି ଆମାଜନ ବର୍ଷା ଜଙ୍ଗଲରୁ ଉତ୍ପନ୍ନ ନାଗଲିଙ୍ଗ ବିଶ୍ୱର ଉଷ୍ମମଣ୍ଡଳୀୟ ଏବଂ ଉପ-ଉଷ୍ମମଣ୍ଡଳୀୟ ଅଞ୍ଚଳରେ ବହୁଳ ଭାବରେ ଦେଖାଯାଏ। ଏହାର ମନୋରମ, ସୁଗନ୍ଧିତ ଫୁଲ ଏବଂ ଫଳ ପାଇଁ ଏହାକୁ ଏକ ଶୋଭାବର୍ଦ୍ଧକ ଗଛ ଭାବରେ ବାଡ଼ିବଗିଚାରେ ଲଗାଯାଏ। ଏହି ବୃକ୍ଷର ଅନେକ ଔଷଧୀୟ, ସାଂସ୍କୃତିକ ଏବଂ ଧାର୍ମିକ ଗୁରୁତ୍ୱ ଅଛି। ପ୍ରାକୃତିକ ବାସସ୍ଥାନରେ ଏହା ସମୁଦ୍ର ପତ୍ତନଠାରୁ ୫୦୦ ମିଟରରୁ କମ୍ ଉଚ୍ଚତାରେ ବଢ଼େ। ଏହା ପୁଡୁଚେରୀରେ ‘ରାଜ୍ୟ ଫୁଲ’ର ମାନ୍ୟତା ପାଇଛି।

‘ମହାନାଗେଶ୍ୱର’ ଭାବେ ମଧ୍ୟ ପରିଚିତ ନାଗଲିଙ୍ଗ ପ୍ରାୟ ୩୦ ମିଟର ଉଚ୍ଚତା ବିଶିଷ୍ଟ ଏକ ବଡ଼ ଚିରହରିତ୍ ବା ଅର୍ଦ୍ଧଚିରହରିତ୍ ଦ୍ରୁମ। କାଣ୍ଡଟି ନଳାକାର, ଯାହାର ବ୍ୟାସ ୭୦ ସେମି ଅତିକ୍ରମ କରିପାରେ। ଛାଲି ମାଟିଆ ଧୂସର ରଙ୍ଗର। ପରିପକ୍ୱ ବୃକ୍ଷର ଛାଲି ଫାଟି ଫାଟିଯାଏ। ପତ୍ରଗୁଡ଼ିକ ଶାଖାଗୁଡ଼ିକର ଶୀର୍ଷରେ ପୁଞ୍ଜିଭୂତ ଏବଂ ବିକଳ୍ପ ଭାବରେ ସଜେଇ ହୋଇ ରହିଥାଏ। ପତ୍ର ଧାର ସମ୍ପୂର୍ଣ୍ଣ କିମ୍ବା ସାମାନ୍ୟ ଦନ୍ତୁରିତ, ପ୍ରାୟ ୧୦-୨୦ ସେମି ଲମ୍ବ ଓ ୪-୬ ସେମି ଚଉଡ଼ା। ମୁଖ୍ୟ ଗଣ୍ଡି ଏବଂ ଅନ୍ୟାନ୍ୟ ବଡ଼ ଶାଖାରୁ ଫୁଲଗୁଡ଼ିକ ଗୁଚ୍ଛରେ ଉତ୍ପନ୍ନ ହୁଏ। ଫୁଲଗୁଡ଼ିକର ବ୍ୟାସ ପ୍ରାୟ ୬ ସେମି ବିଶିଷ୍ଟ ମାଂସଳ, ହଳଦିଆ ଏବଂ ଲାଲ କିମ୍ବା ଗୋଲାପୀ ବାଇଗଣୀ ରଙ୍ଗର। ଫୁଲଗୁଡ଼ିକ ପ୍ରବଳ ସୁଗନ୍ଧଯୁକ୍ତ, ବିଶେଷକରି ରାତିରେ ଏବଂ ପ୍ରାତଃ ସମୟରେ। ପରିପକ୍ୱ ଫଳ ଭୂମିରେ ପଡ଼ିବା ବେଳେ ବାଡ଼େଇ ହୋଇ ଶବ୍ଦ ହୁଏ। ତଳେ ପଡ଼ି ଫାଟିଲା ଫଳକୁ ବିଭିନ୍ନ ପ୍ରାଣୀ ଖାଇଥା’ନ୍ତି। ଫଳଟି କଠିନ ଆବରଣ ସହିତ ଗୋଲାକାର। ଏହାର ବ୍ୟାସ ପ୍ରାୟ ୨୫ ସେମି। ଫଳଟି ଖାଦ୍ୟ ଉପଯୋଗୀ କିନ୍ତୁ ଏହାର ଅପ୍ରିୟ ଗନ୍ଧ ଯୋଗୁଁ ସାଧାରଣତଃ ଲୋକମାନେ ଏହାକୁ ଖାଆନ୍ତି ନାହିଁ। ଭାରତରେ ବର୍ଷସାରା ଗଛରେ ଫୁଲ ଫୁଟେ। ଫୁଲଗୁଡ଼ିକୁ ସୁଗନ୍ଧିତ ପ୍ରସାଧନୀ ସାମଗ୍ରୀ ପ୍ରସ୍ତୁତିରେ ବ୍ୟବହାର କରାଯାଏ।

ନାଗଲିଙ୍ଗକୁ ପାରମ୍ପରିକ ଭାବରେ ଉଚ୍ଚ ରକ୍ତଚାପ, ଟ୍ୟୁମର, ଯନ୍ତ୍ରଣା ଓ ପ୍ରଦାହ, ସାଧାରଣ ଥଣ୍ଡା, ପେଟ ଯନ୍ତ୍ରଣା, ଚର୍ମ ରୋଗ, କ୍ଷତ, ମ୍ୟାଲେରିଆ, ଦାନ୍ତ ବିନ୍ଧା, ଗ୍ୟାଷ୍ଟ୍ରାଇଟ୍, ସ୍କେବସ୍, ରକ୍ତସ୍ରାବ, ପାଇଲ୍ସ, ପତଳା ଝାଡ଼ା, ବିଛା ବିଷ ଆଦି ଚିକିତ୍ସା ପାଇଁ ବ୍ୟବହାର କରାଯାଇ ଆସୁଛି। ଏହା ଆଣ୍ଟିମାଇକ୍ରୋବିଏଲ୍, ଆଣ୍ଟିଅଲ୍ସର, କୃମିନାଶକ, ଆଣ୍ଟିଅକ୍ସିଡାଣ୍ଟ, ଆଣ୍ଟିପାଇରେଟିକ୍, ଆଣ୍ଟିଆର୍ଥ୍ରାଇଟିକ୍, ଇମ୍ୟୁନୋମୋଡୁଲେଟୋରୀ/ ପ୍ରତିରୋଧକ ଶକ୍ତି ବୃଦ୍ଧି କାରକ, ଆଣ୍ଟିବ୍ୟାକ୍ଟେରିଆଲ୍, ଆଣ୍ଟିଷ୍ଟ୍ରେସ୍, ଆଣ୍ଟିଡାଇରିଆଲ୍, ଆଣ୍ଟିଡିପ୍ରେସାଣ୍ଟ ଗୁଣରେ ସମୃଦ୍ଧ।

ଏହାଛଡ଼ା ନାଗଲିଙ୍ଗ ଗଛରେ ଟ୍ରାଇଟରପେନ୍ସ, ଫେନୋଲିକ୍ସ, କୁରୁପିଟାଇନ୍, ଇଣ୍ଡିରୁବିନ୍, ଆଇସାଟିନ୍, ଆନ୍ଥୋସିଆନିନ୍, ଫ୍ଲାଭାନୋଇଡ୍ସ, ୟୁଜେନୋଲ୍, ଟାନିନ୍, ଷ୍ଟେରଏଡ୍ସ, ସାପୋନିନ୍, ଗ୍ଲାଇକୋସାଇଡ୍ସ, ଆମିନୋ ଏସିଡ୍, ଫେନୋଲ୍ସ, ଆନ୍ଥ୍ରାକୁଇନୋନ୍, ଟ୍ରାଇଟରପେନୋଇଡ୍ସ, ଫାର୍ସେନଲ୍ ଏବଂ ତେଲ ଭଳି ଅନେକ ଉପାଦାନ ରହିଛି। ଫଳ ଏବଂ ଫୁଲରେ ଇଣ୍ଡିଗୋଟିନ୍ ଏବଂ ଇଣ୍ଡିରୁବିନ୍ ରାସାୟନିକ ଯୌଗିକ ଥିବା ଜଣାଯାଏ। ଫଳର କଠିନ ଖୋଳକୁ କେତେକ ସମୟରେ ପାତ୍ର ଭାବରେ ବ୍ୟବହାର କରାଯାଏ। କାଠଗୁଡ଼ିକ ବହୁତ ହାଲୁକା; ନରମ, ଅସ୍ଥାୟୀ ଏବଂ କବକ, କାଠ କୀଟ ଉଇ ପ୍ରତି ସମ୍ବେଦନଶୀଳ। ଏହି କାଠ ବିଭିନ୍ନ ପ୍ରକାରର ଖେଳଣା, ବାକ୍ସ, ପିଞ୍ଜରା, ଦିଆସିଲି, ପ୍ୟାନେଲିଂ, ଫର୍ଣ୍ଣିଚର ଉପାଦାନ, କାଠ ସାମଗ୍ରୀ, ଲାଥ୍-ବୋର୍ଡ ଓ ଫାଇବର-ବୋର୍ଡ ପ୍ରସ୍ତୁତିରେ ବ୍ୟବହାର କରାଯାଏ।

ଭାରତ ଏବଂ ଶ୍ରୀଲଙ୍କାରେ ଏହି ଗଛକୁ ହିନ୍ଦୁମାନେ ପୂଜା କରନ୍ତି। ଏହାର ଫୁଲର ହୁଡ ବା ଫେଣା ନାଗଫେଣା ପରି ଦେଖାଯାଏ, ଯାହା ତଳେ ଗର୍ଭକେଶର ଧଳା ରଙ୍ଗର ଲିଙ୍ଗ ପରି ଦେଖାଯାଏ। ତେଣୁ ଏହାକୁ ଶିବମନ୍ଦିରରେ ରୋପଣ କରାଯାଏ। ଶ୍ରୀଲଙ୍କା, ଥାଇଲ୍ୟାଣ୍ଡ, ମିଆଁମାର, କାମ୍ବୋଡିଆ, ଲାଓସ, ବଙ୍ଗଳାଦେଶ, ନେପାଳ, ଭୁଟାନ, ମାଲେସିଆ ଏବଂ ଅନ୍ୟାନ୍ୟ ବୌଦ୍ଧ ଦେଶଗୁଡ଼ିକରେ ଏହାକୁ ବୌଦ୍ଧ ମଠ ଏବଂ ଅନ୍ୟାନ୍ୟ ଧାର୍ମିକ ସ୍ଥଳରେ ଲଗାଯାଇଥାଏ। ମାନବ ବସତି ସ୍ଥାପନ, କୃଷି ଜମି ସମ୍ପ୍ରସାରଣ, ପ୍ରାକୃତିକ ଜଙ୍ଗଲ ସଙ୍କୋଚନ ଇତ୍ୟାଦି କାରଣରୁ ନାଗଲିଙ୍ଗ ଉଦ୍ଭିଦର ସଂଖ୍ୟା ପ୍ରାୟତଃ ହ୍ରାସ ପାଇବାରେ ଲାଗିଛି। ପ୍ରକୃତି ସଂରକ୍ଷଣ ପାଇଁ ଆନ୍ତର୍ଜାତୀୟ ସଂଘ ଲାଲ ବିପନ୍ନ ଜାତି ତାଲିକାରେ ଏହି ଉଦ୍ଭିଦକୁ ‘ସର୍ବନିମ୍ନ ଚିନ୍ତା’ ବର୍ଗରେ ସ୍ଥାନିତ କରିଛି।

ଭୁବନେଶ୍ୱର, ମୋ: ୯୪୩୭୧୯୦୪୭୦

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ ‘ସକାଳ’ ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ ‘ସକାଳ’ କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ୧୮ ଓ ୧୯ ତାରିଖରେ ଜିଲ୍ଲାପାଳ ସମ୍ମିଳନୀ

ଭୁବନେଶ୍ୱର,୧୫।୧୧(ସମିସ): ଆସନ୍ତା ୧୮ ଓ ୧୯ ତାରିଖରେ ଜିଲ୍ଲାପାଳ ଓ ଆରକ୍ଷୀ ଅଧୀକ୍ଷକ ସମ୍ମିଳନୀ ଅନୁଷ୍ଠିତ ହେବ। ସମ୍ମିଳନୀରେ ଏକାଧିକ ପ୍ରସଙ୍ଗ ଆଲୋଚନା ହେବାକୁ ଥିବାବେଳେ ମୁଖ୍ୟତଃ ଜମି ଅଧିଗ୍ରହଣ ସମସ୍ୟା, ଲଘୁ ଖଣିଜ ଦ୍ରବ୍ୟର ସଠିକ୍ ପରିଚାଳନା ତଥା ରାଜ୍ୟ ସରକାରଙ୍କ ବିଭିନ୍ନ ଜନକଲ୍ୟାଣକାରୀ ଯୋଜନା କିପରି ସଠିକ୍ ଭାବେ କାର୍ଯ୍ୟକାରୀ ନେଇ ବିସ୍ତୃତ ଆଲୋଚନା ହେବ ବୋଲି ଜଣାପଡ଼ିଛି।

ବିଭିନ୍ନ ଉନ୍ନୟନମୂଳକ ପ୍ରକଳ୍ପ ପାଇଁ ଜମି ଅଧିଗ୍ରହଣ ଏବେ ସରକାରଙ୍କ ପାଇଁ ପ୍ରମୁଖ ସମସ୍ୟା ପାଲଟିଛି। ରାଜ୍ୟର ବହୁ ପ୍ରକଳ୍ପକୁ ପୂର୍ବରୁ ଅନୁମୋଦନ ମିଳିସାରିଥିଲେ ହେଁ ଜମି ଅଧିଗ୍ରହଣ ସମସ୍ୟା କାରଣରୁ ଏହି ପ୍ରକଳ୍ପଗୁଡ଼ିକର କାର୍ଯ୍ୟ ଆଗକୁ ବଢ଼ିପାରୁ ନାହିଁ। ମୁଖ୍ୟ ଶାସନ ସଚିବଙ୍କଠାରୁ ଆରମ୍ଭ କରି ବିଭାଗୀୟ ସଚିବମାନେ ମଧ୍ୟ ବିଭିନ୍ନ ବୈଠକରେ ଏନେଇ ତଳସ୍ତରର ଅଧିକାରୀଙ୍କୁ ଆବଶ୍ୟକୀୟ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇ ଆସୁଛନ୍ତି। 'ମେକ୍ ଇନ୍ ଓଡ଼ିଶା' ସମ୍ମିଳନୀ ୨୦୨୫ରେ ରାଜ୍ୟକୁ ରେକର୍ଡ ପୁଞ୍ଜି ବିନିଯୋଗ ପ୍ରସ୍ତାବ ଆସିଛି। ବର୍ତ୍ତମାନ ରାଜ୍ୟ ସରକାର ଗୋଟିଏ ପରେ ଗୋଟିଏ ପ୍ରକଳ୍ପକୁ ଅନୁମୋଦନ ଦେବାରେ ଲାଗିଛନ୍ତି। ସେହିପରି ଆଗାମୀ ଦିନରେ ମେକ୍ ଇନ୍ ଓଡ଼ିଶା ସମ୍ମିଳନୀ ସହ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ରାଜ୍ୟ ସରକାର ଓଡ଼ିଶାକୁ ଅଧିକାରୁ ଅଧିକ ସଂଖ୍ୟାରେ ନିବେଶ ଆଣିବାକୁ ଲକ୍ଷ୍ୟ ରଖିଛନ୍ତି। ଏପରିସ୍ଥଳେ ଜମି ଅଧିଗ୍ରହଣ ଏକ୍ଷେତ୍ରରେ ସବୁଠାରୁ ବଡ଼ ସମସ୍ୟା ପାଲଟିବାର ଆଶଙ୍କା ରହିଥିବାରୁ ଜିଲ୍ଲାପାଳ ସମ୍ମିଳନୀରେ ଏନେଇ ବିସ୍ତୃତ ଆଲୋଚନା ହୋଇପାରେ। ଅନୁମୋଦିତ ପ୍ରକଳ୍ପକୁ ଯେପରି ଧାର୍ଯ୍ୟ ସମୟ ମଧ୍ୟରେ ଜମି ହସ୍ତାନ୍ତର ହୋଇପାରିବ, ସେନେଇ ଜିଲ୍ଲାପାଳମାନଙ୍କୁ ଆବଶ୍ୟକୀୟ ଦିଶା ନିର୍ଦ୍ଦେଶ ଦିଆଯିବ ବୋଲି ଜଣାପଡ଼ିଛି।

ଅପରପକ୍ଷେ ନୂଆ ସରକାର ଆସିବା ପରଠାରୁ ରାଜ୍ୟରେ ଲଘୁ ଖଣିଜ ଦ୍ରବ୍ୟର ସଠିକ୍ ପରିଚାଳନା ହୋଇପାରୁ ନାହିଁ। ଯାହାଫଳରେ ରାଜ୍ୟ ସରକାର ଶହ ଶହ କୋଟି ଟଙ୍କାର ରାଜସ୍ୱ ହାନି ସହୁଛନ୍ତି। ଅତଏବ ଆସନ୍ତା ବୈଠକରେ ଲଘୁ ଖଣିଜ ଦ୍ରବ୍ୟର ପରିଚାଳନାଠାରୁ ଆରମ୍ଭ କରି ସୁରକ୍ଷା ଏବଂ ସଠିକ୍ ଉତ୍ତୋଳନକୁ ନେଇ ବିଚାର ବିମର୍ଶ ହୋଇପାରେ। ଏହାବ୍ୟତୀତ ରାଜ୍ୟ ସରକାରଙ୍କ ଜନକଲ୍ୟାଣକାରୀ ଯୋଜନା ଗୁଡ଼ିକ କିପରି ତୃଣମୂଳସ୍ତରରେ ସଫଳତାର ସହ କାର୍ଯ୍ୟକାରୀ ହେବ, ସେନେଇ ମୁଖ୍ୟମନ୍ତ୍ରୀ ଜିଲ୍ଲାପାଳମାନଙ୍କୁ ଆବଶ୍ୟକୀୟ ପରାମର୍ଶ ଦେଇପାରନ୍ତି ବୋଲି ସୂଚନା ମିଳିଛି। ଏତଗଦ୍ ବ୍ୟତୀତ ରାଜ୍ୟ ସରକାରଙ୍କ ନିଜସ୍ୱ ନୂଆ ଯୋଜନା ସହ କେନ୍ଦ୍ରୀୟ ଯୋଜନାର ସଫଳ ରୂପାୟନ, ବାଣିଜ୍ୟ ଅନୁକୂଳ ବାତାବରଣ, ଜନସାଧାରଣଙ୍କ ଅଭିଯୋଗ ଶୁଣାଣି ଓ ସମାଧାନ, ସରକାରୀ ସେବା ପ୍ରଦାନ ସମେତ ଆଇନ ଶୃଙ୍ଖଳା ପରିସ୍ଥିତି, ଉପକୂଳ ସୁରକ୍ଷା ଓ ମାଓବାଦୀ ସମସ୍ୟା, ରାଜ୍ୟରେ ମହିଳା ସୁରକ୍ଷା ଓ ନିଶା କାରବାରର ମୁକାବିଲା ଆଦି ପ୍ରସଙ୍ଗରେ ଚର୍ଚ୍ଚା ଓ ଆଲୋଚନା ହେବ ବୋଲି ସୂଚନା ମିଳିଛି।

### ଆଦର୍ଶ ବିଦ୍ୟାଳୟକୁ ସରକାରୀ ମାନ୍ୟତା ଦାବି

# ୧୫ ଦିନରେ ଦାବି ପୂରଣ ନ ହେଲେ ଆନ୍ଦୋଳନ



ଭୁବନେଶ୍ୱର,୧୬।୧୧(ସମିସ): ରାଜ୍ୟର ଗ୍ରାମାଞ୍ଚଳ ଛାତ୍ରଛାତ୍ରୀଙ୍କୁ ଇଂରାଜୀ ମାଧ୍ୟମରେ ଶିକ୍ଷାଦାନ କରି ଓଡ଼ିଶା ଆଦର୍ଶ ବିଦ୍ୟାଳୟ (ଓଏଭି) ସଫଳତା ଦେଉଛି। ନିଟ୍ ଓ ଜେଇଇ ପରି ଜାତୀୟ ସ୍ତରୀୟ ପରୀକ୍ଷାରେ ଓଏଭି ପିଲାମାନେ ଉତ୍ତମ ପ୍ରଦର୍ଶନ କରୁଛନ୍ତି। ପିଲାଙ୍କୁ ସର୍ବୋତ୍ତମ ଶିକ୍ଷା ଦେବାକୁ ପ୍ରତିବଦ୍ଧ ଏହି ବିଦ୍ୟାଳୟକୁ ସରକାରୀ ମାନ୍ୟତା ଦେବାପାଇଁ ଓଏଭି ଶିକ୍ଷକ ଓ କର୍ମଚାରୀ ସଂଘ ପକ୍ଷରୁ ଦାବି କରିବା ସହ ଶିକ୍ଷା ଓ ଶିକ୍ଷକଙ୍କ ୧୩ ଦଫା ଦାବି ପୂରଣ କରିବା ପାଇଁ ସଂଘ ପକ୍ଷରୁ ଦାବି କରାଯାଇଛି।

ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ଅଧୀନରେ ଥିବା ସରକାରୀ ଉଚ୍ଚ ବିଦ୍ୟାଳୟ ପରି ଓଏଭିକୁ ସରକାରୀ ମାନ୍ୟତା ଦେବା ସହ କର୍ମଚାରୀଙ୍କୁ ଏଚ୍ଆର୍ଏମ୍ଏସ୍‌ରେ ଅନ୍ତର୍ଭୁକ୍ତ କରି ସରକାରୀ ସୁବିଧା ସୁଯୋଗ ପ୍ରଦାନ କରିବାକୁ ସଂଘ ପକ୍ଷରୁ ଦାବି କରାଯାଇଛି। ସରକାରୀ ବିଦ୍ୟାଳୟ ଭାବେ ଗଣନା କରାଯାଉ ନଥିବାରୁ ଓଏଭି ଛାତ୍ରଛାତ୍ରୀମାନେ ନିଟ୍ ଓ ଜେଇଇ ପରୀକ୍ଷାରେ ୧୫% ସଂରକ୍ଷଣ ପାଇବାରୁ ବଞ୍ଚିତ ହେଉଛନ୍ତି। ଏଣୁ ସମସ୍ତ ପିଲାଙ୍କୁ ଏହି ସଂରକ୍ଷଣରେ ସାମିଲ କରିବାକୁ ସଂଘର ସଭାପତି ରିପୁଦମନ ସୌରଭ ମିଶ୍ର ଦାବି କରିଛନ୍ତି। ଅନୁରୂପ ଭାବେ ୟୁନିଫର୍ମ କ୍ୟାଡର ମାନ୍ୟତା, ପିଇଟି ମ୍ୟୁଜିକ ଓ କମ୍ପ୍ୟୁଟର ଶିକ୍ଷକଙ୍କୁ ଅନ୍ୟ କର୍ମଚାରୀଙ୍କ ପରି ୪୬୦୦ ଗ୍ରେଡ୍ ପେ ପ୍ରଦାନ, ପିଜିଟି ଓଡ଼ିଆ ପଦ ପୂରଣ, ଓଏଭିକୁ ପିଏମ୍‌ଶ୍ରୀ ବିଦ୍ୟାଳୟ ମାନ୍ୟତା, କଳା ବିଭାଗ ଖୋଲିବା, ପଦୋନ୍ନତି ବ୍ୟବସ୍ଥାକୁ ଲାଗୁ କରିବା, କ୍ଲର୍କମାନଙ୍କୁ ନିୟମିତ କରିବା ଆଦି ଦାବି ରଖିଛନ୍ତି। ସେମାନଙ୍କ ସମସ୍ତ ଦାବିକୁ ସରକାର ୧୫ଦିନ ମଧ୍ୟରେ ପୂରଣ ନ କଲେ ସେମାନେ ଆନ୍ଦୋଳକୁ ଓହ୍ଲାଇବାକୁ ବାଧହେବେ ବୋଲି ସଂଘର ସାଧାରଣ ସମ୍ପାଦକ ଶୁଭାଶିଷ ଦାଶ ଚେତାବନୀ ଦେଇଛନ୍ତି। ଏହି ସମ୍ମିଳନୀରେ ସମସ୍ତ ୩୧୪ ଓଏଭିର କାର୍ଯ୍ୟକର୍ତ୍ତା ଯୋଗଦେଇ ଶିକ୍ଷା ଓ ଶିକ୍ଷକଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ ଆଲୋଚନା କରିବା ସହ ଅଭିନବ ଶିକ୍ଷାଦାନ ଉପରେ ଆଲୋଚନା କରାଯାଇଛି।

# ସୁକ୍‌ମାରେ ଏନ୍‌କାଉଣ୍ଟର; ୩ ମାଓବାଦୀ ମୃତ

ସୁକ୍‌ମା,୧୬।୧୧(ଏଜେନ୍ସି): ଛତିଶଗଡ଼ର ସୁକ୍‌ମା ଜିଲ୍ଲାରେ ସୁରକ୍ଷାବଳ ଓ ମାଓବାଦୀଙ୍କ ମଧ୍ୟରେ ଗୁଳି ବିନିମୟ ହୋଇଛି। ଏଥିରେ ଜଣେ ମହିଳାଙ୍କ ସମେତ ୩ ମାଓବାଦୀ ନିହତ ହୋଇଛନ୍ତି। ଏମାନଙ୍କ ମଧ୍ୟରେ ଜଣେ ମିଲିସିଆ କମାଣ୍ଡର ଓ ଜଣେ ସ୍ନାଇପର ସ୍ପେଶାଲିଷ୍ଟ ସାମିଲ ରହିଛନ୍ତି ବୋଲି ସୁକ୍‌ମା ଏସ୍‌ପି କିରଣ ଚୌହାନ କହିଛନ୍ତି। ଘଟଣାସ୍ଥଳରୁ ୩୦୩ ରାଇଫଲ, ବିଜେଏଲ୍ ଲଞ୍ଚର୍ ସମେତ ବିପୁଳ ପରିମାଣର ଅସ୍ତ୍ରଶସ୍ତ୍ର ଉଦ୍ଧାର କରାଯାଇଛି। ମୃତ୍ୟୁବରଣ କରିଥିବା ପ୍ରତ୍ୟେକ ମାଓବାଦୀଙ୍କ ପାଇଁ ୫ ଲକ୍ଷ ଟଙ୍କା ଲେଖାଏ ଓ ମୋଟ୍ ଉପରେ ୧୫ ଲକ୍ଷ ଟଙ୍କାର ପୁରସ୍କାର ଘୋଷଣା କରାଯାଇଥିଲା। ୩ ଜଣଙ୍କ ମୃତଦେହ ମଧ୍ୟ ଉଦ୍ଧାର କରାଯାଇଛି। ଏନ୍‌କାଉଣ୍ଟର ପରେ ଡିଆରଜି, ବସ୍ତର ଫାଇଟର୍ସ ଓ ସିଆରପିଏଫ୍ ମିଳିତ

### ସମସ୍ତଙ୍କ ଉପରେ ଥିଲା ୧୫ ଲକ୍ଷର ପୁରସ୍କାର

ଭାବେ ସର୍ଚ୍ଚ ଅପରେସନ ଜାରି ରଖିଛନ୍ତି। ୨୦୨୫ରେ ବସ୍ତର ରେଞ୍ଜ୍‌ରେ ଏପର୍ଯ୍ୟନ୍ତ ୨୩୩ ମାଓବାଦୀ ନିହତ ହୋଇଛନ୍ତି ବୋଲି ଆଇଜି ପି ସୁନ୍ଦରରାଜ କହିଛନ୍ତି।

# ଥେମ୍ସ ନଦୀରେ ଭାରତୀୟ ଯୁବକ ଗୋଡ଼ ଧୋଇବା ନେଇ ବିବାଦ

ଲଣ୍ଡନ,୧୬।୧୧(ଏଜେନ୍ସି): ଲଣ୍ଡନର ବିଶ୍ୱ ପ୍ରସିଦ୍ଧ ଥେମ୍ସ ନଦୀରେ ଜଣେ ଭାରତୀୟ ଯୁବକ ତାଙ୍କ ଗୋଡ଼ ଧୋଇବା ପରେ ବିବାଦ ସୃଷ୍ଟି ହୋଇଛି। ଏହି ଘଟଣା ଭିଡିଓ ସୋସିଆଲ ମିଡିଆରେ ଭାଇରାଲ ହୋଇଛି। ଯୁବକ ଜଣକ ଏହି ନଦୀରେ ଗାଧୋଇବାକୁ ପ୍ରୟାସ କରିଥିଲେ ବୋଲି କୁହାଯାଇଛି। ଥେମ୍ସ ନଦୀ ଲଣ୍ଡନର ପରିଚୟ ବୋଲି କୁହାଯାଇଥାଏ। ଏହି ନଦୀ କୂଳରେ ସଂସଦ ଭବନ, ଲଣ୍ଡନ ଆଇ ଆଣ୍ଡ ଟାୱାର ବ୍ରିଜ୍ ରହିଛି। ଏହି ଭିଡିଓ ସାମ୍ନାକୁ ଆସିବା ପରେ ଲୋକ ତୀବ୍ର ପ୍ରତିକ୍ରିୟା ପ୍ରକାଶ କରିଛନ୍ତି। ଜଣେ ୟୁଜର ଉଲ୍ଲେଖ କରଛନ୍ତି ଯେ, ଗଙ୍ଗା-ଯମୁନା କ'ଣ ଯଥେଷ୍ଟ ନଥିଲା, ଥେମ୍ସ ନଦୀକୁ ବି ସେହିଭଳି ଦୂଷିତ କରିବାକୁ ଚାହୁଁଛ। ଆଉ ଜଣେ ୟୁଜର ଲେଖିଛନ୍ତି ଯେ, ଜଣେ ଭାରତୀୟ ଥେମ୍ସ ନଦୀରେ ଗୋଡ଼ ଧୋଇଛନ୍ତି। ଏଥିରେ ଲୋକ ଅସନ୍ତୁଷ୍ଟ। ଏଭଳି କାର୍ଯ୍ୟ ନେଇ ସେ ପ୍ରଶ୍ନ ଉଠାଇଛନ୍ତି। ସେହିଭଳି ଅନ୍ୟକେତକ ୟୁଜର ଯୁବକଙ୍କୁ ସମର୍ଥନ ମଧ୍ୟ କରିଛନ୍ତି। ଗୋଡ଼ ଧୋଇବାରେ ଅସୁବିଧା କ'ଣ ଅଛି ବୋଲି ସେ ପ୍ରଶ୍ନ ପଚାରିଛନ୍ତି। ଆଉ ଜଣେ ଉଲ୍ଲେଖ କରିଛନ୍ତି ଯେ, ପାଣିରେ ଗୋଡ଼ ଦେବା କ'ଣ ବେଆଇନ? ଆଉ ଜଣେ ଲେଖିଛନ୍ତି ଯେ, ନଦୀର ପାଣିର ରଙ୍ଗରୁ ଜଣାପଡୁଛି ଯେ, ଏଥିରେ କିଛି ବି ଧୋଇବା ଠିକ୍ ନୁହଁ। ଏଠାରେ ଗୋଡ଼ ଧୁଅନି, ଲୋକେ ଏହାର ପାଣି ପିଉଛନ୍ତି ବୋଲି ଆଣ ଜଣେ ଲେଖିଛନ୍ତି। ଥେମ୍ସ ନଦୀ ଲଣ୍ଡନର ମଝିରେ ହିଁ ପ୍ରବାହିତ ହୋଇଛି।

# ମାଓ ଦମ୍ପତିଙ୍କ ଆତ୍ମସମର୍ପଣ

ଫୁଲବାଣୀ/ଫିରିଙ୍ଗିଆ, ୧୬।୧୧ (ସମିସ): କନ୍ଧମାଳ ପୁଲିସ ନିକଟରେ ଆଜି ଏକ ମାଓ ଦମ୍ପତି ଆତ୍ମସମର୍ପଣ କରିଛନ୍ତି। ସେମାନେ ହେଲେ, ଛତିଶଗଡ଼ ସୁକମା ଜିଲ୍ଲା ପାରଲାଗାଟା ଗ୍ରାମର ଉଙ୍ଗା କଲମା ଓରଫ କିଶୋର(୨୫) ଓ ସୁକମା ଜିଲ୍ଲା ବାଜେ ଥାନା ଗୁମୁ ପଞ୍ଚାୟତର କିଣ୍ଡରାମ ଗ୍ରାମର ମାସେ ମାଣ୍ଡଭୀ (୨୨)। ସେମାନେ ୨୦୧୮ ମସିହାରେ ଲାଲବାହିନୀରେ ଯୋଗଦେଇ ବଂଶଧାରା-ଘୁମୁସର-ନୟାଗଡ଼ (ବିଜିଏନ) ସଙ୍ଗଠନରେ ପାର୍ଟି ମେମ୍ବର ଭାବେ କାମ କରୁଥିଲେ। ଦକ୍ଷିଣ-



କେନ୍ଦ୍ର ଓଡ଼ିଶା ମଧ୍ୟ ଦେଇ ଲାଲବାହିନୀର ଉତ୍ତର-ଦକ୍ଷିଣ କରିଡର୍‌କୁ ପୁନଃ ସକ୍ରିୟ କରିବା ପାଇଁ ସେମାନେ କାମ କରୁଥିଲେ ବୋଲି ଆଜି ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଦକ୍ଷିଣାଞ୍ଚଳ ଆଇଜି ନିତିଶେଖର ପ୍ରକାଶ କରିଛନ୍ତି। ସେମାନେ ରାଜ୍ୟର ବିଭିନ୍ନ ସ୍ଥାନରେ ସଂଘଟିତ ଅନେକ ମାଓ କାର୍ଯ୍ୟକଳାପରେ ସମ୍ପୃକ୍ତ ରହିଥିବା କନ୍ଧମାଳ ଏସ୍‌ପି ହରିଶ ବିଶି କହିଛନ୍ତି।

ମାଓ ସଙ୍ଗଠନର ମିଥ୍ୟା ପ୍ରତିଶ୍ରୁତି, ହିଂସାତ୍ମକ କାର୍ଯ୍ୟକଳାପ, ନିର୍ଯାତନା, ବିକାଶକୁ ବିରୋଧ ଭଳି ଜନବିରୋଧୀ କାର୍ଯ୍ୟ ପ୍ରତି ବୀତସ୍ପୃହ ହେବା ସହିତ ସରକାରଙ୍କ ପକ୍ଷରୁ ଘୋଷିତ ଆକର୍ଷଣୀୟ ଥଇଥାନ ପ୍ୟାକେଜ ଦ୍ୱାରା ପ୍ରଭାବିତ ହୋଇ ସଙ୍ଗଠନ ଛାଡିବା ସହ ସମାଜର ମୁଖ୍ୟସ୍ରୋତକୁ ଫେରିବା ପାଇଁ ନିଷ୍ପତ୍ତି ନେଇଥିବା ଉଭୟ ପ୍ରକାଶ କରିଛନ୍ତି।

ଅପରପକ୍ଷେ, ସରକାରଙ୍କ ଦ୍ୱାରା ନିର୍ଦ୍ଧାରିତ ସମସ୍ତ ସହାୟତା ଯୋଗାଇ ଦିଆଯିବ ବୋଲି ସୂଚନା ଦେଇଛନ୍ତି ଆଇଜି ନିତିଶେଖର। ଏଥିସହ ବାଲିଗୁଡ଼ା ଥାନା ଅନ୍ତର୍ଗତ ପାଙ୍ଗୁରମାଲା ଗ୍ରାମ ନିକଟରେ ଡିଭିଏଫ ପକ୍ଷରୁ କମ୍ବିଂ ଅପରେସନ ଚାଲିଥିବା ବେଳେ ବିପୁଳ ପରିମାଣର ମାଓ ସାମଗ୍ରୀ ଜବତ ହୋଇଥିବା ସୂଚନା ଦେଇଛନ୍ତି ଆଇଜି। ଜବତ ସାମଗ୍ରୀ ମଧ୍ୟରେ ରହିଛି ୪ଟି ମୋର୍ଟାର ସେଲ, ୩ଟି ଡିଟୋନେଟର, ଟିଫିନ ବକ୍ସ, ବିଦ୍ୟୁତ ତାର ସହିତ ଖାଦ୍ୟ ସାମଗ୍ରୀ, ପୋଷାକ ଓ ନିତ୍ୟ ବ୍ୟବହାର୍ଯ୍ୟ ଜିନିଷ।

# ଖାଦ୍ୟ ଅନ୍ୱେଷଣରେ ଗାଁମୁହାଁ ଭାଲୁ

ଗୁଣୁପୁର/ରାୟଗଡ଼ା,୧୬।୧୧ (ସମିସ): ଜଙ୍ଗଲ ନଷ୍ଟ ହେଉଥିବା ଯୋଗୁଁ ଖାଦ୍ୟ ଅନ୍ୱେଷଣରେ ଜଙ୍ଗଲୀ ପଶୁ ଗାଁ ମୁହାଁ ହେଉଛନ୍ତି। ଜଙ୍ଗଲୀ ଭାଲୁ ଗାଁରେ ପ୍ରବେଶ କରି ଲୋକଙ୍କଠାରୁ କଦଳି, ବିସ୍କୁଟ୍ ଓ ନଡ଼ିଆ ଖାଇବା ଘଟଣା ଚର୍ଚ୍ଚାର ବିଷୟ ହୋଇଛି। ରାୟଗଡ଼ା ଜିଲ୍ଲା ପଦ୍ମପୁର ବ୍ଲକ

### ଲୋକଙ୍କଠାରୁ ଖାଉଛି ବିସ୍କୁଟ୍, ନଡ଼ିଆ

ମରିଚଗୁଡ଼ା ଗାଁରେ ଗତ ସନ୍ଧ୍ୟାରେ ଏଭଳି ଦୃଶ୍ୟ ଦେଖିବାକୁ ମିଳିଛି। ଗାଁର ଉପରମୁଣ୍ଡରେ ଥିବା ଏକ ମନ୍ଦିର ତଳେ ଗାଁ ଦାଣ୍ଡରେ ଏକ ଭାଲୁ ଗ୍ରାମବାସୀଙ୍କ ଗହଣରେ ରହି ବିନା ଭୟରେ ନଡିଆ କଦଳୀ ବିସ୍କୁଟ ଖାଉଛି। ମରିଚଗୁଡ଼ା ଗାଁରେ ଏଭଳି ଦୃଶ୍ୟ ଦେଖିଲେ ମଣିଷ ଓ ଭାଲୁ ମଧ୍ୟରେ କାହାର



କାହା ପ୍ରତି ଡର ନଥିବା ସ୍ପଷ୍ଟ ହେଉଛି। ଅତି ନିକଟରୁ ଲୋକେ ନିଜ ମୋବାଇଲରେ ଭାଲୁ ଖାଉଥିବାର ଭିଡିଓ ଉତ୍ତୋଳନ କରୁଛନ୍ତି। ସୂଚନାଯୋଗ୍ୟ, କିଛି ଦିନ ପୂର୍ବେ ଦୁଇଟି ଭାଲୁ ଗାଁ ନିକଟରେ ଥିବା ଜଙ୍ଗଲରୁ ସନ୍ଧ୍ୟା ସମୟରେ ଗାଁ ମୁହାଁ ହୋଇ ଗାଁକୁ ଆସି ଗ୍ରାମବାସୀଙ୍କଠାରୁ ନଡ଼ିଆ କଦଳୀ , ବିସ୍କୁଟ ଖାଇ ପୁଣି ଭୋର ପାହାନ୍ତିଆରେ ଜଙ୍ଗଲକୁ ଚାଲି ଯାଉଛନ୍ତି। ଜଙ୍ଗଲରେ ଖାଦ୍ୟଭାବ ଯୋଗୁଁ ଖାଦ୍ୟ ଅନ୍ୱେଷଣରେ ଦୁଇଟି ଭାଲୁ ମଧ୍ୟରୁ ଗୋଟିଏ ଭାଲୁ ଗାଁ ମୁହାଁ ହୋଇଥିବା ଗ୍ରାମବାସୀଙ୍କ ପକ୍ଷରୁ ଜଣାପଡ଼ିଛି। କେବଳ ପ୍ରାଣୀ ପ୍ରେମରୁ ଲୋକମାନେ ଖାଇବା ଦେଉଥିଲେ ବୋଲି କିଛି ଗାଁଲୋକ କହିଛନ୍ତି। କିନ୍ତୁ ପ୍ରାଣୀ ବିଶେଷଜ୍ଞମାନେ ଏହାକୁ ଅତ୍ୟନ୍ତ ବିପଜ୍ଜନକ ଅଭ୍ୟାସ ବୋଲି ବର୍ଣ୍ଣନା କରିଛନ୍ତି। ଜଙ୍ଗଲୀ ପ୍ରାଣୀକୁ ଲୋକେ ଖାଦ୍ୟ ଦେଲେ ସେମାନେ ଗାଁକୁ ଆସିବାକୁ ଅଭ୍ୟସ୍ତ ହୋଇଯାନ୍ତି, ଯାହା ଆଗାମୀ ଦିନରେ ବଡ଼ ଦୁର୍ଘଟଣାକୁ ଡାକିପାରେ ବୋଲି କୁହାଯାଇଛି।

# ଦିବ୍ୟାଙ୍ଗ ନାବାଳିକାଙ୍କୁ ଦୁଷ୍କର୍ମ

କେନ୍ଦୁଝର, ୧୬।୧୧ (ସମିସ): କେନ୍ଦୁଝର ସଦର ଥାନା ଅଞ୍ଚଳରେ ୯ ବର୍ଷୀୟା ଦିବ୍ୟାଙ୍ଗ ନାବାଳିକାଙ୍କୁ ଦୁଷ୍କର୍ମ କରାଯାଇଥିବା ଅଭିଯୋଗ ହୋଇଛି। ନାବାଳିକାଙ୍କ ବାପାଙ୍କ ଅଭିଯୋଗକ୍ରମେ ପୁଲିସ୍ ଏକ ମାମଲା ରୁଜୁ କରି ଅଭିଯୁକ୍ତ ପଶ୍ଚିମବଙ୍ଗ ବାଙ୍କୁରା ଅଞ୍ଚଳର ଅସିଫ୍ ଅନୱାର୍ ଖାନ୍‌କୁ କାଶୀପୁର ନିକଟରୁ ଗିରଫ କରି କୋର୍ଟଚାଲାଣ କରିଛି। ସୂଚନାନୁସାରେ, ପୀଡ଼ିତାଙ୍କ ବାପାଙ୍କ ଗାଁରେ ଏକ ଗ୍ରୋସରୀ ଦୋକାନ ଅଛି। ଅସିଫ୍ ସେ ଅଞ୍ଚଳର ଦୋକାନଗୁଡ଼ିକରେ ପାଉଁରୁଟି ବିକିବାକୁ ଯାଇଥାଏ। ଗତକାଲି ମଧ୍ୟ ପାଉଁରୁଟି ବିକିବା ପାଇଁ ଯାଇଥିବା ବେଳେ ଦୋକାନ ବନ୍ଦ ଥିବାରୁ ସେ ପୀଡ଼ିତାଙ୍କ ଘରକୁ ଯାଇଥିଲା। ଘରେ କେହି ନଥିବା ଦେଖି ନାବାଳିକାଙ୍କ ଦୁଷ୍କର୍ମ କରି ଫେରାର୍ ହୋଇଯାଇଥିଲା। ଗୁରୁତର ଅବସ୍ଥାରେ ନାବାଳିକାଙ୍କୁ କେନ୍ଦୁଝର ଜିଲ୍ଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଛି। ଆଜି ନାବାଳିକାଙ୍କ ବାପା ସଦର ଥାନାରେ ଅଭିଯୋଗ କରିଛନ୍ତି।

### ■ ଆଇନଜୀବୀ ପୀତବାସ ହତ୍ୟା ମାମଲା

# ଚିଣ୍ଟୁ, ଯୋଗୀ ଓ କୁରୁପତିଙ୍କ ଟିଆଇ ପରେଡ୍ ଆଜି

ବ୍ରହ୍ମପୁର, ୧୬।୧୧ (ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ଗିରଫ କୁରୁପତି ଭୂୟାଁ, ଚିଣ୍ଟୁ ପ୍ରଧାନ ଓ ଯୋଗେନ୍ଦ୍ର ରାଉତ ଓରଫ୍ ଯୋଗୀର ସୋମବାର ବ୍ରହ୍ମପୁର ଜେଲ୍‌ରେ ଟିଆଇ ପରେଡ୍ ହେବ। ଏଥିପାଇଁ ତଦନ୍ତକାରୀ ଅଧିକାରୀ ତଥା ଟାଉନ ଏସ୍‌ଡିପିଓ ପ୍ରିୟସ ରଂଜନ ଛୋଟରାୟ ସ୍ଥାନୀୟ ଏସ୍‌ଡିଜେଏମ୍‌ଙ୍କ କୋର୍ଟରେ ଆବେଦନ କରିଥିଲେ। କୋର୍ଟ ଅନୁମତି ଦେଇଥିବା ଜଣାପଡ଼ିଛି। ସୋମବାର ଆକାଶ ବିଷୋୟୀ ଓ ଏନ୍ କିରଣ କୁମାରଙ୍କ ସମେତ ୩ରୁ ଊର୍ଦ୍ଧ୍ୱ ସାକ୍ଷୀ ଜେଲରେ ମାଜିଷ୍ଟ୍ରେଟ୍‌ଙ୍କ ଉପସ୍ଥିତିରେ ଚିଣ୍ଟୁ, ଯୋଗୀ ଓ କୁରୁପତିଙ୍କୁ ଟିଆଇ ପରେଡ୍‌ରେ ଚିହ୍ନଟ କରିବାର କାର୍ଯ୍ୟକ୍ରମ ଥିବା ସୂଚନା ମିଳିଛି। ଗତ ଶନିବାର ଗିରଫ ୫ ଅଭିଯୁକ୍ତ ଶିଶୁପାଳ କୁମାର ପାଶ୍ୱାନ, ସୀମାଞ୍ଚଳ ନାୟକ, କୁନ୍ଦନ କୁମାର, ବିପିନ ସ୍ୱାଇଁ ଓ ଉମା ଶଙ୍କର ବିଶୋୟୀଙ୍କ ଟିଆଇ ପରେଡ୍ ହୋଇଥିଲା।

ହତ୍ୟାକାଣ୍ଡ ଦିନ ଚିଣ୍ଟୁ ବାଇକ୍ ଚଳାଉଥିବା ବେଳେ କୁରୁପତି ଗୁଳି ଚଳାଇଥିଲା ବୋଲି ବ୍ରହ୍ମପୁର ଏସ୍‌ପି ଡା. ସର୍ବଣା ବିବେକ ଏମ୍ ଏକ ସାମ୍ବାଦିକ ସମ୍ମିଳନୀରେ ସୂଚନା ଦେଇଥିଲେ। ଏପରିକି, ଚିଣ୍ଟୁ ଓ କୁରୁପତିଙ୍କ ମୁହଁରେ କଳାକନା ବା ମୁଖା ପିନ୍ଧାଇ ଘଟଣାସ୍ଥଳରେ ସିନ୍ ରିକ୍ରିଏସନ୍ ମଧ୍ୟ କରାଯାଇଥିଲା। କିନ୍ତୁ କୋର୍ଟଚାଲାଣ ବେଳେ ସମସ୍ତ ଅଭିଯୁକ୍ତଙ୍କ ମୁହଁ ଖୋଲା ରହିଥିବା ଦେଖିବାକୁ ମିଳିଥିଲା। ଏହାଦ୍ୱାରା ଅଭିଯୁକ୍ତଙ୍କୁ ସମସ୍ତେ ଦେଖିବାର ସୁଯୋଗ ପାଇଥିଲେ। ତେଣୁ, ବର୍ତ୍ତମାନ ଟିଆଇ ପରେଡ୍ ଜରିଆରେ ଅଭିଯୁକ୍ତଙ୍କୁ ଚିହ୍ନଟ କରିବାର ଯଥାର୍ଥତାକୁ ନେଇ ପ୍ରଶ୍ନ ଉଠିଛି।

### ଜାତୀୟ ସାମ୍ବାଦିକ କଲ୍ୟାଣ ବୋର୍ଡର ପ୍ରେସ୍ ଦିବସ

# ପ୍ରମୋଦ ମହାପାତ୍ରଙ୍କୁ 'ଉତ୍କଳ ସାମ୍ବାଦିକ ରତ୍ନ ସମ୍ମାନ'




ଭୁବନେଶ୍ୱର,୧୬।୧୧(ସମିସ) : ସ୍ଥାନୀୟ ଜୟଦେବ ଭବନଠାରେ ଜାତୀୟ ସାମ୍ବାଦିକ କଲ୍ୟାଣ ବୋର୍ଡର ଆନୁକୂଲ୍ୟରେ 'ଜାତୀୟ ପ୍ରେସ୍ ଦିବସ-୨୦୨୫' ପାଳିତ ହୋଇଯାଇଛି। ଏହି ଉତ୍ସବକୁ ଉନ୍ନୟନ କମିଶନର ଅନୁ ଗର୍ଗ ଉଦ୍‌ଘାଟନ କରିଥିଲେ। ଏଥିରେ ରାଜ୍ୟ ମାନବାଧିକାର କମିଶନର ଅଧ୍ୟକ୍ଷ ଜଷ୍ଟିସ ଶତ୍ରୁଘ୍ନ ପୂଜାରୀ ମୁଖ୍ୟ ଅତିଥି ରୂପେ ଯୋଗଦେଇଥିବାବେଳେ ସୂଚନା ଓ ଲୋକସମ୍ପର୍କ ବିଭାଗର ଅତିରିକ୍ତ ମୁଖ୍ୟ ଶାସନ ସଚିବ ହେମନ୍ତ ଶର୍ମା ସମ୍ମାନିତ ଅତିଥି ରୂପେ ଯୋଗଦେଇଥିଲେ। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟ ଆଇନ କମିଶନର ଅଧ୍ୟକ୍ଷ ଜଷ୍ଟିସ ବିଶ୍ୱନାଥ ରଥ, ଜାତୀୟ ସାମ୍ବାଦିକ କଲ୍ୟାଣ ବୋର୍ଡର ଅଧ୍ୟକ୍ଷ ତଥା ଲୋକସେବକ ମଣ୍ଡଳର ଉପାଧ୍ୟକ୍ଷ ଦୀପକ ମାଳବ୍ୟ, ଜାତୀୟ ସାମ୍ବାଦିକ କଲ୍ୟାଣ ବୋର୍ଡର ରାଜ୍ୟ ସଭାପତି ପ୍ରଦୋଷ ପଟ୍ଟନାୟକ, ସାଧାରଣ ସମ୍ପାଦକ ସନତ ମିଶ୍ର ଏବଂ ଉପସଭାପତି ପ୍ରଦ୍ୟୁମ୍ନ କୁମାର ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ଏହି ଅବସରରେ ଚଳିତବର୍ଷ ଦୈନିକ ସମ୍ବାଦପତ୍ର 'ସମାଜ'ର ପୂର୍ବତନ ସମ୍ପାଦକ ପ୍ରମୋଦ କୁମାର ମହାପାତ୍ରଙ୍କୁ 'ଉତ୍କଳ ସାମ୍ବାଦିକ ରତ୍ନ ସମ୍ମାନ-୨୦୨୫' ପ୍ରଦାନ କରାଯାଇଥିଲା। ଏଥିସହିତ ରାଜ୍ୟର ୩୫ଜଣ ବରିଷ୍ଠ ସାମ୍ବାଦିକଙ୍କୁ ପେନସନ ପ୍ରଦାନ କରାଯିବା ସହିତ ୮ ଜଣ ବରିଷ୍ଠ ସାମ୍ବାଦିକଙ୍କ ସ୍ମୃତି ଉଦ୍ଦେଶ୍ୟରେ ବିଭିନ୍ନ ବିଶ୍ୱବିଦ୍ୟାଳୟ ଓ ସ୍ୱୟଂଶାସିତ ମହାବିଦ୍ୟାଳୟର ସାମ୍ବାଦିକତା ଶିକ୍ଷା କ୍ଷେତ୍ରରେ ସର୍ବୋଚ୍ଚ ନମ୍ବର ରଖିଥିବା ଛାତ୍ରଛାତ୍ରୀଙ୍କୁ ବିଭିନ୍ନ ସ୍ମାରକୀ ସମ୍ମାନରେ ସମ୍ମାନିତ କରାଯାଇଥିଲା। ମଧ୍ୟାହ୍ନ ଅଧିବେଶନରେ ଅନୁଷ୍ଠିତ ଆଲୋଚନାଚକ୍ରରେ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ମୁଖ୍ୟ ଅତିଥି, ମେୟର ସୁଲୋଚନା ଦାସ, ଯାଜପୁର ସାଂସଦ ରବୀନ୍ଦ୍ର ବେହେରା, ପୂର୍ବତନ ମନ୍ତ୍ରୀ ସୁରେଶ କୁମାର ରାଉତରାୟ , ବରିଷ୍ଠ ସାମ୍ବାଦିକ ରାଜାରାମ ଶତପଥୀ, ଉତ୍କଳ ସାମ୍ବାଦିକ ସଂଘର ବିଭୂତି ଭୂଷଣ କର, ଦୂରଦର୍ଶନ ଓ ଆକାଶବାଣୀର ବାର୍ତ୍ତାବିଭାଗ ପୂର୍ବତନ ଉପନିର୍ଦ୍ଦେଶକ ସୁଧାଂଶୁ ଶେଖର ଧଡ଼ା ପ୍ରମୁଖ ଉପସ୍ଥିତ ଥିଲେ।

**NOTICE (for Minor)**

By virtue of an affidavit sworn before The Executive Magistrate, Udala, Mayurbhanj, dated 14-11-2025 I, Bariyal Hembram, Address AT- Jamgandia, PO-Paktia, PS-Jharpokharia, Dist-Mayurbhanj, PIN-757093 declare that I have changed the name of my son from Gabinda Murmu to Gobinda Hembram. Henceforth, he shall be known as **Gobinda Hembram** for all purposes.

Bariyal Hembram

ADMISSION NOTICE-2025-26
**Manjari Devi College**
Affiliated to Utkal University, OUHS, PCI, OSBP & DMLT/RTEB
Campus:
262, Puranpadhan, Balakati, Bhubaneswar
Mob. 7019799641, 7978608747 9853801459
Email: mdscnbbsr@gmail.com
• **B. Pharm** Rs. 58,000/- P.A. Eligibility: +2 Sc. (PCB/M & OJEE Appeared)
• **D. Pharm** Rs. 48,000/- P.A. Eligibility: +2 Sc. (PCB/M)
• **B.M.L.T.** Rs. 58,000/- P.A. Eligibility: +2 Sc. (PCB/M with 50 % Mark)
• **D.M.L.T.** Rs. 48,000/- P.A. Eligibility: +2 Sc. Pass (PCB/M)
• **M.P.H.** Rs. 42,000/- P.A. Eligibility: Any Graguate
ALL COURSE FEES ARE EXCLUDING HOSTEL

## ଅବଶିଷ୍ଟାଂଶ

### ୫ ଡିଗ୍ରୀକୁ ଖସିଲା...

କମ୍ ରେକର୍ଡ ହୋଇଛି। ଏହାସହିତ ଭୁବନେଶ୍ୱର ତାପମାତ୍ରା ୧୩ ଡିଗ୍ରୀ ଓ ସ୍ୱାଭାବିକ ଠାରୁ ୬.୪ ଡିଗ୍ରୀ ତଳେ ରହିଥିବାରୁ ଏହି ଦୁଇ ସ୍ଥାନରେ ଶୀତ ଲହରୀ ସ୍ଥିତି ସୃଷ୍ଟି ହୋଇଛି। ଅନ୍ୟ ସହରଗୁଡ଼ିକ ଯଥା ଦାରିଙ୍ଗବାଡ଼ିରେ ତାପମାତ୍ରା ୮ ଡିଗ୍ରୀ, ସେମିଳିଗୁଡ଼ିରେ ୭.୪, ଫୁଲବାଣୀରେ ୯ ଡିଗ୍ରୀ ରେକର୍ଡ ହୋଇଛି। ରାଉରକେଲା ୧୦.୨, ଝାରସୁଗୁଡା ୧୦.୬, କେନ୍ଦୁଝର ୧୦.୮, ସମ୍ବଲପୁର ୧୪.୨, ହୀରାକୁଦ ୧୫.୩, ବାଲେଶ୍ୱର ୧୫.୪, ଗୋପାଳପୁର ୧୫.୭, ଚାନ୍ଦବାଲି ୧୫.୮, ପାରାଦୀପ ୧୫.୮ ଓ ପୁରୀ ରେ ତାପମାତ୍ରା ୧୭.୮ ଡିଗ୍ରୀ ରେକର୍ଡ ହୋଇଛି।

ତାପମାତ୍ରା ହ୍ରାସ ପ୍ରଭାବରେ ଆଭ୍ୟନ୍ତରୀଣରୁ ନେଇ ଉପକୂଳ, ପଶ୍ଚିମରୁ ନେଇ ଦକ୍ଷିଣ ଓଡ଼ିଶା ସବୁଠି ଶୀତର ଲହରୀ ଦେଖିବାକୁ ମିଳୁଛି। ଏଭଳି ସ୍ଥିତି ଆଗାମୀ ୨ ଦିନ ଯାଏଁ ଆର୍ଥାତ ୧୮ ତାରିଖ ପର୍ଯ୍ୟନ୍ତ ଏଭଳି ସ୍ଥିତି ଜାରି ରହିବାର ସମ୍ଭାବନା ରହିଛି। ଏହାପରେ ତାପମାତ୍ରାରେ ୨-୩ ଡିଗ୍ରୀ ବଢ଼ିବା ସହ ଶୀତର ପରିମାଣ ସାମାନ୍ୟ ହ୍ରାସ ପାଇବ ବୋଲି ଅନୁମାନ କରାଯାଉଛି। ମାତ୍ର ଏହି ସମୟରେ ପଶ୍ଚିମ ସହ ଆଭ୍ୟନ୍ତରୀଣ ଓଡ଼ିଶାର କିଛି ଜିଲ୍ଲାରେ ପୂର୍ବ ଭଳି ଥଣ୍ଡା ଅନୁଭୂତ ହେବ। ଶ୍ରୀଲଙ୍କା ଉପକୂଳ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଏକ ଲଘୁଚାପ କ୍ଷେତ୍ର ସୃଷ୍ଟି ହୋଇଛି। ଏହା ପ୍ରଭାବରେ ତାମିଲନାଡୁ ଓ ଦକ୍ଷିଣ ଉପକୂଳ ଆନ୍ଧ୍ରପ୍ରଦେଶ ଏବଂ ରୟାଲସୀମାରେ ଆଜି ଓ ଆସନ୍ତାକାଲି ପ୍ରବଳରୁ ଅତି ପ୍ରବଳ ବର୍ଷା ହେବା ବୋଲି ଭାରତୀୟ ପାଣିପାଗ ବିଭାଗ ପୂର୍ବାନୁମାନ କରିଛି। ତେବେ ଲଘୁଚାପର ପ୍ରଭାବ ଓଡ଼ିଶା ଉପରେ ନଥିବା ବେଳେ ରାଜ୍ୟକୁ ଜଳୀୟବାଷ୍ପପୂର୍ଣ୍ଣ ବାୟୁ ଆସିବା ଯୋଗୁଁ ଥଣ୍ଡା କମିବାର ସମ୍ଭାବନା ରହିଛି।

### ଋଣ ଚାପରେ...

ପ୍ରଦର୍ଶନ କରିଛନ୍ତି। ଅନ୍ୟପକ୍ଷରେ ଗତ ଦଶନ୍ଧିରେ ଉତ୍ତମ ଆର୍ଥିକ ପରିଚାଳନା ନିମନ୍ତେ ଓଡ଼ିଶା, ଗୁଜରାଟ ଓ ମହାରାଷ୍ଟ୍ର ପରି ତିନିଟି ରାଜ୍ୟର ଜିଏସ୍‌ଡିପି ଓ ଋଣ ଅନୁପାତ ଭଲ ଥିବା କୁହାଯାଇଛି। ଓଡ଼ିଶାର ଋଣ ଓ ଜିଏସ୍‌ଡିପି ଅନୁପାତ ୧୪% ମଧ୍ୟରେ ଥିବାବେଳେ ଗୁଜରାଟରେ ୧୫.୩% ଓ ମହାରାଷ୍ଟ୍ରରେ ୧୯% ରହିଥିବା କୁହାଯାଇଛି।

ଅନ୍ୟପକ୍ଷରେ ଚଳିତ ଆର୍ଥିକ ବର୍ଷର ତୃତୀୟ ତ୍ରୟମାସିକ (ଅକ୍ଟୋବର-ଡ଼ିସେମ୍ବର) ମଧ୍ୟରେ ଦେଶର ୨୬ଟି ରାଜ୍ୟ ବଜାରରୁ ୨.୮୭ ଲକ୍ଷ କୋଟି ଟଙ୍କା ଓ ଶେଷ ତ୍ରୟମାସିକ ପାଇଁ ପ୍ରାୟ ସମାନ ପରିମାଣର ଋଣ ଉଠାଇବାକୁ ଆଗ୍ରହ ପ୍ରକାଶ କରିଛନ୍ତି। ସମ୍ପ୍ରତି ଦେଶର ରାଜ୍ୟ ସମୂହର ଋଣ ଓ ଜିଏସ୍‌ଡିପିର ହାରାହାରି ଅନୁପାତ ୨୮.୮% ପହଞ୍ଚିଥିବାବେଳେ ଆର୍ଥିକ ବର୍ଷ ଶେଷ ବେଳକୁ ଏହା ୩୧% ଅତିକ୍ରମ କରିବାର ଆଶଙ୍କା ରହିଛି। ଯାହା ରାଜ୍ୟଗୁଡ଼ିକର ବିକାଶ ହାରକୁ ପ୍ରଭାବିତ କରିବାର ଯଥେଷ୍ଟ ସମ୍ଭାବନା ରହିଛି।

### ଛିଡୁନି ବିହାର...

କରିବାକୁ ଦାବି କରିଥିବା ଜଣାପଡ଼ିଛି। ଗତ ମନ୍ତ୍ରିମଣ୍ଡଳରେ ବିଜେପିର ୧୯ ଏବଂ ଜେଡିୟୁର ୧୩ ଜଣ ମନ୍ତ୍ରୀ ଥିଲେ। ତେବେ ଉପମୁଖ୍ୟମନ୍ତ୍ରୀ ଥିବା ବିଜେପିର ଦୁଇ ନେତା ସମ୍ରାଟ ଚୌଧୁରୀ ଏବଂ ବିଜୟ ସିହ୍ନାଙ୍କୁ ଏହି ପଦରେ ରଖାଯିବା ନେଇ କିଛି ନିଶ୍ଚିତ ହୋଇନାହିଁ। ଏନଡିଏ ନେତାମାନଙ୍କ ମଧ୍ୟରେ ଏସଂପର୍କରେ ବିଚାର ଆଲୋଚନା ଚାଲିଛି। ମଙ୍ଗଲ ପାଣ୍ଡେ ଓ ରଜନୀଶ କୁମାରଙ୍କ ମଧ୍ୟରୁ ଜଣଙ୍କୁ ଉପ- ମୁଖ୍ୟମନ୍ତ୍ରୀ ପଦ ମିଳିବା ନେଇ ଚର୍ଚ୍ଚା ହେଉଛି।

ବିହାରା ବିଧାନସଭା ନିର୍ବାଚନରେ ବିଜେପିକୁ ସର୍ବାଧିକ ୮୯ ଆସନ ମିଳିଥିବା ବେଳେ ଜେଡିୟୁ ୮୫, ଏଲ୍‌ଜେପି (ଆର) ୧୯, ହାମ୍‌ସ ୫ ଓ ରାଷ୍ଟ୍ରୀୟ ଲୋକ ମୋର୍ଚ୍ଚା ୪ଟି ଆସନ ହାସଲ କରିଛନ୍ତି।

### ଭତ୍ତା ଟଙ୍କା ପାଇଁ...

ହୋଇଥିଲା। ଏହା ଦେଖି ପାଖରେ ଥିବା ବଡ଼ଭାଇ ପ୍ରକାଶ ଓ ତପନ ବିରୋଧ କରିବାରୁ ରମେଶ ସେମାନଙ୍କୁ ଆକ୍ରମଣ କରିଥିଲା। ଏ ସଂପର୍କରେ ମା' ହେମ ସାହୁ ଓ ଅନ୍ୟ ୩ ଭାଇ ଘଟଣା ସମ୍ପର୍କରେ ଥାନାରେ ଜଣାଇଥିଲେ। ପୁଲିସ ଘଟଣାସ୍ଥଳରେ ପହଞ୍ଚି ଆପୋଷ ସମାଧାନ କରି ଫେରିଥିଲା। କିନ୍ତୁ ଏହାକୁ ନେଇ ମନେମନେ ରମେଶ ଭୀଷଣ ରାଗି ଯାଇଥିଲା। ତେଣୁ ବିଳମ୍ବିତ ରାତିରେ ସେ ପ୍ରଚୁର ମଦ ପିଇ ଘରକୁ ଫେରିଥିଲା। ପଦ୍ମନାଭ ଏକୁଟିଆ ଶୋଇଥିବା ଦେଖି ତାଙ୍କ ପେଟରେ ଛୁରି ଭୁସି ଦେଇଥିଲା। ଫଳରେ ଘଟଣାସ୍ଥଳରେ ହିଁ ତାଙ୍କର ମୃତ୍ୟୁ ଘଟିଥିଲା। କିନ୍ତୁ ଏ ସଂପର୍କରେ ପରିବାରଲୋକେ ଟେର୍ ପାଇନଥିଲେ। ସକାଳୁ ପରିବାରଲୋକ ଏ ସଂପର୍କରେ ଜାଣିବା ପରେ ଥାନାରେ ଏତଲା ଦେଇଥିଲେ। ପୁଲିସ ଏକ ମାମଲା ରୁଜୁ କରି ଘଟଣାର ତଦନ୍ତ କରିବା ସହ ରମେଶକୁ ଅଟକ ରଖି ତଦନ୍ତ କରୁଛି।

### ଧରାପଡ଼ି ନାହାନ୍ତି...

ନ ଦେବାକୁ ଗତ ମାର୍ଚ୍ଚ ମାସ ୧ ତାରିଖରେ ଚୌଦ୍ୱାର ଜେଲ୍ କର୍ତ୍ତୃପକ୍ଷଙ୍କୁ ଜଣାଇଥିଲେ। ଏହା ସତ୍ତ୍ୱେ ଚିଫ୍ ୱାର୍ଡର ଭଗତଙ୍କ ଉପରୁ ମାତ୍ର ୧୫ ଦିନ ପରେ ନିଲମ୍ବନ ଆଦେଶ ହଟାଯାଇ ପୁଣିଥରେ କେନ୍ଦ୍ରାପଡ଼ା ଜେଲ୍‌ରେ ଅବସ୍ଥାପିତ କରାଯାଇଛି। ଚୌଦ୍ୱାର ଜେଲ୍‌ରୁ ଯେଉଁଦିନ ଅଭିଯୁକ୍ତଦ୍ୱୟ ଫେରାର୍ ହେଲେ, ଉକ୍ତ ଦିନ ଭଗତ ଚିଫ୍ ୱାର୍ଡର ଡ୍ୟୁଟିରେ ଥିଲେ। ରାତି ସମୟରେ ସେ ଡ୍ୟୁଟି ନ କରି ଜେଲ୍‌ର ମେଡିକାଲ ରୁମ୍‌ରେ ଶୋଇଥିବା ସଙ୍ଗୀନ ଅଭିଯୋଗ ତାଙ୍କ ବିରୋଧରେ ଆସିଥିଲା। ଏହାପରେ ତାଙ୍କୁ ନିଲମ୍ବନ କରାଗଲା। ଏଭଳି ଦାୟିତ୍ୱହିନତା ସତ୍ତ୍ୱେ ବି ଜେଲ୍ ବିଭାଗ ତାଙ୍କୁ ମାତ୍ର ୧୫ ଦିନରେ ପୁନଃ ଅବସ୍ଥାପିତ କରାଯିବାକୁ ନେଇ ବୁଦ୍ଧିଜୀବୀ ମହଲରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

**ସର୍ବସାଧାରଣ ସୂଚନା**

ଓମେଗା ଏଣ୍ଟରପ୍ରାଇଜେସ୍, ସରଣ୍ଡାମାଲ ପଥର ଖଣି -୨ ର ଲିଜ୍ ଧାରକ ଯାହାର ପ୍ରକଳ୍ପକୁ ତୁରନ୍ତ EC ପ୍ରଦାନ କରାଯାଇଛି ଏବଂ EC ଚିଠିର କପି ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଏବଂ ପରିବେଶ, ଜଙ୍ଗଲ ଏବଂ ଜଳବାୟୁ ପରିବର୍ତ୍ତନ ମନ୍ତ୍ରଣାଳୟର ୱେବ୍‌ସାଇଟ୍ (www.parivesh.nic.in) ରେ ଉପଲବ୍ଧ।

**NOTICE**

It is hereby noticed to all concerned that the partnership firm M/s SARALA SERVICE STATION bearing Reg. No. 470/2012 of District Cuttack is reconstituted with effect from the 3rd November 2025 as follows :-

1. Shri. Rajendra Kumar Sahoo ............... Retiring Partner.
2. Shri. Manas Ranjan Sahoo ............... Incoming Partner.
3. Shri. Chandra Shekhar Sahoo ............... Existing Partner

**Shri. CHANDRA SHEKHAR SAHOO**
**Managing Partner**

## ବକେୟା ଦେୟ ପାଇଁ କାଟିଦେଲେ ବିଦ୍ୟୁତ ସଂଯୋଗ

# ୪ ଦିନ ହେଲା ଅନ୍ଧାରରେ ଟି-ସେତୁ ଓ ସିଂହନାଥ ମନ୍ଦିର

ବଡମ୍ବା, ୧୬ା୧୧(ସମିସ)



କଟକ ଜିଲ୍ଲାର ପୁରାତନ ଶୈବପୀଠ ରୂପେ ପରିଚିତ ବଡ଼ମ୍ବାର ବାବା ସିଂହନାଥଙ୍କ ପୀଠ ଓ ଦୀର୍ଘତମ ଟି-ସେତୁରେ ଗତ ୪ଦିନ ହେବ ଆଲୋକ ବ୍ୟବସ୍ଥା ଠପ ହୋଇଯାଇଥିବାରୁ ଉଭୟ ଶ୍ରଦ୍ଧାଳୁ ଏବଂ ପଥଚାରୀମାନେ ଘୋର ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଦୀର୍ଘ ୪ ଦିନରୁ ଊର୍ଦ୍ଧ୍ୱ ହେବ ବଡମ୍ବା ବ୍ଲକ ଗୋପୀନାଥପୁର ମହାନଦୀ ଉପରେ ନିର୍ମିତ ଦୀର୍ଘତମ ଟି- ସେତୁ ଓ ବାବା ସିଂହନାଥ ପୀଠ ଏବେ ଅନ୍ଧାରରେ। ଯାହାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ଦେଖିବାକୁ ମିଳିଛି। ସେତୁ ଉପରେ ଲାଗିଥିବା ସୋଲାର ଆଲୋକ ମଧ୍ୟରୁ ୩ ଭାଗ ଅଚଳ ହୋଇଯିବା ସହ ସିଂହନାଥଙ୍କ ପୀଠକୁ ବିଦ୍ୟୁତ ବ୍ୟବସ୍ଥା ବାଧାପ୍ରାପ୍ତ ହୋଇଛି। ଫଳରେ ଶ୍ରଦ୍ଧାଳୁମାନେ ମୋବାଇଲ ଟର୍ଚ୍ଚ ଦ୍ୱାରା ବାବାଙ୍କୁ ଦର୍ଶନ କରୁଥିବା ବେଳେ ସନ୍ଧ୍ୟା ପରେ ଦୀପ ଆଲୋକ ଏକମାତ୍ର ଭରସା ପାଲଟିଛି। ସମ୍ପୃକ୍ତ ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଅସନ୍ତୋଷ ଦେଖାଦେଇଛି। ସମ୍ପ୍ରତି ପିକନିକ ଋତୁ ଆରମ୍ଭ ହୋଇଥିବାରୁ ରାଜ୍ୟ ତଥା ରାଜ୍ୟ ବାହାରୁ ହଜାର ହଜାର ଶ୍ରଦ୍ଧାଳୁ ସିଂହନାଥଙ୍କ ପୀଠକୁ ଆସୁଥିବା ବେଳେ ମନ୍ଦିର ପରିଚାଳନା କମିଟି ଓ ବଡମ୍ବା ଦେବୋତ୍ତର ବିଭାଗର କାର୍ଯ୍ୟକାରିତାକୁ ନେଇ ପ୍ରଶ୍ନ ଉଠାଇଛନ୍ତି। ତେବେ ପୀଠକୁ ସଂଯୋଗ ହୋଇଥିବା ବିଦ୍ୟୁତର ବକେୟା ବିଦ୍ୟୁତ ବିଲ ପଇଠ ହୋଇ ନ ଥିବାରୁ ବିଦ୍ୟୁତ ବିଭାଗ ପୀଠକୁ ଆଲୋକ ସଂଯୋଗ ବନ୍ଦ କରିଥିବାର ସ୍ଥାନୀୟ ଜନସାଧାରଣ ପ୍ରକାଶ କରିଛନ୍ତି।

## ବିଶ୍ୱନାହାକାଣୀ କାର୍ତ୍ତିକେଶ୍ୱର ଯାତ୍ରା ଉଦ୍‌ଘାଟିତ



**ଟାଙ୍ଗୀ, ୧୬ା୧୧(ସମିସ):** ଟାଙ୍ଗୀ ଚୌଦ୍ୱାର ବ୍ଲକ ଗରୁଡ଼ଗାଁ ପଞ୍ଚାୟତ ବିଶ୍ୱନାହାକାଣୀ ୫୫ତମ କାର୍ତ୍ତିକେଶ୍ୱର ଯାତ୍ରା ମହୋତ୍ସବ ରବିବାର ଉଦଘାଟିତ ହୋଇଯାଇଛି। ଦିଗବଳୟର ସମ୍ପାଦକ ତଥା ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଯୁବ ସମାଜସେବୀ ଗଙ୍ଗାଧର ବେହେରାଙ୍କ ପୌରୋହିତ୍ୟରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଚୌଦ୍ୱାର ଏସଡିପିଓ ଉମାକାନ୍ତ ନାୟକ, ସମ୍ମାନିତ ଅତିଥିଭାବେ ପ୍ରାକ୍ତନ ସରପଞ୍ଚ ସୁବୋଧ ସାମଲ, ସ୍ଥାନୀୟ ସରପଞ୍ଚ ଦିପ୍ତିମୟୀ ବେହେରା, ସଫା ସରପଞ୍ଚ ନିବାସ ଚନ୍ଦ୍ର ପାଣ୍ଡବ, କମିଟିର ପରିଚାଳକ ଚିତ୍ତରଞ୍ଜନ ବେହେରା, ବରିଷ୍ଠ ମୁରବୀ ମଧୁସୂଦନ ବେହେରା, ସମ୍ପାଦକ ଅର୍ଜୁନ ଚରଣ ସାହୁ, ପ୍ରାକ୍ତନ ସରପଞ୍ଚ ହରମୋହନ ପ୍ରଧାନ ପ୍ରମୁଖ ଯୋଗଦେଇ ଐତିହାସିକ ବିଶ୍ୱନାହାକାଣୀ ଯାତ୍ରାର ଐତିହ୍ୟ ଓ ପରମ୍ପରା ଉପରେ ଆଲୋକପାତ କରିଥିଲେ। ଏହି ଅବସରରେ ଦିଗବଳୟ ସ୍ୱେଚ୍ଛାସେବୀ ଅନୁଷ୍ଠାନ ଓ ବାପୁଜୀ ମୈତ୍ରୀ କ୍ଲବ ଆନୁକୂଲ୍ୟରେ ହୋଇଥିବା ସୂଚନା କେନ୍ଦ୍ର ଅତିଥିଙ୍କ ଦ୍ୱାରା ଉଦଘାଟିତ ହୋଇଥିଲା। ସୂଚନାଯୋଗ୍ୟ ଉକ୍ତ ଯାତ୍ରାକୁ ଶନିବାର ଗରୁଡ଼ଗାଁ ଥାନପତି ପ୍ରବେଶ କରିଥିବା ବେଳେ ରବିବାର ବିଶ୍ୱନାହାକାଣୀ ବଜାର, ସପନପୁର, ବାଆଁଦା, ଆଞ୍ଜୁଆ, ହଳଦୀବସନ୍ତ, ତୁଳସୀପୁର, କମଙ୍ଗ ଓ କାଞ୍ଜିଆ ଗ୍ରାମର ମେଢ଼ ରବିବାର ଯାତ୍ରା ପଡ଼ିଆରେ ପ୍ରଦାର୍ପଣ କରିଥିଲେ। ସୋମବାର ଭସାଣୀ ଉତ୍ସବ ଅନୁଷ୍ଠିତ ହେବ ବୋଲି ଜଣାପଡ଼ିଛି। ଉକ୍ତ ଯାତ୍ରାରେ ପାଞ୍ଚଶହରୁ ଊର୍ଦ୍ଧ୍ୱ ଦୋକାନୀ ଓଡ଼ିଶାର ବିଭିନ୍ନ ସ୍ଥାନରୁ ଆସିଥିବା ଦେଖିବାକୁ ମିଳିଛି। ଯାତ୍ରାକୁ ସରସ ସୁନ୍ଦର କରିବା ପାଇଁ ଟାଙ୍ଗୀ ଥାନା ପକ୍ଷରୁ ବ୍ୟାପକ ପୁଲିସ ବ୍ୟବସ୍ଥା କରାଯାଇଥିବା ଦେଖିବାକୁ ମିଳିଛି।

## ଚୌଦ୍ୱାରରେ ଜାତୀୟ ପ୍ରେସ୍ ଦିବସ

**ଚୌଦ୍ୱାର, ୧୬ା୧୧(ସମିସ):** ଚୌଦ୍ୱାରରେ ଜାତୀୟ ପ୍ରେସ ଦିବସ ପାଳିତ ହୋଇଯାଇଛି। କଟକ ଜିଲ୍ଲା ଉତ୍କଳ ସାମ୍ବାଦିକ ସଂଘ ଓ ଟାଙ୍ଗୀ-ଚୌଦ୍ୱାର ଆଞ୍ଚଳିକ ସାମ୍ବାଦିକ ସଂଘର ମିଳିତ ଆନୁକୂଲ୍ୟରେ ଆଞ୍ଚଳିକ ସାମ୍ବାଦିକ ସଂଘ ସଭାପତି ସତ୍ୟବ୍ରତ ଦାସଙ୍କ



ପୌରୋହିତ୍ୟରେ ସ୍ଥାନୀୟ ହାପି ୱାର୍ଲ୍ଡ ପରିସରରେ ଆୟୋଜିତ ଏହି କାର୍ଯ୍ୟକ୍ରମରେ ସ୍ଥାନୀୟ ବିଧାୟକ ସୌଭିକ୍ ବିଶ୍ୱାଳ ଅତିଥିଭାବେ ଯୋଗଦେଇ ସାମ୍ବାଦିକମାନେ ସତ୍ୟନିଷ୍ଠ ହୋଇ ସମାଜର ସମସ୍ୟାକୁ ଲୋକଲୋଚନକୁ ଆଣିବାକୁ ପରାମର୍ଶ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଜେପି ରାଜ୍ୟ ଓବିସି ମୋର୍ଚ୍ଚା ସମ୍ପାଦକ ଜ୍ଞାନେନ୍ଦ୍ର ସ୍ୱାଇଁ, ସମାଜସେବୀ ଦିଲ୍ଲୀପ ଛତ୍ତାର, ଶିକ୍ଷାବିତ ଗଣେଶ ପ୍ରସାଦ ବେହେରା, ପୌର ଉପାଧ୍ୟକ୍ଷ ଶୁଭେନ୍ଦୁ ସାମଲ ପ୍ରମୁଖ ଅତିଥିଭାବେ ସାମ୍ବାଦିକଙ୍କ ବହୁ ସମସ୍ୟା ଥିବା ପ୍ରକାଶ କରି ଏ ଦିଗରେ ସରକାର ପଦକ୍ଷେପ ନେବାକୁ ଅନୁରୋଧ କରିଥିଲେ। ଏହି ଅବସରରେ ବିଭିନ୍ନ ଗଣମାଧ୍ୟମ ପ୍ରତିନିଧିଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ମାନସ ପରିଡ଼ା ଧନ୍ୟବାଦ ଅର୍ପଣ କରିଥିଲେ।

## ଇଞ୍ଜିନିୟରିଂ ଛାତ୍ରଙ୍କ ଅକାଳ ବିୟୋଗ



**ନିଶ୍ଚିନ୍ତକୋଇଲି, ୧୬ା୧୧(ସମିସ):** ନିଶ୍ଚିନ୍ତକୋଇଲି ବ୍ଲକ ରାମକୃଷ୍ଣପୁର ପଞ୍ଚାୟତ ଦହପଡ଼ା ଗ୍ରାମର ସମାଜସେବୀ ଗଗନବିହାରୀ ବଳଙ୍କ ଏକମାତ୍ର ଇଞ୍ଜିନିୟରିଂ ପଢ଼ୁଆ ପୁତ୍ର କଳିଙ୍ଗ କେଶରୀ ବଳ (୨୦)ଙ୍କର ମୃତ୍ୟୁ ହୋଇଛି। କଟକସ୍ଥିତ ବୋଷ ଇଞ୍ଜିନିୟରିଂ କଲେଜର ଜଣେ ମେଧାବୀ ଛାତ୍ର ଭାବେ ଅଧ୍ୟୟନରତ ଥିବା ବେଳେ କୌଣସି କାରଣରୁ ବିଷ ପାନ କରି ଗୁରୁତର ଅସୁସ୍ଥ ହୋଇପଡ଼ିଥିଲେ। ତାଙ୍କୁ ଚିକିତ୍ସା ନିମନ୍ତେ କଟକ ବଡ ଡାକ୍ତରଖାନାକୁ ନିଆଯାଇଥିଲେ ମଧ୍ୟ ସେଠାରେ ତାଙ୍କ ମୃତ୍ୟୁ ହୋଇଥିଲା। ତାଙ୍କ ମୃତ୍ୟୁ ଖବର ପାଇ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଥିଲା ବେଳେ ମାହାଙ୍ଗା ବିଧାୟକ ଶାରଦା ପ୍ରସାଦ ପ୍ରଧାନ, ପୂର୍ବତନ ସରପଞ୍ଚ ରମେଶ ଚନ୍ଦ୍ର ସ୍ୱାଇଁ, ମନୋରଞ୍ଜନ ସ୍ୱାଇଁ, ସମିତିସଭ୍ୟ ନର୍ମଦା ରାଉତ, ଦିଲ୍ଲୀପ ରାଉତ ପ୍ରମୁଖ ଗଭୀର ଶୋକ ବ୍ୟକ୍ତ କରିଛନ୍ତି। ପୁରୀ ସ୍ୱର୍ଗଦ୍ୱାରରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ ହୋଇଥିଲା। ପିଉସୀ ପୁଅ ଭାଇ ଧନେଶ୍ୱର ସାମଲ ମୁଖାଗ୍ନି ଦେଇଥିଲେ।

## ସାମ୍ବାଦିକଙ୍କ ମୌଳିକ ସମସ୍ୟା ଉପରେ ଆଲୋଚନା



**ଆଠଗଡ଼, ୧୬ା୧୧(ସମିସ):** ରବିବାର ଆଠଗଡ଼ ସାମ୍ବାଦିକ ସଂଘ ପକ୍ଷରୁ ଆଠଗଡ଼ ପୂର୍ତ୍ତ ବିଭାଗ ଡାକ ବଙ୍ଗଳାଠାରେ ଜାତୀୟ ଗଣମାଧ୍ୟମ ଦିବସ ପାଳିତ ହୋଇଯାଇଛି। ବରିଷ୍ଠ ସାମ୍ବାଦିକ ସନାତନ ରାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଗଣମାଧ୍ୟମ ଦିବସରେ ଆଠଗଡ଼ ସାମ୍ବାଦିକଙ୍କର ସମସ୍ୟା ସମ୍ପର୍କରେ ଉପସ୍ଥିତ ସାମ୍ବାଦିକମାନେ ବକ୍ତବ୍ୟ ରଖିଥିଲେ। ସଂଘର ସମ୍ପାଦକ ବିଭୁତି ଭୂଷଣ ଖଟୁଆଙ୍କ ସଂଯୋଜନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ସାମ୍ବାଦିକ ସତ୍ୟପ୍ରକାଶ ରଥ, ପତିତ ପାବନ ରାଉତ, ସୁଶାନ୍ତ ସାହୁ, ସଞ୍ଜୟ ମହାନ୍ତି, ଶୈଳେନ୍ଦ୍ର ପଟ୍ଟନାୟକ, ସ୍ୱରାଜ ପଣ୍ଡା, ଚନ୍ଦ୍ରକାନ୍ତ ମିଶ୍ର, ଅଶୋକ ପ୍ରଧାନ, ମନୋରଞ୍ଜନ ମହାନ୍ତି, ମାନସ ରଞ୍ଜନ ସାହୁ, ଶେଖ ଅଭିଷେକ ପ୍ରମୁଖ ଆଜିର ଦିବସ ପାଳନର ତାତ୍ପର୍ଯ୍ୟ ପ୍ରତିପାଦନ କରିଥିଲେ। ସମ୍ପାଦକ ଶ୍ରୀ ଖଟୁଆ ସାମ୍ବାଦିକମାନଙ୍କ ମୌଳିକ ସମସ୍ୟା ସହ ଏକ ସାମ୍ବାଦିକ ଗୃହ ନିର୍ମାଣ ପାଇଁ ଅବଗତ କରାଇଥିଲେ ମଧ୍ୟ ଏ ଦିଗରେ କୌଣସି ପଦକ୍ଷେପ ଗ୍ରହଣ କରାଯାଇ ନ ଥିବାରୁ ଉଦବେଗ ପ୍ରକାଶ କରିଥିଲେ। ସଂଘର ଉପସଭାପତି ବିଷ୍ଣୁପ୍ରସାଦ ଦାଶ ଧନ୍ୟବାଦ ଦେଇଥିଲେ।

## ଚୌଦ୍ୱାର ବିଜେପିର ବିଜୟ ଉତ୍ସବ

**ଚୌଦ୍ୱାର, ୧୬ା୧୧(ସମିସ):** ନୂଆପଡ଼ା ଉପନିର୍ବାଚନରେ ବିଜେପିର ବିଜୟ ପାଇଁ ଦଳର ଚୌଦ୍ୱାର ଓ ଇନ୍ଦ୍ରାଣୀପାଟଣା ମଣ୍ଡଳ ତରଫରୁ ବିଜୟ ଉତ୍ସବ ପାଳନ କରାଯାଉଛି। ଚୌଦ୍ୱାର ଗାନ୍ଧୀଛକସ୍ଥିତ ବିଜୁ ପଟ୍ଟନାୟକ ମାର୍କେଟ କମ୍ପ୍ଲେକ୍ସରେ ଚୌଦ୍ୱାର ମଣ୍ଡଳ ସଭାପତି ମମତା ବେହେରାଙ୍କ ନେତୃତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ




ଜିଲ୍ଲା ଉପସଭାପତି ପ୍ରଶାନ୍ତ କୁମାର ହୋତା, ସମ୍ପାଦକ ବୈରାଗୀ ଚରଣ ପ୍ରଧାନ, ୧୩ନଂ ୱାର୍ଡ ପାରିଷଦ ଇଂ.ସୁଜାତା ସାହୁ, ପୂର୍ବତନ ମଣ୍ଡଳ ସଭାପତି ଅଜିତ କୁମାର ସୁବୁଦ୍ଧିରାୟ, ରମେଶଚନ୍ଦ୍ର ନାୟକ, ପ୍ରଶାନ୍ତ ବିଶ୍ୱାଳ, ଚିନ୍ମୟ ବେହେରା, ପ୍ରକାଶ ବଡଜେନା, ଦାମୋଦର ନାୟକ, ଜିଲ୍ଲା ପ୍ରତିନିଧି ସନ୍ତୋଷ ସାହୁ, କ୍ରୀଷ୍ଣା ରାଓ, ସୁମିତ୍ରା ସାହୁଙ୍କ ସମେତ ବହୁ ଦଳୀୟ କର୍ମୀ ଯୋଗ ଦେଇଥିଲେ।

## ବ୍ଲକ୍‌ସ୍ତରୀୟ ଖେଳକୁଦ ପ୍ରତିଯୋଗିତା ଉଦ୍‌ଯାପିତ



**ଚୌଦ୍ୱାର, ୧୬ା୧୧(ସମିସ):** ଚୌଦ୍ୱାର ଓଟିଏମ୍ କଲୋନୀସ୍ଥିତ ଗୋପବନ୍ଧୁ ଖେଳ ପଡ଼ିଆରେ ଦୁଇଦିନ ଧରି ଆୟୋଜିତ ଅଷ୍ଟମ ଟାଙ୍ଗୀ-ଚୌଦ୍ୱାର ବ୍ଲକ ଖେଳକୁଦ ପ୍ରତିଯୋଗିତା ଉଦ୍‌ଯାପିତ ହୋଇଯାଇଛି। ବ୍ଲକ ଆଥଲେଟିକ୍ ଆସୋସିଏସନ୍, ସ୍ୱାମୀ ବିବେକାନନ୍ଦ ସୋସିଆଲ ଡେଭଲପମେଣ୍ଟ ଓ ଶାଳଗାଁସ୍ଥିତ ଷ୍ଟାର କ୍ଲବ୍‌ର ମିଳିତ ଆନୁକୂଲ୍ୟରେ ତଥା ଇମ୍ଫା ଶିଳ୍ପଗୋଷ୍ଠୀ ପ୍ରାୟୋଜିତ ଏହି କ୍ରୀଡ଼ା ମହୋତ୍ସବକୁ ବଂଶୀଧର ଇଳା ପଣ୍ଡା ଫାଉଣ୍ଡେସନ୍‌ର ଉପସଭାପତି ଧର୍ମେଶ ଗୋଏଲ ଉଦ୍‌ଘାଟନ କରିଥିଲେ। ଇମ୍ଫାର ବରିଷ୍ଠ ପ୍ରବନ୍ଧକ ସୁଜିତ ମିଶ୍ର, ବରିଷ୍ଠ ଲୋକସମ୍ପର୍କ ଅଧିକାରୀ ମାନସ ବସନ୍ତିଆ, ପ୍ରାକ୍ତନ ଆଇଜି ତ୍ରୈଲୋକ୍ୟନାଥ ଖୁଣ୍ଟିଆ, ସ୍ଥାନୀୟ କାଉନସିଲର ବିନୋଦିନୀ ରାଉତରାୟ, ପ୍ରାକ୍ତନ ଅତିରିକ୍ତ ଆରକ୍ଷୀ ଅଧୀକ୍ଷକ ଜଳନ୍ଧର ଜାଲି, ସେଖ୍ ମହମ୍ମଦ ଜବ୍ବାର ପ୍ରମୁଖ ଅତିଥି ଭାବେ ଯୋଗଦେଇଥିଲେ। ଦୁଇଦିନ ଧରି ଅନୁଷ୍ଠିତ କ୍ରୀଡ଼ା ପ୍ରତିଯୋଗିତାରେ ମୋଟ ୧୧୨ଟି ବିଦ୍ୟାଳୟ ଏବଂ ମହାବିଦ୍ୟାଳୟର ୯୧୫ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରି ମୋଟ ୮୬ଟି ବିଭାଗ ଖେଳରେ ଭାଗ ନେଇଥିଲେ। ଆଥଲେଟିକ୍ ମିଟ୍ ସଭାପତି ଦିଲ୍ଲୀପ କୁମାର ଛତାରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଉଦ୍‌ଯାପନୀ ଉତ୍ସବରେ ଚୌଦ୍ୱାର ଆଇଆଇସି ଦୀପକ ଖଣ୍ଡାୟତରାୟ, ଫୁଟବଲ ଆସୋସିଏସନ୍‌ର ଉପସଭାପତି ସହଦେବ ରାଉତ, ଚୌଦ୍ୱାର ପୌର ଉପାଧ୍ୟକ୍ଷ ଶୁଭେନ୍ଦୁ ସାମଲ, କାଉନସିଲର ସୁବ୍ରତ ସାମଲ, ପୂର୍ବତନ କାଉନସିଲର ବିଷ୍ଣୁ ଚରଣ ପରିଡ଼ା, ପ୍ରଧାନଶିକ୍ଷକ ଜିତେନ୍ ରାଉତ, ଇତିଶ୍ରୀ ପଟ୍ଟନାୟକ, ରାଜକୁମାରୀ ପଣ୍ଡା ପ୍ରମୁଖ ଅତିଥିଭାବେ ଯୋଗଦେଇ ପ୍ରତିଯୋଗିତାର କୃତି ପ୍ରତିଯୋଗୀ ମାନଙ୍କୁ ପୁରସ୍କାର ବଣ୍ଟନ କରିଥିଲେ। ମିଟ୍ ସମ୍ପାଦକ ବିଜୟ କୁମାର ସାହୁ ବିବରଣୀ ପାଠ କରିଥିଲେ ଏବଂ ସୋସିଆଲ ଡେଭଲପମେଣ୍ଟ ସଭାପତି ଭାସ୍କର ରାଉତରାୟ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କ୍ରୀଡ଼ା ମୁଖ୍ୟ ସମ୍ପାଦକ ସୁରେଶ କୁମାର ରାଉତରାୟ ଓ ଡେଭେଲପମେଣ୍ଟ ସମ୍ପାଦକ ଅଶ୍ୱିନୀ କୁମାର ଜେନାଙ୍କ ପରିଚାଳନାରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ କାହ୍ନୁ ଚରଣ ଜେନା, ଭାସ୍କର ଚନ୍ଦ୍ର ମହାପାତ୍ର, ସୁଜିତ୍ ଦାସ, ଅମୂଲ୍ୟ ରାଉତରାୟ, ଭୀମସେନ ବିଶ୍ୱାଳ, ଦୀପକ ସେନାପତି, ତୁଷାର କାନୁନଗୋ, ରାକେଶ ପଣ୍ଡା, ଶ୍ରୀକାନ୍ତ ପାକଳ, ପ୍ରଫୁଲ୍ଲ ସାମଲ, ଅନନ୍ତ ନାୟକ, ଭାଗ୍ୟଲକ୍ଷ୍ମୀ ବଳଙ୍କ ସମେତ ବହୁ କ୍ରୀଡ଼ା ଶିକ୍ଷକ ଓ ଉଭୟ ଅନୁଷ୍ଠାନର କର୍ମକର୍ତ୍ତା ସହଯୋଗ କରିଥିଲେ। ଟାଙ୍ଗୀ ପଦ୍ମିନୀ ହସ୍ପିଟାଲ ଓ ସମ୍ ହସ୍ପିଟାଲ ତରଫରୁ ଆଶୁ ଚିକିତ୍ସା ଓ ଆମ୍ବୁଲାନ୍ସ ସେବା ଯୋଗାଇ ଦିଆଯାଇଥିବାବେଳେ ଉଦୟନାଥ ଚାରିଟେବୁଲ ଟ୍ରଷ୍ଟ ତରଫରୁ ଜଳସେବା ଓ ଆଶୁ ଚିକିତ୍ସା ସେବା ଯୋଗାଇ ଦିଆଯାଇଥିଲା।

## ସ୍ୱାସ୍ଥ୍ୟକେନ୍ଦ୍ରରେ ଜାତୀୟ ଫାର୍ମାସି ସପ୍ତାହ



**ନରସିଂହପୁର, ୧୬ା୧୧(ସମିସ):** ଜାତୀୟ ଫାର୍ମାସି ସପ୍ତାହ ପାଳନ ଅବସରରେ ଆଜିଠାରୁ ଆସନ୍ତା ୨୨ ତାରିଖ ପର୍ଯ୍ୟନ୍ତ ନରସିଂହପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ୬୪ତମ ଜାତୀୟ ଫାର୍ମାସି ସପ୍ତାହ ପାଳନ କରାଯାଇଛି। କଟକ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ, କଟକ ଜିଲ୍ଲାର ସମସ୍ତ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ଉପ ସ୍ୱାସ୍ଥ୍ୟକେନ୍ଦ୍ରରେ କାର୍ଯ୍ୟରତ ଥିବା ସମସ୍ତ ଫାର୍ମାସି ଅଫିସର ଓ ନରସିଂହପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର ପ୍ରାୟ ୫୦ରୁ ଉର୍ଦ୍ଧ୍ୱ ଫାର୍ମାସିଷ୍ଟ ଏକାଠି ହୋଇ ଏକ ସଭାର ଆୟୋଜନ କରିଥିଲେ। ନରସିଂହପୁର ସ୍ୱାସ୍ଥ୍ୟକେନ୍ଦ୍ରରେ କାର୍ଯ୍ୟରତ ଡାକ୍ତର ଆଲୋକ ମାହାଲି ଏହି ସଭା କାର୍ଯ୍ୟରେ ଅତିଥି ଭାବେ ଯୋଗଦେଇଥିଲେ। କଟକ ଜିଲ୍ଲା ଫାର୍ମାସୀ ସଂଘ ସଭାପତି ସୁଧାଂଶୁ ଶେଖର ପଣ୍ଡା, ସମ୍ପାଦକ ସୁବ୍ରତ ଶତପଥୀ, କୋଷାଧ୍ୟକ୍ଷ ନାରାୟଣ ପ୍ରସାଦ ତିୱାରୀ, ନରସିଂହପୁର ସ୍ୱାସ୍ଥ୍ୟକେନ୍ଦ୍ରର ଫାର୍ମାସିଷ୍ଟ ପ୍ରଶାନ୍ତ ପଣ୍ଡା, ଜ୍ଞାନ ରଞ୍ଜନ ସାହୁ, ସତ୍ୟ ରଞ୍ଜନ ପଣ୍ଡା ଓ ପ୍ରଭୁଦତ୍ତ ଗୁରୁ ମଧ୍ୟ ଯୋଗ ଦେଇଥିଲେ। ଡାକ୍ତରଖାନା ପରିସରରେ ମା’ ପାଇଁ ଗଛଟିଏ କାର୍ଯ୍ୟକ୍ରମ କରି ସଂଘ ତରଫରୁ ୧୫ଟି ଚାରାରୋପଣ କରାଯାଇଥିଲା ଓ ଫାର୍ମାସି ଅଫିସର ମାନେ କିପରି ସ୍ୱାସ୍ଥ୍ୟସେବାର ଏକ ଅଭିନ୍ନ ଅଙ୍ଗ ତାହା ଉପରେ ଆଲୋକପାତ କରିଥିଲେ ଓ ନିଜ ନିଜର କାର୍ଯ୍ୟରେ ସର୍ବଦା ଶତପ୍ରତିଶତ ସେବା ମନୋଭାବ ରଖିବାକୁ ସମସ୍ତଙ୍କୁ ଅନୁରୋଧ କରିଥିଲେ।

## ଶ୍ରୀ ଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରରେ ବିଜ୍ଞାନମେଳା



**ନିଶ୍ଚିନ୍ତକୋଇଲି, ୧୬ା୧୧(ସମିସ):** ନିଶ୍ଚିନ୍ତକୋଇଲି ବ୍ଲକ କଟିକଟାଠାରେ ଥିବା ଶ୍ରୀ ଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରର ମାସିକ ଜ୍ଞାନ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଛି। ୧୯୦ ଜଣ ଛାତ୍ରଛାତ୍ରୀ ଅଂଶଗ୍ରହଣ କରି ବହୁ ଶିକ୍ଷଣୀୟ ବିଜ୍ଞାନ ପ୍ରକଳ୍ପ ପ୍ରଦର୍ଶନ କରିଥିଲେ। ଶିକ୍ଷାକେନ୍ଦ୍ରର ଅଧ୍ୟକ୍ଷ ଶରତ କୁମାର ମହାନ୍ତିଙ୍କ ପୌରୋହିତ୍ୟରେ ଏଥିରେ ଅତିଥିଭାବେ ସୁଭଦ୍ରା ମହତାବ ମହାବିଦ୍ୟାଳୟର ପଦାର୍ଥ ବିଜ୍ଞାନର ଅଧ୍ୟାପକ ବିଜୟ ପରିଡ଼ା, ଅଧ୍ୟାପକ ସୁଧୀର ଦାସ, ଅଧ୍ୟାପକ ସ୍ମୃତିରଞ୍ଜନ ସାହୁ, ଅଧ୍ୟାପକ ଜିତେନ୍ଦ୍ର ବେହେରା, ଭରତ ପାତ୍ର ପ୍ରମୁଖ ବିଜ୍ଞାନ ବିଷୟରେ ପ୍ରତ୍ୟେକ୍ଷ ଜ୍ଞାନ ଆହରଣ ନିମନ୍ତେ ବିଦ୍ୟାଳୟରେ ବିଜ୍ଞାନ ପ୍ରଦର୍ଶନୀର ଆବଶ୍ୟକତା ସଂକ୍ରାନ୍ତରେ ଆଲୋକପାତ କରିଥିଲେ। ଶିକ୍ଷା କେନ୍ଦ୍ରର ଉପଦେଷ୍ଟା ସନ୍ତୋଷ କୁମାର ସିହ୍ନାଙ୍କ ସଂଯୋଜନାରେ ସମସ୍ତ ଗୁରୁଜୀ ଗୁରୁମା ପରିଚାଳନା କରିଥିଲେ।

## ଡାକ୍ତର ବିଦ୍ୟୁତ୍ ଦାସଙ୍କୁ ‘କ୍ୟାପିଟାଲ୍ ଫାଉଣ୍ଡେସନ୍ ନ୍ୟାସନାଲ୍ ପୁରସ୍କାର’

**କଟକ, ୧୬ା୧୧(ସମିସ):** ଓଡ଼ିଶା ପାଇଁ ଗୌରବ ଆଣିଛନ୍ତି ରାଜ୍ୟର ସୁନାମଧନ୍ୟ ଡାକ୍ତର ପ୍ରଫେସର ବିଦ୍ୟୁତ୍ କୁମାର ଦାସ। ରବିବାର ଦିଲ୍ଲୀର ପ୍ରତିଷ୍ଠିତ ସାମାଜିକ ସଂଗଠନ ‘କ୍ୟାପିଟାଲ୍ ଫାଉଣ୍ଡେସନ୍ ସୋସାଇଟି’ ତରଫରୁ କନଷ୍ଟିଚ୍ୟୁସନ୍ କ୍ଲବ୍‌ଠାରେ ଆୟୋଜିତ ବାର୍ଷିକ ବକ୍ତୃତା ଏବଂ ପୁରସ୍କାର ସମାରୋହ-୨୦୨୫ରେ ତାଙ୍କୁ ସମ୍ମାନିତ କରାଯାଇଛି। ଅବହେଳିତଙ୍କ ପାଇଁ ରିଉମାଟୋଲୋଜି




ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ତାଙ୍କର ଉଲ୍ଲେଖନୀୟ ଅବଦାନ ପାଇଁ, ଭାରତର ସୁପ୍ରିମକୋର୍ଟର ବିଚାରପତି ଜଷ୍ଟିସ୍ ଉଜ୍ଜଳ ଭୂୟାଁଙ୍କ ଦ୍ୱାରା ଡାକ୍ତର ଦାସଙ୍କୁ ‘କ୍ୟାପିଟାଲ୍ ଫାଉଣ୍ଡେସନ୍ ନ୍ୟାସନାଲ୍ ପୁରସ୍କାର-୨୦୨୫’ ପ୍ରଦାନ କରାଯାଇଛି। ଏହି ସମାରୋହରେ ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ତଥା ସଂଗଠନର ଅଧ୍ୟକ୍ଷ ଜଷ୍ଟିସ୍ ଅନଙ୍ଗ କୁମାର ପଟ୍ଟନାୟକ ବିଶେଷ ଅତିଥି ଭାବରେ ଯୋଗଦେଇଥିଲେ। ସମଗ୍ର ଭାରତରେ ନିଜର ପ୍ରଚେଷ୍ଟା ଏବଂ କର୍ତ୍ତବ୍ୟପରାୟଣତା ଦ୍ୱାରା ପ୍ରଭାବିତ କରିଥିବା ଅନ୍ୟାନ୍ୟ ବିଶିଷ୍ଟ ବ୍ୟକ୍ତିତ୍ୱଙ୍କୁ ମଧ୍ୟ ସମ୍ମାନିତ କରାଯାଇଥିଲା। ସେମାନଙ୍କ ମଧ୍ୟରେ ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ଭି. ଗୋପାଳ ଗୌଡ଼ା, ସୀମା ପଥର ନିର୍ଦ୍ଦେଶକ ଜେନେରାଲ୍ ରଘୁ ଶ୍ରୀନିବାସନ୍, ଆଦିତ୍ୟ ବିର୍ଲା ସଂସ୍ଥାର ସମୂହ ନିର୍ଦ୍ଦେଶକ ସୁନୀଲ ବଜାଜ ଏବଂ ଅନ୍ୟାନ୍ୟ ବୁଦ୍ଧିଜୀବୀ ଉପସ୍ଥିତ ଥିଲେ।

## ରାସ୍ତା ଓ କେନାଲ୍ ସେତୁ ଉଦ୍‌ଘାଟିତ

**ନିଆଳି, ୧୬ା୧୧(ସମିସ):** ଓଡ଼ିଶା ସରକାରଙ୍କ ଗ୍ରାମ୍ୟ ଉନ୍ନୟନ ବିଭାଗ ପକ୍ଷରୁ ସେତୁ ବନ୍ଧନ ଯୋଜନାରେ ସଳେଇ-ବାହାରଣା ରାସ୍ତାର ୮ କିମି ଠାରେ କୁଣ୍ଡିମୁହାଁଣ ପାଖରେ କନ୍ଦଳ ନଦୀ ଉପରେ ଉଚ୍ଚ ସେତୁର ଡାହାଣ ସଂଯୋଗୀକରଣ ରାସ୍ତା ସହିତ କାକଟପୁର ଶାଖା କେନାଲ୍ ଉପରେ ନିର୍ମିତ ସେତୁ ଉଦ୍‌ଘାଟିତ ହୋଇଯାଇଛି। ରବିବାର ଅପରାହ୍ନରେ ଅନୁଷ୍ଠିତ ଉଦ୍‌ଘାଟନୀ ଉତ୍ସବରେ ମୁଖ୍ୟଅତିଥି ଭାବେ ନିଆଳି ବିଧାୟକ ଛବି ମଲ୍ଲିକ ଏହି ସଂଯୋଗୀକରଣ ରାସ୍ତା ଓ କେନାଲ୍ ସେତୁର ଶୁଭ ଉଦ୍‌ଘାଟନ କରିଥିଲେ। ମୋଟ ୫ କୋଟି ୪୩ ଲକ୍ଷ ୨୨ ହଜାର ୯୫୧ ଟଙ୍କା ବ୍ୟୟ ଅଟକଳରେ ୧୭.୦୧.୨୦୨୫ରୁ ଆରମ୍ଭ ହୋଇଥିବା ଏହି କାର୍ଯ୍ୟ ସରିଥିବା ବେଳେ ଏହାର ଦୈର୍ଘ୍ୟ ପ୍ରାୟ ୮୬୫ ମିଟର ରହିଛି। ଦୀର୍ଘବର୍ଷ ଧରି ଏହି ସମସ୍ୟା ଲାଗିରହିଥିବା ବେଳେ ଏହି ସଂଯୋଗୀକରଣ ରାସ୍ତାର ଶୁଭ ଉଦ୍‌ଘାଟନ ପରେ ଦୀପାଞ୍ଚଳର ୬ଟି ପଞ୍ଚାୟତ ସମେତ ସ୍ଥାନୀୟ ଅଞ୍ଚଳର ହଜାର ହଜାର ଜନସାଧାରଣ ଏଥିରେ ଉପକୃତ ହେବେ। ଉତ୍ସବରେ ଗ୍ରାମ୍ୟ ଉନ୍ନୟନ ବିଭାଗର ସହକାରୀ ଯନ୍ତ୍ରୀ ପ୍ରଣବ କିଶୋର ବିଶ୍ୱାଳ, ନିର୍ବାହୀଯନ୍ତ୍ରୀ ସୁଧାକର ନାୟକ, ବିଜେପିର ରାଜ୍ୟ ମୁଖପାତ୍ର ରାଜେନ୍ଦ୍ର ପଣ୍ଡା, ସାଂସଦଙ୍କ ପ୍ରତିନିଧି ଜ୍ୟୋତିରଞ୍ଜନ ମହାନ୍ତି, ଶଶିକାନ୍ତ ଲେଙ୍କା ଉପସ୍ଥିତ ଥିଲେ। ରାଜକିଶୋର ରାଉତ ଓ ସହଯୋଗୀଙ୍କ ନିର୍ମାଣକାରୀ ସଂସ୍ଥା ସହଯୋଗରେ ଏହା ପରିଚାଳିତ ହୋଇଥିଲା।

## ‘ଜୀବନ ରକ୍ଷା’ ଗ୍ରୁପ୍ ଦ୍ୱାରା ବାଲିଯାତ୍ରା ପଡ଼ିଆ ସଫେଇ



**କଟକ, ୧୬ା୧୧(ସମିସ):** ଐତିହାସିକ ବାଲିଯାତ୍ରା ଶେଷ ହେବାର ଚାରି ଦିନ ପରେ ମଧ୍ୟ ବାଲିଯାତ୍ରା ପଡ଼ିଆର ପରିବେଶ ଅସ୍ୱାସ୍ଥ୍ୟକର ରହିଥିବା ବେଳେ କିଛି ସଚେତନ ମହିଳା ଓ ପୁରୁଷ ସମାଜସେବୀଙ୍କୁ ନେଇ ଗଠିତ ‘ଜୀବନ ରକ୍ଷା’ ଗ୍ରୁପ୍ ପକ୍ଷରୁ ସଫେଇ ଅଭିଯାନ ଆରମ୍ଭ କରାଯାଇଛି। ଯାତ୍ରା ପରେ ପଡ଼ିଆରେ କୁଢ଼ କୁଢ଼ ଅଳିଆ ଜମା ହୋଇ ରହିଥିଲା, ଯାହାକି ସ୍ଥାନୀୟ ପରିବେଶକୁ ଦୂଷିତ କରିବା ସହ ମହାନଦୀ ଜଳକୁ ମଧ୍ୟ ପ୍ରଦୂଷିତ କରୁଥିଲା। ସଚେତନ ନାଗରିକ ହିସାବରେ ସେମାନେ ନିଜସ୍ୱ ଉଦ୍ୟମରେ ଏହି ସଫେଇ କାର୍ଯ୍ୟ ଆରମ୍ଭ କରିଛନ୍ତି। ଏହି ସଫେଇ ଅଭିଯାନରେ ଗ୍ରୁପ୍‌ର ସକ୍ରିୟ ସଦସ୍ୟ ସଙ୍ଗୀତା ରାଉତ, ପୁନମ ସିଂହ, ରାଶି, ସୌମ୍ୟରଞ୍ଜନ ନାୟକ ଓ ଶ୍ରୀତମ ପଣ୍ଡା ପ୍ରମୁଖ ସାମିଲ ହୋଇଛନ୍ତି। ବାଲିଯାତ୍ରା ପଡ଼ିଆରୁ ବର୍ଜ୍ୟବସ୍ତୁ ହଟାଇ ପରିବେଶକୁ ସ୍ୱଚ୍ଛ ରଖିବା ପାଇଁ ଏହି ସମାଜସେବୀଙ୍କ ଉଦ୍ୟମକୁ ସ୍ଥାନୀୟ ଲୋକ ଖୁବ୍ ପ୍ରଶଂସା କରିଛନ୍ତି।

# ଅର୍ଦ୍ଧନିର୍ମିତ ଅଙ୍ଗନବାଡ଼ି ଗୃହର ତାଲା ଭାଙ୍ଗି ଅଡୁଆରେ ଠିକାଦାର

ଭଦ୍ରେଶ୍ୱର, ୧୬ା୧୧(ସମିସ)

**ଥାନାରେ ଏତଲା**

ନବୀନ ସରକାର ସମୟରେ ଅର୍ଦ୍ଧନିର୍ମିତ ଅବସ୍ଥାରେ ରହିଥିଲା ଅଙ୍ଗନବାଡି ଗୃହ। ଗୃହ କାର୍ଯ୍ୟ ସମ୍ପୂର୍ଣ୍ଣ କରିବାକୁ ଏହି ଅର୍ଦ୍ଧନିର୍ମିତ ଗୃହରେ ଆବଶ୍ୟକୀୟ ନିର୍ମାଣ ସାମଗ୍ରୀ ରଖି ତାଲା ପକାଇଥିଲେ ଦୁଇ ଠିକାଦାର। ତେବେ ଏହି ବର୍ଷ ଅର୍ଦ୍ଧନିର୍ମିତ ଗୃହର ତାଲା ଭାଙ୍ଗି ବାକି ରହିଥିବା ଗୃହ କାର୍ଯ୍ୟକୁ ନିର୍ମାଣ କରୁଛନ୍ତି ଅନ୍ୟଜଣେ ଠିକାଦାର। ଯାହାକୁ ନେଇ ବିବାଦୀୟ ପରିସ୍ଥିତି ସୃଷ୍ଟି ହୋଇଛି। ପୂର୍ବରୁ ଏହି ଗୃହ କାର୍ଯ୍ୟ କରୁଥିବା ଠିକାଦାର ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗରେ ଦର୍ଶାଯାଇଛି, ତାଙ୍କ ଅଗୋଚରରେ ଜୋରଜବରଦସ୍ତ ଏହି ଗୃହ ତାଲା ଭଙ୍ଗାଯାଇଛି। ଏପରିକି ଗୃହ ମଧ୍ୟରେ ରହିଥିବା ସାମଗ୍ରୀକୁ ମଧ୍ୟ କେହି ଚୋରାଇ ନେଇଛନ୍ତି। ଯାହାକୁ ନେଇ ଏବେ ଅଡୁଆରେ ପଡ଼ିଛନ୍ତି କାର୍ଯ୍ୟ କରୁଥିବା ଠିକାଦାର ଜଣକ। ସୂଚନା ମୁତାବକ, କଟକ ଜିଲ୍ଲା ମାହାଙ୍ଗା ବ୍ଲକ ଭଦ୍ରେଶ୍ୱର ଗ୍ରାମପଞ୍ଚାୟତ ପାଣ୍ଡିଆ ଅଙ୍ଗନବାଡି-୧ ଗୃହ କାର୍ଯ୍ୟ କରିବା ପାଇଁ ତପନ କୁମାର ମହାନ୍ତି ଓ ଖଗେଶ୍ୱର ରାଉତଙ୍କୁ ମାହାଙ୍ଗା ବ୍ଲକ ଏବଂ ପଞ୍ଚାୟତ ତରଫରୁ ଅନୁମତି ମିଳିଥିଲା। ଠିକାଦାର ତପନ ଓ ଖଗେଶ୍ୱର ଏହି ନିର୍ମାଣ କାର୍ଯ୍ୟ ଆରମ୍ଭ କରିଥିଲେ। ତେବେ ଏହି ଗୃହ କାର୍ଯ୍ୟ ସମ୍ପନ୍ନ କରିବାକୁ ପ୍ରଶାସନ ପକ୍ଷରୁ ଆବଶ୍ୟକୀୟ ଅର୍ଥ ପ୍ରଦାନ କରା ନ ଯିବାରୁ ନିର୍ମାଣ କାର୍ଯ୍ୟ ଅଧାରେ ଅଟକି ରହିଥିଲା। ପ୍ରଶାସନ ପକ୍ଷରୁ ଅନୁମତି ମିଳିବା ପରେ ବାକି ରହିଥିବା କାର୍ଯ୍ୟକୁ ସମ୍ପୂର୍ଣ୍ଣ କରିବା ପାଇଁ ଉଭୟ ଠିକାଦାର ଆବଶ୍ୟକୀୟ ସାମଗ୍ରୀ ଗୃହରେ ରଖି ତାଲା ପକାଇଥିଲେ। ଯେଉଁ ସାମଗ୍ରୀର ଆନୁମାନିକ ମୂଲ୍ୟ ୨ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କା ହେବ ବୋଲି ଅଭିଯୋଗ ହୋଇଛି। ତେବେ ଏହି ଗୃହରେ ପଡ଼ିଥିବା ତାଲା ଭଙ୍ଗାଯିବା ପରେ ଗୃହ ମଧ୍ୟରେ ରହିଥିବା ସମସ୍ତ ସାମଗ୍ରୀକୁ ଲୁଟ ହୋଇଥିବା ନେଇ ତପନ ଓ ଖଗେଶ୍ୱର କାର୍ଯ୍ୟାନୁଷ୍ଠାନ ପାଇଁ ସ୍ଥାନୀୟ ଭଦ୍ରେଶ୍ୱର ଥାନାରେ ଲିଖିତ ଅଭିଯୋଗ କରିଛନ୍ତି। ଅଭିଯୋଗକୁ ଭିତ୍ତି କରି ବର୍ତ୍ତମାନ ଏହି ଗୃହ କାର୍ଯ୍ୟ କରୁଥିବା ବ୍ୟକ୍ତିଙ୍କୁ ଥାନାକୁ ଡକାଯାଇ ପଚରାଉଚରା କରି ଛାଡି ଦିଆଯାଇଥିବାର ଜଣାପଡ଼ିଛି। ତେବେ ଦେଖିବାକୁ ବାକି ରହିଲା ତପନ ଓ ଖଗେଶ୍ୱରଙ୍କ ଅଭିଯୋଗ ପଛରେ କେତେ ସତ୍ୟତା ରହିଛି। ପୁଲିସ ପକ୍ଷରୁ ଘଟଣାକୁ ନେଇ କାହା ଉପରେ କି ପ୍ରକାର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଉଛି ସେନେଇ ତଦନ୍ତ ଉପରେ ଅପେକ୍ଷା ରହିଛି।

## କନ୍ଦଳ ନଦୀରେ ବୁଡ଼ି ବୃଦ୍ଧ ମୃତ

**ନିଆଳି, ୧୬ା୧୧(ସମିସ):** ନିଆଳି ବ୍ଲକ ଦେବୀ-କନ୍ଦଳ ଦ୍ୱୀପାଞ୍ଚଳର ଏରଞ୍ଚ ଗ୍ରାମର ପ୍ରତାପ ଭୋଇ (୮୦) ଗତକାଲି ଅପରାହ୍ନରୁ ନିଖୋଜ ରହିଥିବା ବେଳେ ରବିବାର କନ୍ଦଳ ନଦୀରୁ ତାଙ୍କ ମରଶରୀରକୁ ଉଦ୍ଧାର କରାଯାଇଛି। ରବିବାର



ଦିନ ୧୧ଟାରେ ଅଡଶପୁର ଅଗ୍ନିଶମ ବାହିନୀର କର୍ମଚାରୀମାନେ ପହଞ୍ଚି ଏରଞ୍ଚଠାରେ ନଦୀ ଭିତରେ ଉଦ୍ଧାର କାର୍ଯ୍ୟ ଆରମ୍ଭ କରିଥିଲେ। ପ୍ରାୟ ୨ ଘଣ୍ଟା ପରିଶ୍ରମ ପରେ ୨୫ ଫୁଟ୍ ନଦୀ ଗଭୀର ଜଳରୁ ତାଙ୍କ ମୃତଶରୀର ଉଦ୍ଧାର କରିଥିଲେ।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୫୦ ● ପାଉଣ୍ଡ ୧୧୫.୬୮
- ୟୁରୋ ୧୦୧.୫୯ ● ୟେନ୍ ୦.୫୭

**ସୁନା, ରୁପା ଦର (ଟଙ୍କାରେ)**



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୪,୬୫୦ (ଭୁବନେଶ୍ୱର)
- ରୁପା : ୧,୬୯,୦୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୪,୫୬୨.୦୦
- ନିଫ୍ଟି ୨୫,୯୧୦.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



# ଭାରତ ରୁଷିଆ ତେଲର ଦ୍ୱିତୀୟ ବଡ଼ କ୍ରେତା




■ ଅକ୍ଟୋବରରେ କିଣିଛି ୨୨ ହଜାର କୋଟିର ତୈଳ
■ ଡିସେମ୍ବରରୁ କମିବ କାରବାର

ନୂଆଦିଲ୍ଲୀ,୧୬।୧୧(ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ବାରମ୍ବାର ଆପତ୍ତି ସତ୍ତ୍ୱେ ଭାରତ ରୁଷରୁ ଅଶୋଧିତ ତୈଳ କ୍ରୟ ଜାରି ରଖିଛି। ଅକ୍ଟୋବରରେ ମସ୍କୋରୁ ୨.୫ ବିଲିୟନ ଡଲାର (ପ୍ରାୟ ୨୨.୧୭ ହଜାର କୋଟି) ମୂଲ୍ୟର ଅଶୋଧିତ ତୈଳ ଦେଶରେ ପହଞ୍ଚିଛି, ଯାହା ଭାରତକୁ ରୁଷ ତେଲର ବିଶ୍ୱର ଦ୍ୱିତୀୟ ସର୍ବବୃହତ କ୍ରେତା କରିଛି। ହେଲସିଙ୍କି ସ୍ଥିତ ସେଣ୍ଟର ଫର୍ ରିସର୍ଚ୍ଚ ଅନ୍ ଏନର୍ଜି ଆଣ୍ଡ କ୍ଲିନ୍ ଏୟାର (ସିଆର୍‌ଇଏ) ପକ୍ଷରୁ ପ୍ରକାଶିତ ଏକ ରିପୋର୍ଟରେ ଏହ କୁହାଯାଇଛି। ସିଆର୍‌ଇଏ ଅନୁଯାୟୀ, ଚୀନ୍ ୩.୭ ବିଲିୟନ ଡଲାର (ପ୍ରାୟ ୩୨.୮୨ ହଜାର କୋଟି)ଟଙ୍କା ମୂଲ୍ୟର ରୁଷିଆ ତୈଳ ଆମଦାନୀ ସହିତ ପ୍ରଥମ ସ୍ଥାନରେ ରହିଛି। ସାମଗ୍ରିକ ଭାବରେ, ରୁଷରୁ ଭାରତର ଜୀବାଶ୍ମ ଇନ୍ଧନ ଆମଦାନୀ ୩.୧ ବିଲିୟନ ଡଲାର (ପ୍ରାୟ ୨୭.୪୯ ହଜାର କୋଟି ଟଙ୍କା) ପହଞ୍ଚିଛି, ଯେତେବେଳେ କି ଚୀନ୍‌ର ମୋଟ ୫.୮ ବିଲିୟନ ଡଲାର (ପ୍ରାୟ ୫୧.୪୪ ହଜାର କୋଟି ଟଙ୍କା) ଥିଲା। ତେବେ ଡିସେମ୍ବର ମାସରେ ପ୍ରକାଶ ପାଇବାକୁ ଥିବା ତଥ୍ୟରେ ଆମେରିକୀୟପ୍ରତିବନ୍ଧକର ପ୍ରଭାବ ଦୃଶ୍ୟମାନ ହୋଇପାରେ ବୋଲଇ ଅନୁମାନ କରାଯାଉଛି, କିନ୍ତୁ ଭାରତ କ୍ରୟ ଜାରି ରଖିଛି।

ଚୀନ୍ ମଧ୍ୟ ରୁଷରୁ ସର୍ବାଧିକ କୋଇଲା କିଣିଛି। ଗତ ମାସରେ ଚୀନ୍ ଭାରତ ଏବଂ ତୁର୍କୀଠାରୁ ଆଗରେ ରହି ରୁଷ କୋଇଲାର ସବୁଠାରୁ ବଡ଼ କ୍ରେତା ପାଲଟିଛି। ଚୀନ୍ ରୁଷଠାରୁ ୭୬୦ନିୟୁତଡଲାର ମୂଲ୍ୟର କୋଇଲା କିଣିଛି। ଏହି ସମୟରେ, ଭାରତ ଅକ୍ଟୋବରରେ ୩୫୧ ନିୟୁତ ଡଲାର ମୂଲ୍ୟର କୋଇଲା ଏବଂ ୨୨୨ ନିୟୁତ ଡଲାର ମୂଲ୍ୟର ତୈଳ ଉତ୍ପାଦ ଆମଦାନୀ କରିଛି। ତୁର୍କୀ ରୁଷ ତୈଳ ଉତ୍ପାଦର ସବୁଠାରୁ ବଡ଼ କ୍ରେତା ଭାବରେ ରହିଆସିଛି। ତୁର୍କୀ ମଧ୍ୟ ରୁଷ ତୈଳ ଉତ୍ପାଦର ସବୁଠାରୁ ବଡ଼ କ୍ରେତା। ତୁର୍କୀ ରୁଷରୁ ୯୫୭ ନିୟୁତ ଡଲାର ମୂଲ୍ୟର ତୈଳ ଆମଦାନୀ କରିଥିଲା, ଯାହାର ପ୍ରାୟ ଅଧା ଡିଜେଲ ଥିଲା। ଏହା ୯୨୯ ନିୟୁତ ଡଲାର ମୂଲ୍ୟର ରୁଷ ପାଇପଲାଇନ ଗ୍ୟାସ ଏବଂ ୫୭୨ ନିୟୁତ ଡଲାରର ଅଶୋଧିତ ତେଲ ମଧ୍ୟ କିଣିଥିଲା। ଅପରପକ୍ଷେ ୟୁରୋପୀୟ ସଂଘ (ଇୟୁ) ରୁଷ ଗ୍ୟାସର ସବୁଠାରୁ ବଡ଼ କ୍ରେତା ଥିଲା। ଇୟୁ ଅକ୍ଟୋବରରେ ୮୨୪ ନିୟୁତ ଡଲାର ମୂଲ୍ୟର ଏଲ୍‌ଏନ୍‌ଜି ଏବଂ ପାଇପଲାଇନ ଗ୍ୟାସ ଆମଦାନୀ କରିଥିଲା। ଏହାଛଡା ୩୧.୧ ନିୟୁତ ଡଲାର ମୂଲ୍ୟର ରୁଷୀୟ ଅଶୋଧିତ ତେଲ କିଣିଥିଲା।

ପଶ୍ଚାତ୍ୟ ରାଷ୍ଟ୍ରଗୁଡ଼ିକ ଭାରତ ଏବଂ ଚୀନ୍ ଉପରେ ରୁଷ ତୈଳ କ୍ରୟକୁ ରୋକିବା ପାଇଁ ଚାପ ପକାଉଛନ୍ତି। ସେମାନଙ୍କର ଯୁକ୍ତି ହେଉଛି ଯେ ଏହି ଦୁଇ ଦେଶ ୟୁକ୍ରେନରେ ରୁଷର ଯୁଦ୍ଧକୁ ପାଣ୍ଠି ଯୋଗାଇବାରେ ସାହାଯ୍ୟ କରୁଛନ୍ତି। ଗତ ମାସରେ, ଆମେରିକା ରୁଷର ଦୁଇ ପ୍ରମୁଖ ତୈଳ ରପ୍ତାନିକାରୀ, ରୋସନେଫ୍ଟ ଏବଂ ଲୁକ୍ ଅଏଲ୍ ଉପରେ କଟକଣା ଲଗାଇଥିଲା। ଏହି ପଦକ୍ଷେପଗୁଡ଼ିକର ପ୍ରଭାବ ଭାରତ ଏବଂ ଚୀନର ଡିସେମ୍ବର ଆମଦାନୀ ସଂଖ୍ୟାରେ ପ୍ରତିଫଳିତ ହୋଇପାରେ। ଡିସେମ୍ବର ଡେଲିଭରି ପାଇଁ ଭାରତ ରୁଷରୁ ଏହାର ଅଶୋଧିତ ତୈଳ କ୍ରୟକୁ ଯଥେଷ୍ଟ ହ୍ରାସ କରିଛି। ବ୍ଲୁମବର୍ଗର ଏକ ରିପୋର୍ଟ ଅନୁଯାୟୀ, ଦେଶର ୫ଟି ପ୍ରମୁଖ ବିଶୋଧନାଗାର ଡିସେମ୍ବର ପାଇଁ କୌଣସି ନୂତନ ଅର୍ଡର ଦେଇନାହାଁନ୍ତି। ଆମେରିକାର ପ୍ରତିବନ୍ଧକ ଏବଂ ଆମେରିକା-ଭାରତ ବାଣିଜ୍ୟ ଆଲୋଚନା ମଧ୍ୟରେ ଏହି ନିଷ୍ପତ୍ତି ଆସିଛି। ଅଗଷ୍ଟରେ, ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ରୁଷୀୟ ତେଲ କ୍ରୟ ପାଇଁ ଭାରତ ଉପରେ ୫୦% ଶୁଳ୍କ ଲାଗୁ କରିଥିଲେ। ପରବର୍ତ୍ତୀ ସମୟରେ ସେ ରୁଷର ସରକାରୀ ତେଲ କମ୍ପାନୀ, ରୋସନେଫ୍ଟ ଏବଂ ଲୁକ୍ ଅଏଲ୍ ସହିତ ସମସ୍ତ କାରବାରକୁ ନିଷେଧ କରିଥିଲେ। ଏହି ପ୍ରତିବନ୍ଧକ ନଭେମ୍ବର ୨୧ ତାରିଖରୁ କାର୍ଯ୍ୟକାରୀ ହେଉଛି।

ସୂଚନାଯୋଗ୍ୟ, ରିଲାଏନ୍ସ ଇଣ୍ଡଷ୍ଟ୍ରିଜ୍, ଭାରତ ପେଟ୍ରୋଲିୟମ୍, ହିନ୍ଦୁସ୍ତାନ ପେଟ୍ରୋଲିୟମ୍, ମାଙ୍ଗାଲୋର ରିଫାଇନେରୀ ଏବଂ ଏଚ୍‌ପିସିଏଲ-ମିତ୍ତଲ ଏନର୍ଜି ଡିସେମ୍ବର ପାଇଁ ରୁଷ ସହିତ ନୂତନ ଅର୍ଡର ଦେଇ ନ ଥିଲେ। ଏହି କମ୍ପାନୀଗୁଡ଼ିକ ଚଳିତବର୍ଷ ଏ ପର୍ଯ୍ୟନ୍ତ ଭାରତର ରୁଷୀୟ ଆମଦାନୀର ଦୁଇ-ତୃତୀୟାଂଶ କ୍ରେତା। ଇଣ୍ଡିଆନ୍ ଅଏଲ୍ କର୍ପୋରେସନ୍ (ଆଇଓସି) ଏବଂ ନାଏରା ଏନର୍ଜି ହେଉଛି ଡିସେମ୍ବର ପାଇଁ ରୁଷୀୟ ତେଲ କ୍ରୟ କରୁଥିବା ଏକମାତ୍ର କମ୍ପାନୀ।

# ଏନ୍‌ଟିପିସି ପ୍ରତିଷ୍ଠା କରିବ ବଡ଼ ନ୍ୟୁକ୍ଲିୟର ପ୍ଲାଣ୍ଟ

**୨୦ ହଜାର କୋଟିର ନିବେଶ ଯୋଜନା**

ନୂଆଦିଲ୍ଲୀ,୧୬।୧୧(ଏଜେନ୍ସି): ନ୍ୟାସନାଲ ଥର୍ମାଲ ପାଓ୍ୱାର କର୍ପୋରେସନ ବା ଏନ୍‌ଟିପିସି ଏବେ ପାରମ୍ପରିକ ଶକ୍ତିଠାରୁ ଆଗକୁ ବଢ଼ି ପରମାଣୁ ଶକ୍ତିରେ ଉଲ୍ଲେଖନୀୟ ଭାବରେ ନିବେଶ ଏବଂ ବିସ୍ତାର କରୁଛି। ଏହି କ୍ରମରେ କମ୍ପାନୀ ଏବେ ଦେଶରେ ୭୦୦, ୧୦୦୦ ଏବଂ ୧୬୦୦ ମେଗାୱାଟ କ୍ଷମତା ବିଶିଷ୍ଟ ପରମାଣୁ ବିଦ୍ୟୁତ୍ କେନ୍ଦ୍ର ନିର୍ମାଣ ପାଇଁ ପ୍ରସ୍ତୁତି ଆରମ୍ଭ କରିଛି। କମ୍ପାନୀ ଗୁଜରାଟ, ମଧ୍ୟପ୍ରଦେଶ, ବିହାର ଏବଂ ଆନ୍ଧ୍ରପ୍ରଦେଶ ସମେତ ବିଭିନ୍ନ ରାଜ୍ୟରେ ପ୍ଲାଣ୍ଟ ସ୍ଥାପନ ପାଇଁ ଯୋଜନା କରୁଛି। ଏହି ପ୍ଲାଣ୍ଟଦ୍ୱାରା କମ୍ପାନୀ ୨୦୪୭ ସୁଦ୍ଧା ଦେଶର ପ୍ରସ୍ତାବିତ ୧୦୦ ଗିଗାଓ୍ୱାଟ ପରମାଣୁ କ୍ଷମତାର ପ୍ରାୟ ୩୦%, ଅର୍ଥାତ୍ ପ୍ରାୟ ୩୦ ଗିଗାଓ୍ୱାଟ ହାସଲ କରିବାକୁ ଲକ୍ଷ୍ୟ ରଖିଛି।

ଆକଳନ ଅନୁସାରେ ଗୋଟିଏ ୧ ଗିଗାଓ୍ୱାଟ ପରମାଣୁ କେନ୍ଦ୍ର ପାଇଁ ପ୍ରାୟ ୧୫-୨୦ ହଜାର କୋଟି ଟଙ୍କା ନିବେଶର ଆବଶ୍ୟକ ହୋଇପାରେ ଏବଂ ପ୍ରକଳ୍ପ ପାଇଁ ଅତି କମରେ ତିନି ବର୍ଷ ସମୟ ଲାଗିପାରେ। ଏନଟିପିସି ପକ୍ଷରୁ କୁହାଯାଇଛି ଯେ, ଏହା ୭୦୦ ମେଗାଓ୍ୱାଟ ଏବଂ ୧ ହଜାର ମେଗାଓ୍ୱାଟ ରିଆକ୍ଟର ପାଇଁ ସ୍ୱଦେଶୀ ଭାବରେ ବିକଶିତ ପ୍ରେସରାଇଜଡ୍ ହେଭି-ୱାଟର ରିଆକ୍ଟର ପ୍ରଯୁକ୍ତିବିଦ୍ୟା ବ୍ୟବହାର କରିବ। ୧,୬୦୦ ମେଗାଓ୍ୱାଟ ପ୍ରକଳ୍ପ ପାଇଁ ଆବଶ୍ୟକ ହେଲେ କମ୍ପାନି ବୈଷୟିକ ସହଭାଗିତା ମଧ୍ୟ ଲୋଡ଼ିପାରେ। ତେବେ ସ୍ଥାନ ଅନୁମୋଦନ ପାଇଁ ପରମାଣୁ ଶକ୍ତି ନିୟାମକ ସଂସ୍ଥା (ଏଇଆର୍‌ବି) ଠାରୁ ଅନୁମୋଦନ ଆବଶ୍ୟକ ହେବ । ଏନ୍‌ଟିପିସି କେବଳ ଏଇଆର୍‌ବି ଦ୍ୱାରା ଅନୁମୋଦିତ ସ୍ଥାନଗୁଡ଼ିକରେ ପରବର୍ତ୍ତୀ କାର୍ଯ୍ୟ କରିବ। ୟୁରାନିୟମ କଞ୍ଚାମାଲ ଆପୂର୍ତ୍ତି ସୁରକ୍ଷିତ କରିବା ପାଇଁ, କମ୍ପାନୀ ବିଦେଶରେ ମଧ୍ୟ ୟୁରାନିୟମ ଅନୁସନ୍ଧାନ ଜାରି ରଖିଛି। ଏଥିପାଇଁ ଏଇଆର୍‌ବି, ୟୁରାନିୟମ କର୍ପୋରେସନ ଅଫ୍ ଇଣ୍ଡିଆ ଲିମିଟେଡ୍ (ୟୁସିଆଇଏଲ୍) ସହିତ ଏକ ଚିଠା ଚୁକ୍ତିନାମା ସ୍ୱାକ୍ଷର କରିଛି।

ବର୍ତ୍ତମାନ, ଏନ୍‌ଟିପିସି ଗ୍ରୁପ୍ର ମୋଟ କ୍ଷମତା ପ୍ରାୟ ୮୪, ୮୪୮ ମେଗାଓ୍ୱାଟ ରହିଛି। ଯେଉଁଥିରେ କୋଇଲା, ଗ୍ୟାସ୍/ତରଳ ଇନ୍ଧନ, ଜଳ ଏବଂ ସୌର ଶକ୍ତି ଅନ୍ତର୍ଭୁକ୍ତ। ଏନ୍‌ଟିପିସି ପୂର୍ବରୁ ଏନ୍‌ପିସିଆଇଏଲ୍ ସହିତ ମିଳିତ ଉଦ୍ୟମରେ ରାଜସ୍ଥାନରେ ଏକ ପରମାଣୁ ପ୍ରକଳ୍ପ ବିକଶିତ କରୁଛି। ଏହି ନିବେଶ ପ୍ରାୟ ୪୨ ହଜାର କୋଟି ଟଙ୍କାର ହେବ ବୋଲି ଆକଳନ କରାଯାଉଛି। ଏହି ଯୌଥ ଉଦ୍ୟୋଗରେ ଏନ୍‌ପିସିଆଇଏଲ୍‌ର ୫୧% ଅଂଶଧନ ରହିଥିବାବେଳେ ଏନ୍‌ଟିପିସିର ୪୯% ଅଂଶଧନ ରହିଛି।

# ବ୍ୟାଙ୍କ ସ୍ଥାୟୀ ଜମା ଉପରେ ଭାରି ପଡୁଛି ଡାକଘର ଜମା ଯୋଜନା




## ଅଧିକ ସୁଧ ହାର ସହ ଆୟକର ଛାଡ଼ ସୁବିଧା

ନୂଆଦିଲ୍ଲୀ,୧୬।୧୧(ଏଜେନ୍ସି): ଚଳିତବର୍ଷ ଭାରତୀୟ ରିଜର୍ଭ ବ୍ୟାଙ୍କ ଅନେକ ଥର ରେପୋ ହାର ହ୍ରାସ କରିଛି। ଫଳସ୍ୱରୂପ, ଅନେକ ବ୍ୟାଙ୍କ ସେମାନଙ୍କର ସ୍ଥାୟୀ ଜମା (ଏଫ୍‌ଡି) ବା ଫିକ୍ସଡ ଡିପୋଜିଟ୍ ଯୋଜନା ଉପରେ ସୁଧ ହାର ହ୍ରାସ କରିଛନ୍ତି। ଫଳସ୍ୱରୂପ, ନୂତନ ଏଫ୍‌ଡି ନିବେଶକମାନେ ଏବେ କମ ସୁଧ ହାରରେ ନିବେଶ କରୁଛନ୍ତି। ଯେତେବେଳେ ଏଫ୍‌ଡି ସୁଧ ହାର ହ୍ରାସ ପାଉଛି, ଅନେକ ଡାକ ଘର କ୍ଷୁଦ୍ର ସଞ୍ଚୟ ଯୋଜନା ଅନେକ ପ୍ରମୁଖ ବ୍ୟାଙ୍କ ଦ୍ୱାରା ପ୍ରଦାନ କରାଯାଇଥିବା ସୁଧ ହାର ଅପେକ୍ଷା ଅଧିକ ସୁଧ ହାର ପ୍ରଦାନ କରୁଛି। ଅଧିକାଂଶ ପ୍ରମୁଖ ବ୍ୟାଙ୍କରେ ଏଫ୍‌ଡି ସୁଧ ହାର ୬% ରୁ ୭% ମଧ୍ୟରେ ରହିଛି। ଅନେକ ଡାକ ଘର ଯୋଜନା ୭% ରୁ ଅଧିକ ସୁଧ ହାର ପ୍ରଦାନ କରେ। ଏହି ଯୋଜନାଗୁଡ଼ିକ ମଧ୍ୟରୁ ଅନେକ ପୁରୁଣା ଟିକସ ବ୍ୟବସ୍ଥା ଅଧୀନରେ ଜମା ଉପରେ ଆୟକର ଛାଡ଼ ମଧ୍ୟ ପ୍ରଦାନ କରେ। ଅପରପକ୍ଷେ ଅନେକ ସରକାରୀ ଏବଂ ଘରୋଇ ବ୍ୟାଙ୍କ ଏଫଡି ଉପରେ ୭% ରୁ କମ୍ ସୁଧ ପ୍ରଦାନ କରୁଛନ୍ତି। ୭% ରୁ ଅଧିକ ସୁଧ ପ୍ରଦାନ କରୁଥିବା ବ୍ୟାଙ୍କ ସଂଖ୍ୟା ବହୁତ କମ୍।

ଡାକ ଘର କ୍ଷୁଦ୍ର ସଞ୍ଚୟ ଯୋଜନାଗୁଡ଼ିକ ଅନେକ ପ୍ରମୁଖ ବ୍ୟାଙ୍କରେ ସ୍ଥାୟୀ ଜମା ଯୋଜନା ଅପେକ୍ଷା ଭଲ ରିଟର୍ଣ୍ଣ ପ୍ରଦାନ କରୁଛି। ସରକାର ପ୍ରତି ତ୍ରୈମାସିକରେ ଡାକ ଘର ଯୋଜନା ଉପରେ ସୁଧ ହାର ପରିବର୍ତ୍ତନ କରୁଛନ୍ତି। ବର୍ତ୍ତମାନର ସୁଧ ହାର ଡିସେମ୍ବର ୩୧ ପର୍ଯ୍ୟନ୍ତ ବୈଧ। ଏକ ୩ ବର୍ଷର ଜମାରେ ୭.୧%% ବାର୍ଷିକ ସୁଧ ହାର ରହିଥିବାବେଳେ ଏକ ୫ ବର୍ଷର ଜମାରେ ୭.୫% ବାର୍ଷିକ ସୁଧ ମିଳିବ। ବରିଷ୍ଠ ନାଗରିକଙ୍କ ପାଇଁ, ବରିଷ୍ଠ ନାଗରିକ ସଞ୍ଚୟ ଯୋଜନା ଅଛି, ଯାହା ୮.୨% ସୁଧ ପ୍ରଦାନ କରେ। ପବ୍ଲିକ୍ ପ୍ରୋଭିଡେଣ୍ଟ ଫଣ୍ଡ (ପିପିଏଫ୍) ଯୋଜନାରେ ୭.୧୦% ବାର୍ଷିକ ସୁଧ ପ୍ରଦାନ କରାଯାଉଥିବାବେଳେ କିଷାନ ବିକାଶ ପତ୍ରରେ ୭.୫% ସୁଧ ହାର ରହିଛି। ସୁକନ୍ୟା ସମୃଦ୍ଧି ଆକାଉଣ୍ଟ ଯୋଜନାରେ ୮.୨୦% ବାର୍ଷିକ ସୁଧ ପ୍ରଦାନ କରାଯାଉଛି। ପୁରୁଣା ବ୍ୟବସ୍ଥା ଅନୁଯାୟୀ ଅନେକ ଡାକ ଘର ଯୋଜନାରେ ନିବେଶରେ ଆୟକର ଛାଡ଼ ସୁବିଧା ରହିଛି। ଏଥିରେ ପିପିଏଫ୍, ସୁକନ୍ୟା ସମୃଦ୍ଧି ଏବଂ ଅନ୍ୟାନ୍ୟ ଯୋଜନା ଅନ୍ତର୍ଭୁକ୍ତ। ଆୟକର ଆଇନର ଧାରା ୮୦C ଅନୁଯାୟୀ ଏହି ଯୋଜନାଗୁଡ଼ିକରେ ନିବେଶ କଲେ ୧.୫୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ରିଆତି ମିଳିପାରିବ।

# ନିବେଶକଙ୍କ ଟଙ୍କା ନୁହେଁ, ଅଟକିଛି କର୍ମଚାରୀଙ୍କ ଦରମା \ ଆଜି ସୁପ୍ରିମକୋର୍ଟରେ ଶୁଣାଣି




● ସାହାରାର ୮୮ଟି ପ୍ରମୁଖ ସମ୍ପତ୍ତି କିଣିବ ଆଦାନୀ ପ୍ରପର୍ଟିଜ୍
● ସୁପ୍ରିମକୋର୍ଟଙ୍କ ଅନୁମୋଦନକୁ ଅପେକ୍ଷା

ନୂଆଦିଲ୍ଲୀ,୧୬।୧୧(ଏଜେନ୍ସି): ନିବେଶକମାନଙ୍କର ଅର୍ଥ ଫେରସ୍ତ କରିପାରୁ ନ ଥିବା ସାହାରା ଗ୍ରୁପ ପାଇଁ ଏବେ ଆଉ ଏକ ବଡ଼ ସମସ୍ୟା ଉପୁଜିଛି। କମ୍ପାନୀ ବର୍ତ୍ତମାନ ଏହାର ଗ୍ରୁପ କମ୍ପାନୀଗୁଡିକରେ କାର୍ଯ୍ୟକରତ କର୍ମଚାରୀଙ୍କ ବେତନ ପ୍ରଦାନରେ ବିଳମ୍ବ ଭଳି ପ୍ରସଙ୍ଗରେ ଫସିଛି। ସୋମବାର ସାହାରା ଗ୍ରୁପ୍ କମ୍ପାନୀଗୁଡ଼ିକର କର୍ମଚାରୀମାନଙ୍କୁ ବେତନ ପ୍ରଦାନ ନେଇ ସୁପ୍ରିମକୋର୍ଟରେ ହୋଇଥିବା ଅନ୍ତରୀଣ ଆବେଦନର ଶୁଣାଣି ହେବ। ସୋମବାର ସୁପ୍ରିମକୋର୍ଟ ମୁଖ୍ୟ ବିଚାରପତି ବି.ଆର. ଗାଭାଇଙ୍କ ଅଧ୍ୟକ୍ଷତାରେ ଗଠିତ ଖଣ୍ଡପୀଠ ଏହି ମାମଲାର ଶୁଣାଣି କରିବେ।


ଅକ୍ଟୋବର ୧୧ରେ, ସୁପ୍ରିମକୋର୍ଟ ସାହାରା ଇଣ୍ଡିଆ କମର୍ସିଆଲ୍ କର୍ପୋରେସନ ଲିମିଟେଡ୍ (ଏସ୍‌ଆଇସିସିଏଲ)ର ୮୮ଟି ପ୍ରମୁଖ ସମ୍ପତ୍ତି ଆଦିତ୍ୟ ପ୍ରପର୍ଟିଜ୍ ପ୍ରାଇଭେଟ୍ ଲିମିଟେଡ୍‌କୁ ବିକ୍ରି କରିବାକୁ ଅନୁମତି ଦେବା ପାଇଁ ଆବେଦନ ଉପରେ କେନ୍ଦ୍ର ସରକାର, ସେବି ଏବଂ ଅନ୍ୟାନ୍ୟ ଅଂଶୀଦାରଙ୍କଠାରୁ ଜବାବ ମାଗିଥିଲେ। ଏସ୍‌ଆଇସିସିଏଲ୍‌ର ଆବେଦନ ନଭେମ୍ବର ୧୭ରେ ଶୁଣାଣି ପାଇଁ ତାଲିକାଭୁକ୍ତ ହୋଇଛି। ଶୁକ୍ରବାର ଓକିଲମାନେ ମୁଖ୍ୟ ବିଚାରପତିଙ୍କୁ ଅନୁରୋଧ କରିଥିଲେ ଯେ କର୍ମଚାରୀମାନଙ୍କ ଅନ୍ତରୀଣ ଆବେଦନଗୁଡ଼ିକୁ ମଧ୍ୟ ସୋମବାର ତାଲିକାଭୁକ୍ତ କରନ୍ତୁ, କାରଣ ସେମାନେ ଅନେକ ମାସ ଧରି ସେମାନଙ୍କର ଦରମା ପାଇନାହାଁନ୍ତି। ପୂର୍ବରୁ, ଜଷ୍ଟିସ୍ ସୂର୍ଯ୍ୟକାନ୍ତ ଏବଂ ଜଷ୍ଟିସ୍ ଏମ୍.ଏମ୍. ସୁନ୍ଦରେଶଙ୍କ ଏକ ଖଣ୍ଡପୀଠ ସାହାରା ଗ୍ରୁପ୍‌ର ରିଫଣ୍ଡ ଦାୟିତ୍ୱ ସହିତ ଜଡିତ ବିଚାରାଧୀନ ମାମଲାରେ ଏସ୍‌ଆଇସିସିଏଲର ଅନ୍ତରୀଣ ଆବେଦନର ଶୁଣାଣି କରିଥିଲେ। ସଲିସିଟର ଜେନେରାଲ ତୁଷାର ମେହେଟାଙ୍କ ପିଟିସନ୍ ଉପରେ ଖଣ୍ଡପୀଠ ଅର୍ଥ ଏବଂ ସମବାୟ ମନ୍ତ୍ରଣାଳୟକୁ ପକ୍ଷଭୁକ୍ତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ନଭେମ୍ବର ୧୭ ସୁଦ୍ଧା ଆବେଦନର ଜବାବ ମାଗିଛନ୍ତି।

କୋର୍ଟ ସାହାରା ଗ୍ରୁପ୍‌ରୁ ଅନେକ ବର୍ଷ ଧରି ଦରମା ପାଇ ନ ଥିବା କର୍ମଚାରୀଙ୍କ ଦାବିର ତଦନ୍ତ କରିବାକୁ ନିର୍ଦ୍ଦେଶ ଦେଇଛନ୍ତି। ଆମିକସ୍ କ୍ୟୁରିଙ୍କୁ କର୍ମଚାରୀଙ୍କ ଦରମା ଏବଂ ପ୍ରାପ୍ୟ ତଦନ୍ତ କରିବାକୁ କୁହାଯାଇଥିଲା ଏବଂ ପରବର୍ତ୍ତୀ ଶୁଣାଣି ତାରିଖରେ ଏହି ମାମଲା ଉପରେ ବିଚାର କରାଯିବ। ହସ୍ତକ୍ଷେପ ଆବେଦନ ଏବଂ ସାହାରା କମ୍ପାନୀର ଆବେଦନ ସମେତ ସମସ୍ତ ଆବେଦନର ନଭେମ୍ବର ୧୭ ରେ ବିଚାର ପାଇଁ ଦିନ ଧାର୍ଯ୍ୟ କରାଯାଇଛି।

ସୂଚନାଯୋଗ୍ୟ ଯେ, ଆଦାନୀ ଗ୍ରୁପ୍ ଏବେ ସାହାରା ଇଣ୍ଡିଆ ଗ୍ରୁପ୍‌ର ଦୀର୍ଘକାଳୀନ ଆର୍ଥିକ ସଙ୍କଟରେ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଛି। ସାହାରା ୨୦୨୫ରେ ଏହାର ୮୮ଟି ପ୍ରମୁଖ ସମ୍ପତ୍ତି ଆଦାନୀ ପ୍ରପର୍ଟିଜ୍ ପ୍ରାଇଭେଟ୍ ଲିମିଟେଡକୁ ବିକ୍ରି କରିବାକୁ ପ୍ରସ୍ତାବ ଦେଇଛି, ଏହା ଏକ ଚୁକ୍ତି ଯାହା ସୁପ୍ରିମକୋର୍ଟଙ୍କ ଅନୁମୋଦନ ଅପେକ୍ଷାରେ ରହିଛି।

# ଏଆଇକୁ ନେଇ ବିଶ୍ୱ ବଜାରରେ ଉତ୍ସାହ | କେତେବେଳେ ବି ଭୁଶୁଡ଼ିବ ବଜାର

**ବଜାର ବିଶେଷଜ୍ଞ ଦେଲେଣି ଚେତାବନୀ**



ମୁମ୍ବଇ,୧୬।୧୧(ଏଜେନ୍ସି): ବିଶ୍ୱବ୍ୟାପୀ ଷ୍ଟକ୍ ବଜାର ପାଇଁ ଆସିଛି ବଡ଼ ସତର୍କକାଣୀ। ଅନେକ ବିଶେଷଜ୍ଞ ଚେତାବନୀ ଦେଇଛନ୍ତି ଯେ ବର୍ତ୍ତମାନ ବଜାର କାରବାରରେ ଦେଖାଦେଇଥିବା ବବଲ୍ ଯେ କୌଣସି ସମୟରେ ବିସ୍ଫୋରଣ ଘଟାଇପାରେ, ଯେଉଁଥିପାଇଁ ଷ୍ଟକ୍ ବଜାର କ୍ରାସ୍ କରିବାର ସମ୍ଭାବନପା ରହିଛି। ସମ୍ପ୍ରତି ବଜାରରେ ଦେଖାଦେଇଥିବା ଉତ୍ସାହ ଏଆଇ ବା କୃତ୍ରିମ ବୁଦ୍ଧିମତ୍ତା ଯୋଗୁ ଦେଖିବାକୁ ମିଳିଛି। ଏହି ବବଲ୍ ଏଆଇରେ ନିବେଶ ବୃଦ୍ଧି ପାଇଁ ସୃଷ୍ଟି ହୋଇଛି। ବିଶେଷଜ୍ଞମାନେ କୁହନ୍ତି ଯେ ଯେତେବେଳେ କ୍ରାସ୍ କରିବ, ସେତେବେଳେ ଷ୍ଟକ୍ ବଜାରର କୌଣସି କୋଣ ସୁରକ୍ଷିତ ରହିବ ନାହିଁ। ୱାଲ୍ ଷ୍ଟ୍ରିଟର ସବୁଠାରୁ ବିଶ୍ୱସ୍ତ ମୂଲ୍ୟାଙ୍କନ ବିଶେଷଜ୍ଞ ଅଶ୍ୱଥ ଦାମୋଦରନ୍ ମଧ୍ୟ ସମାନ ଚେତାବନୀ ଦେଇଛନ୍ତି। ଏକ ସମ୍ପ୍ରତିକ ପଡକାଷ୍ଟରେ, ଦାମୋଦରନ୍ କହିଥିଲେ ଯେ ଆଗକୁ ବଡ଼ ଖରାପ ସମୟ ଆସୁଛି। ସେ କହିଥିଲେ ଯେ ସୁନା ଏବଂ ନଗଦ ଭଳି ଜିନିଷ ନିବେଶକମାନଙ୍କୁ କ୍ଷତିରୁ ରକ୍ଷା କରିପାରିବ। ସେ କହିଛନ୍ତି ଯେ ତାଙ୍କ ନିବେଶ କ୍ୟାରିୟରରେ ପ୍ରଥମ ଥର ପାଇଁ, ସେ ଏକ ସମ୍ଭାବ୍ୟ ବିପର୍ଯ୍ୟୟମୂଳକ ବଜାର ପରିସ୍ଥିତି ଭାବରେ ବର୍ଣ୍ଣନା କରିଥିବା ପାଇଁ ପ୍ରସ୍ତୁତ ହେଉଛନ୍ତି।

ସେ କହିଛନ୍ତି ଯେ ଆଜିକାଲି ସମସ୍ତ ପ୍ରକାରର ସମ୍ପତ୍ତି ଏତେ ପରସ୍ପର ସହିତ ଜଡିତ ଯେ ବିବିଧତାର ପାରମ୍ପରିକ ପଦ୍ଧତି (ବିଭିନ୍ନ ସ୍ଥାନରେ ଟଙ୍କା ନିବେଶ କରିବା) ଆଉ କାମ କରୁନାହିଁ। ଦାମୋଦରନଙ୍କ ଅନୁସାରେ, ବଜାର ସହିତ ଗତି ନ କରୁଥିବା ଜିନିଷ ଖୋଜିବା କଷ୍ଟକର। ପ୍ରଥମ ଥର ପାଇଁ, ସେ ତାଙ୍କର ଟଙ୍କାକୁ ନଗଦ ଏବଂ ସଂଗ୍ରହଣୀୟ କିମ୍ବା ଭୌତିକ ସମ୍ପତ୍ତି (ସୁନା, ରୁପା, ଇତ୍ୟାଦି) ରେ ରଖିବା ବିଷୟରେ ବିଚାର କରୁଛନ୍ତି। ପୂର୍ବରୁ, ଦାମୋଦରନ ସୁନାକୁ ନିବେଶ ଉଦ୍ଦେଶ୍ୟରେ ଅନୁପଯୁକ୍ତ ବୋଲି ବିବେଚନା କରିଥିଲେ। ସେ ଏହାକୁ ଏକ ସମ୍ପତ୍ତି ବୋଲି ବିବେଚନା କରିଥିଲେ ଯାହା କୌଣସି ଲାଭ ଦେଉନାହିଁ। ସେ କହିଥିଲେ ଯେ ଏହି ନିଷ୍ପତ୍ତି କୌଣସି ଭଲ ମୌଳିକତା ଯୋଗୁଁ ନୁହେଁ, ବରଂ ଭୟରୁ ନିଆଯାଇଛି।

# ଏନ୍‌ଏସ୍‌ଇରେ ନିବେଶକ ଆକାଉଣ୍ଟ ସଂଖ୍ୟା ୨୪ କୋଟି ଟପିଲା

ମୁମ୍ବଇ,୧୬।୧୧(ଏଜେନ୍ସି): ନ୍ୟାସନାଲ ଷ୍ଟକ ଏକ୍ସଚେଞ୍ଜ ଅଫ୍ ଇଣ୍ଡିଆ (ଏନଏସଇ) ର ନଭେମ୍ବର ୨୦୨୫ରେ ମୋଟ ଟ୍ରେଡିଂ ଆକାଉଣ୍ଟ ସଂଖ୍ୟା ୨୪ କୋଟି ଅତିକ୍ରମ କରିଛି। ଗତବର୍ଷ ଅକ୍ଟୋବରରେ ୨୦ କୋଟି ସଂଖ୍ୟା ଅତିକ୍ରମ କରିବାର ମାତ୍ର ଏକ ବର୍ଷ ପରେ ଏହି ମାଇଲଖୁଣ୍ଟ ହାସଲ ହୋଇଛି। ଏଥିସହିତ ସ୍ୱତନ୍ତ୍ର ପଞ୍ଜୀକୃତ ନିବେଶକ ସଂଖ୍ୟା ୩୧ ଅକ୍ଟୋବର ୨୦୨୫ ସୁଦ୍ଧା ୧୨.୨ କୋଟି ରହିଛି ଯାହା ୨୨ ସେପ୍ଟେମ୍ବର ୨୦୨୫ରେ ୧୨ କୋଟି ଅତିକ୍ରମ କରିଥିଲା। ମୋଟ ନିବେଶକ ଆକାଉଂଟ ସଂଖ୍ୟା କ୍ଷେତ୍ରରେ ମହାରାଷ୍ଟ୍ର ୪ କୋଟି ଆକାଉଣ୍ଟ (୧୭%) ସହ ଆଗରେ ରହିଛି, ଏହାପରେ ଉତର ପ୍ରଦେଶ (୨.୭ କୋଟି),ଗୁଜରାଟ (୨.୧ କୋଟି), ପଶ୍ଚିମବଙ୍ଗ (୧.୪ କୋଟି) ଓ ରାଜସ୍ଥାନ (୧.୪କୋଟି)ର ସ୍ଥାନ ରହିଛି। ଏହି ଶୀର୍ଷ ୫ଟି ରାଜ୍ୟ ମୋଟ ନିବେଶକ ଆକାଉଂଟ ସଂଖ୍ୟାରେ ପ୍ରାୟ ୪୯% ଯୋଗଦାନ ଦେଉଛନ୍ତି ଏବଂ ଶୀର୍ଷ ୧୦ଟି ରାଜ୍ୟ ମିଳିତ ଭାବେ ୭୩%ର ଯୋଗଦାନ ଦେଉଛନ୍ତି।

ଏହି ସଫଳତା ସମ୍ପର୍କରେ ଏନଏସଇର ମୁଖ୍ୟ ବାଣିଜ୍ୟ ବିକାଶ ଅଧିକାରୀ ଶ୍ରୀରାମ କ୍ରିଷ୍ଣନ କହିଛନ୍ତି, ମୋବାଇଲ-ଆଧାରିତ ବାଣିଜ୍ୟ ସମାଧାନଗୁଡିକର ଷ୍ଟାଣ୍ଡାର୍ଡାଇଜେଶନ, ଏକ ଅଧିକ ଶୃଙ୍ଖଳିତ କେୱାଇସି ପ୍ରକ୍ରିୟାକୁ ଦୃଷ୍ଟିରେ ରଖି ଖୁଚୁରା ନିବେଶକମାନେ ଭାରତୀୟ ପୁଞ୍ଜି ବଜାରକୁ ନେଇ ସକାରାତ୍ମକ ରହିଛନ୍ତି।

# ପିତାମାତାଙ୍କ ସହମତିରେ ହେବ ପିଲାଙ୍କ ସୋସିଆଲ ମିଡିଆ ଆକାଉଣ୍ଟ



ନୂଆଦିଲ୍ଲୀ,୧୬।୧୧(ଏଜେନ୍ସି): ଡିଜିଟାଲ୍ ବ୍ୟକ୍ତିଗତ ତଥ୍ୟ ସୁରକ୍ଷା (ଡିପିଡିପି) ଆଇନ ୨୦୨୩ ବର୍ତ୍ତମାନ ଭାରତରେ ସମ୍ପୂର୍ଣ୍ଣ ଭାବରେ କାର୍ଯ୍ୟକାରୀ ହୋଇଛି। ସରକାର ନଭେମ୍ବର ୧୪ରେ ଏହାର ନିୟମାବଳୀ ସମ୍ପର୍କରେ ସୂଚିତ କରିଥିଲେ। ଏହି ନିୟମଗୁଡ଼ିକ ସାର୍ବଜନୀନ ଗୋପନୀୟତାକୁ ସୁଦୃଢ଼ କରିବ ଏବଂ ନବସୃଜନ ଏବଂ ଡିଜିଟାଲ୍ ଅର୍ଥନୀତିକୁ ପ୍ରୋତ୍ସାହିତ କରିବ। ଡିପିଡିପି ଆଇନ ୨୦୨୩ ଅଗଷ୍ଟ ୧୧ରେ ସଂସଦରେ ଗୃହୀତ ହୋଇଥିଲା। ଏଥିରେ ପିଲାମାନଙ୍କ ତଥ୍ୟର ଯେକୌଣସି ବ୍ୟବହାର ପାଇଁ ପିତାମାତାଙ୍କ ସମ୍ମତି ବାଧ୍ୟତାମୂଳକ। ସ୍ୱାସ୍ଥ୍ୟସେବା, ଶିକ୍ଷା କିମ୍ବା ବାସ୍ତବ-ସମୟ ସୁରକ୍ଷା ଭଳି ଜରୁରୀ ପରିସ୍ଥିତିରେ କେବଳ ଛାଡ଼ ପ୍ରଦାନ କରାଯିବ। ସେସିଆଲ ମିଡିଆ ଆକାଉଣ୍ଟ ଖୋଲଇବା ପାଇଁ ଆଇନଗତ ନିଷ୍ପତ୍ତି ନେଇପାରୁ ନ ଥିବା ଭିନ୍ନକ୍ଷମ ବ୍ୟକ୍ତିମାନଙ୍କ ପାଇଁ ଆଇନଗତ ଭାବରେ ଯାଞ୍ଚ କରାଯାଇଥିବା ସେମାନଙ୍କର ଆଇନଗତ ଅଭିଭାବକଙ୍କ ଠାରୁ ସମ୍ମତି ଆବଶ୍ୟକ ହେବ।

ଏମିତିକି ଆପଣଙ୍କର ବ୍ୟକ୍ତିଗତ ଡାଟା ସଂଗ୍ରହ କରିବା ପୂର୍ବରୁ, ଯେ କୌଣସି କମ୍ପାନୀ କିମ୍ବା ଆପ୍ ଏହାର ଉଦ୍ଦେଶ୍ୟ ବ୍ୟବହାର ବିଷୟରେ ସ୍ପଷ୍ଟ ଭାବରେ ବୁଝାଇବା ଉଚିତ। ସେମାନେ ଆପଣଙ୍କ ଅନୁମତି ବିନା ଏହା କରିପାରିବେନାହିଁ। ଯଦି ଆପଣ ଚାହୁଁନାହାଁନ୍ତି, ତେବେ ଆପଣଙ୍କର ଡାଟା ସେୟାର କରନ୍ତୁ ନାହିଁ - ଏହା ଆପଣଙ୍କର ଅଧିକାର। କମ୍ପାନୀଗୁଡ଼ିକ କେବଳ ସେମାନଙ୍କର ନିର୍ଦ୍ଦିଷ୍ଟ ଉଦ୍ଦେଶ୍ୟ ପାଇଁ ଆପଣଙ୍କ ଡାଟା ବ୍ୟବହାର କରିପାରିବେ। ଉଦାହରଣ ସ୍ୱରୂପ, ସପିଂ ଆପ୍ କେବଳ ଅର୍ଡର ପାଇଁ ଆପଣଙ୍କ ଡାଟା ବ୍ୟବହାର କରିବ, ମାର୍କେଟିଂ ପାଇଁ ନୁହେଁ। ଯଦି ଅପବ୍ୟବହାର ହୁଏ, ତେବେ ଆପଣ ଅଭିଯୋଗ କରିପାରିବେ।

ଏଥିରେ ଆପଣ ଆପଣଙ୍କର ସୂଚନା ସମୀକ୍ଷା କରିପାରିବେ, ତ୍ରୁଟି ସଂଶୋଧନ କରିପାରିବେ, ସେଗୁଡ଼ିକୁ ଅପଡେଟ୍ କରିପାରିବେ କିମ୍ବା ଯେକୌଣସି ସମୟରେ ଆପଣଙ୍କର ସମସ୍ତ ଡାଟା ଡିଲିଟ୍ କରିପାରିବେ। ଏଥିରେ କମ୍ପାନୀଗୁଡ଼ିକୁ ୯୦ ଦିନ ମଧ୍ୟରେ ପ୍ରତିକ୍ରିୟା ଦେବାକୁ ପଡିବ। ଯଦି ଆପଣଙ୍କର ଡାଟା ଚୋରି କିମ୍ବା ଉଲ୍ଲଂଘନ ହୁଏ, ତେବେ କମ୍ପାନୀ ଆପଣଙ୍କୁ ସରଳ, ବୁଝିପାରୁଥିବା ଭାଷାରେ ଘଣ୍ଟା ଘଣ୍ଟା ମଧ୍ୟରେ ଜଣାଇବା ଉଚିତ - କ'ଣ ଘଟିଛି, ସମ୍ଭାବ୍ୟ ପ୍ରଭାବ ଏବଂ କ'ଣ ପଦକ୍ଷେପ ନେବାକୁ ପଡିବ। ଏହା ଆପଣଙ୍କୁ ସତର୍କ ରହିବାକୁ ସାହାଯ୍ୟ କରିବ। ଯଦି ଆପଣଙ୍କର କୌଣସି ସମସ୍ୟା ଅଛି, ତେବେ ଅନଲାଇନରେ କିମ୍ବା ଏକ ଆପ୍ ମାଧ୍ୟମରେ ଡାଟା ସୁରକ୍ଷା ବୋର୍ଡରେ ଅଭିଯୋଗ ଦାଖଲ କରନ୍ତୁ। ଏହା ମାଗଣା ଏବଂ ଟ୍ରାକ୍ କରିବା ସହଜ। ଯଦି ଆପଣ ସନ୍ତୁଷ୍ଟ ନୁହଁନ୍ତି, ତେବେ ଆପଣ ଟିଡିସ୍ୟାଟ୍ କୋର୍ଟରେ ଆବେଦନ କରିପାରିବେ। ଏଥିରେ ଛୋଟ ବ୍ୟବସାୟ ପାଇଁ ମଧ୍ୟ ଅନୁପାଳନକୁ ସରଳ କରାଯାଇଛି, ତେଣୁ ସେବାଗୁଡ଼ିକ ମହଙ୍ଗା ନୁହେଁ।

ଯଦି ଏକ ବ୍ୟକ୍ତିଗତ ତଥ୍ୟ ଉଲ୍ଲଂଘନ ଘଟେ, ତେବେ ଡାଟା ବିଶ୍ୱସ୍ତଙ୍କୁ ତୁରନ୍ତ ପ୍ରଭାବିତ ବ୍ୟକ୍ତିମାନଙ୍କୁ ଉଲ୍ଲଂଘନର ପ୍ରକୃତି, ଏହାର ସମ୍ଭାବ୍ୟ ପ୍ରଭାବ, କେଉଁ ପଦକ୍ଷେପ ନିଆଯିବ ଏବଂ ସାହାଯ୍ୟ ପାଇଁ କାହା ସହିତ ଯୋଗାଯୋଗ କରାଯିବା ଉଚିତ ସେ ବିଷୟରେ ସରଳ ଭାଷାରେ ଜଣାଇବାକୁ ପଡ଼ିବ।

### ଆଇକନିକ୍ ଓଡ଼ିଶା ଚେସ୍ ପ୍ରିମିୟର ଲିଗ୍ ଉଦ୍‌ଯାପିତ

# ଗୋଲକୁଣ୍ଡା ଚାମ୍ପିଅନ, ବାରବାଟୀ ରନର୍ସଅପ୍

**ଭୁବନେଶ୍ୱର, ୧୬।୧୧(ସମିସ)**

ଅଲ ଓଡ଼ିଶା ଚେସ୍ ଆସୋସିଏସନ (ଏଓସିଏ) ଓ ଆଇକନିକ୍ ସ୍ପୋର୍ଟ୍ସ ଫାଉଣ୍ଡେସନ (ଆଇଏସ୍‌ଏଫ୍) ପକ୍ଷରୁ କ୍ରିକେଟରେ ଆଇପିଏଲ୍ ଢାଞ୍ଚାରେ ଫ୍ରାଞ୍ଚାଇଜ୍ ଭିତ୍ତିକ ୧୨ଟି ଦଳକୁ ନେଇ ଓଡ଼ିଶାରେ ପ୍ରଥମଥର ଆୟୋଜିତ ହୋଇଥିବା ଓଡ଼ିଶା ଆଇକନିକ୍ ଚେସ୍ ପ୍ରିମିୟର ଲିଗ୍ ରବିବାର ଉଦ୍‌ଯାପିତ ହୋଇଯାଇଛି। ଏଥିରେ ଗୋଲକୁଣ୍ଡା ଗାର୍ଡିଅନ୍ସ ଚାମ୍ପିଅନ ହୋଇଥିଲାବେଳେ ବାରବାଟୀ ବ୍ୟାଟଲର୍ସ ରନସ ଅପ୍ ହୋଇଛି। ଭିକ୍ଟୋରିଆ ଭିକ୍ଟର୍ସ ଦ୍ୱିତୀୟ ରନର୍ସ ଅପ୍ ହୋଇଥିଲାବେଳେ ଅମ୍ବର ଆଭେଞ୍ଜର୍ସ ଚତୁର୍ଥ ସ୍ଥାନରେ ରହିଥିଲା। ପୁରସ୍କାର ବାବଦରେ ଚାମ୍ପିଅନ ଗ୍ରାଣ୍ଡ ଆୱାସ ମାଲିକାନାରେ ଖେଳୁଥିବା ଗୋଲକୁଣ୍ଡାକୁ ଟ୍ରଫି ସହ ୫ ଲକ୍ଷ, ଟ୍ରିପଲ 'ସି' କ୍ଲବ୍ ମାଲିକାନାରେ ଖେଳୁଥିବା ବାରବାଟୀ ବ୍ୟାଟଲର୍ସକୁ ରନର୍ସ ଅପ୍ ଟ୍ରଫି ସହ ୩ ଲକ୍ଷ ଓ ତୃତୀୟ ସ୍ଥାନ ଅଧିକାର କରିଥିବା ଛତିଶଗଡ଼ର ରାଘବେନ୍ଦ୍ର ସିଂଘାଣିଆଙ୍କ ଟିମ୍ ଭିକ୍ଟୋରିଆ ଭିକ୍ଟର୍ସକୁ




ରନର୍ସ ଅପ୍ ଟ୍ରଫି ସହ ୨ ଲକ୍ଷ ଟଙ୍କାର ପୁରସ୍କାର ପ୍ରଦାନ କରାଯାଇଛି। ଖେଳ ଶେଷରେ ଅନୁଷ୍ଠିତ ଉତ୍ସବରେ ସାଂସଦ ପ୍ରଦୀପ କୁମାର ବର୍ମା ମୁଖ୍ୟଅତିଥି, ଜେମିନୀ ଅଏଲର ଜେନେରାଲ ମ୍ୟାନେଜର ପ୍ରଦୀପ କିଶୋର ମହାପାତ୍ର, ଜିଏସ୍‌ଟି କମିଶନର ପ୍ରୀତିରଞ୍ଜନ ନାଥ, ଏଆଇସିଏଫ୍ ଯୁଗ୍ମ ସଚିବ ମନୀଷ କୁମାର, ଏଓସିଏ ସମ୍ପାଦକ ଦେବବ୍ରତ ଭଟ୍ଟ ପ୍ରମୁଖ ସମ୍ମାନିତ ଅତିଥିଭାବେ ଯୋଗଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଡ. ପ୍ରଦୀପ୍ତ ମହାନ୍ତି, ଡ. ସଞ୍ଜୟ ଚୌଧୁରୀ, ଡ. ଚିଦାତ୍ମିକା ଖଟୁଆ, ଡ. ସେକ୍ ସମିମ ପ୍ରମୁଖ ଅତିଥିଭାବେ ଉପସ୍ଥିତ ଥିଲେ।

ଆଇପିଏଲ ଢାଞ୍ଚାରେ ହୋଟେଲ ଲାଇଫ୍‌ରେ ଗତ ୩ ଦିନ ଧରି ଏହି ପ୍ରତିଯୋଗିତା ଆୟୋଜିତ ହୋଇଥିଲା। ୧୨ଟି ଦଳକୁ ନେଇ ଏହି ଟୁର୍ଣ୍ଣାମେଣ୍ଟ ରାଉଣ୍ଡ ରବିନ ଲିଗ୍ ଫର୍ମାଟରେ ଖେଳ ହେବା ପରେ ୪ଟି ଦଳ ନକ୍‌ଆଉଟକୁ ଉନ୍ନିତ ହୋଇଥିଲେ। ଆଇପିଏଲ୍ ପରି ପ୍ରଥମ ଦୁଇ ଦଳ ମଧ୍ୟରେ କ୍ୱାଲିଫାୟର-୧ରେ ପରସ୍ପର ସହ ମୁକାବିଲା କରିଥିଲେ। ଏଥିରେ ଭିକ୍ଟୋରିଆକୁ ହରାଇ ନଂ-୧ ଟିମ୍ ଗୋଲକୁଣ୍ଡା ପ୍ରଥମ ଟିମ୍ ଭାବେ ଫାଇନାଲକୁ ଯାଇଥିଲା। ଏଲିମିନେଟରରେ ଅମ୍ବର ଆଭେଞ୍ଜର୍ସକୁ ହରାଇ ବାରବାଟୀ ଦ୍ୱିତୀୟ କ୍ୱାଲିଫାୟର୍ସକୁ ଯାଇଥିଲା। ପରେ ଖେଳାଯାଇଥିବା ଦ୍ୱିତୀୟ କ୍ୱାଲିଫାୟରରେ ଭିକ୍ଟୋରିଆକୁ ହରାଇ ବାରବାଟୀ ଦ୍ୱିତୀୟ ଦଳ ଭାବେ ଫାଇନାଲ୍‌ରେ ପ୍ରବେଶ କରିଥିଲା। ଫାଇନାଲରେ ବାରବାଟୀକୁ ହରାଇ ଗୋଲକୁଣ୍ଡା ଗାର୍ଡିଆନ୍ସ ଚାମ୍ପିଅନ ହୋଇଥିଲା। ଏହି ଦଳରେ ଆର୍ଯ୍ୟ ଅର୍ଣ୍ଣବ ସାମନ୍ତରାୟ, ମହୀତୋଷ ଦେ', ଅଧିନାୟକ ତଥା ଆଇଏମ୍ ଆରାଧ୍ୟ ଗର୍ଗ, ସ୍ୱପ୍ନିଳ ପ୍ରିୟଦର୍ଶୀ, ମୁକୁନ୍ଦ ହେମନ୍ତ ଅଗରୱାଲ, ଆଶ୍ରିୟା ଦାସ, ରାକେଶ କୁମାର ନାୟକ ଏବଂ ସୋୟମ ଲକ୍ଷ୍ମୀଦତ୍ତ ଡି ସାବତ ଖେଳାଳିଭାବେ ଚମତ୍କାର ପ୍ରଦର୍ଶନ କରିଥିଲେ।

ଏହି ଟୁର୍ଣ୍ଣାମେଣ୍ଟର ଚିଫ୍ ଆର୍ବିଟର ଭାବେ ଆଇଏ ସୁରେଶ ଚନ୍ଦ୍ର ସାହୁ, ଡେପୁଟି ଚିଫ୍ ଆର୍ବିଟର ଭାବେ ଆଇଏ ତାପସ କୁମାର ମହାନ୍ତି ଟୁର୍ଣ୍ଣାମେଣ୍ଟ ପରିଚାଳନା କରିଥିଲେ। ସନ୍ତୋଷ ମହାପାତ୍ର, ପିଙ୍କି ମହାପାତ୍ର, ଅଭିଷେକ ଆଚାର୍ଯ୍ୟ ଓ ଅନ୍ୟ ଆର୍ବିଟରମାନେ ଟୁର୍ଣ୍ଣାମେଣ୍ଟ ପରିଚାଳନା କରିଥିଲେ। ଏଓସିଏ କାର୍ଯ୍ୟନିର୍ବାହୀ ସଦସ୍ୟ ରୀତେଶ ରଥ, ପଦ୍ମିନୀ ସିଂ, ଧନଞ୍ଜୟ ସାବତ ପ୍ରମୁଖ ଟୁର୍ଣ୍ଣାମେଣ୍ଟ ପରିଚାଳନାରେ ସହଯୋଗ କରିଥିଲେ।

### ରାଜ୍ୟ ବେଞ୍ଚପ୍ରେସ୍ ପ୍ରତିଯୋଗିତା ଉଦ୍‌ଯାପିତ

## ଖୋର୍ଦ୍ଧା ପ୍ରଥମ, କଟକ ଦ୍ୱିତୀୟ

**ଭୁବନେଶ୍ୱର, ୧୬।୧୧(ସମିସ):** ଓଡ଼ିଶା ରାଜ୍ୟ ବେଞ୍ଚ୍‌ପ୍ରେସ୍ ପ୍ରତିଯୋଗିତା ସ୍ଥାନୀୟ ଉତ୍କଳ କରାଟେ ସ୍କୁଲ ପରିସରରେ ରବିବାର ଅନୁଷ୍ଠିତ ହୋଇଯାଇଛି। ଓଡ଼ିଶା ଶକ୍ତିଉତ୍ତୋଳନ ସଂଘ ଆନୁକୂଲ୍ୟରେ ଆୟୋଜିତ ଏହି ପ୍ରତିଯୋଗିତାରେ ୧୬ଟି ଜିଲ୍ଲାରୁ ୨୦୦ରୁ ଅଧିକ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ। ଏଥିରେ ଖୋର୍ଦ୍ଧା ଜିଲ୍ଲା ୨୩ଟି ସ୍ୱର୍ଣ୍ଣପଦକ ଜିତି ପ୍ରଥମ, କଟକ ଜିଲ୍ଲା ୮ଟି ସ୍ୱର୍ଣ୍ଣପଦକ ପାଇ ଦ୍ୱିତୀୟ ସ୍ଥାନରେ ରହିଛି। ସୁନ୍ଦରଗଡ଼ ୭ଟି ସ୍ୱର୍ଣ୍ଣ ସହ ତୃତୀୟ ହୋଇଛି। ଖେଳ ଶେଷରେ ଓଡ଼ିଶା ଶକ୍ତିଉତ୍ତୋଳନ ସଂଘ ସଭାପତି ଇଂ ଚିତ୍ତରଞ୍ଜନ ସ୍ୱାଇଁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉତ୍ସବରେ ଏକାମ୍ର ବିଧାୟକ ବାବୁ ସିଂ ମୁଖ୍ୟ ଅତିଥି,



ଜଗନ୍ନାଥ ପ୍ରଧାନ ସମ୍ମାନିତ ଅତିଥିଭାବେ ଯୋଗଦେଇ ପୁରସ୍କାର ପ୍ରଦାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଆସୋସିଏସନର ସମ୍ପାଦକ ହରିପ୍ରସାଦ ପଟ୍ଟନାୟକ, ଜାନକୀ ବଲ୍ଲଭ ମିଶ୍ର, ଚନ୍ଦ୍ରଶେଖର ସାହୁ, ପ୍ରଦୀପ କୁମାର ପାତ୍ର, ଏନ୍‌ବି ପଟ୍ଟନାୟକ, କୃଷ୍ଣଚନ୍ଦ୍ର ସାହୁ, ଲକିରାଣୀ ପାତ୍ର, ସ୍ୱାଗତିକା ଖଟେଇ ଓ ଅନୁପମା ସ୍ୱାଇଁ ପ୍ରମୁଖ ଖେଳ ପରିଚାଳନା କରିଥିଲେ।

## ଶ୍ୱେତପଦ୍ମାଙ୍କୁ ମିଳିଲା ଏକଲବ୍ୟ ପୁରସ୍କାର


**ଭୁବନେଶ୍ୱର, ୧୬।୧୧(ସମିସ):** ରାଜ୍ୟର ପ୍ରମୁଖ ଅନ୍ତର୍ଜାତୀୟ ମହିଳା ବ୍ୟାଡମିଣ୍ଟନ ଖେଳାଳି ଶ୍ୱେତପଦ୍ମା ପଣ୍ଡାଙ୍କୁ ୩୩ତମ ଏକଲବ୍ୟ ପୁରସ୍କାର ପ୍ରଦାନ କରାଯାଇଛି। ରବିବାର ଏକ ଘରୋଇ ହୋଟେଲେ ଆୟୋଜିତ ପୁରସ୍କାର ବିତରଣ ଉତ୍ସବରେ ରାଜ୍ୟ ଆଡଭୋକେଟ ଜେନେରାଲ ପିତାମ୍ବର ଆଚାର୍ଯ୍ୟ ମୁଖ୍ୟ ଅତିଥି, ମୁଖ୍ୟମନ୍ତ୍ରୀଙ୍କ ଉପଦେଷ୍ଟା ପ୍ରକାଶ ମିଶ୍ର ସମ୍ମାନିତ ଅତିଥିଭାବେ ଯୋଗଦେଇ ଶ୍ୱେତପଦ୍ମାଙ୍କୁ ଇମ୍ପାକ୍ଟ ପ୍ରଦତ୍ତ ଟ୍ରଫି, ମାନପତ୍ର ଓ ୭ ଲକ୍ଷ ଟଙ୍କାର ପୁରସ୍କାର ପ୍ରଦାନ କରିଥିଲେ। ଏହା ବ୍ୟତୀତ ରାଜ୍ୟର ଆଉ ଦୁଇଜଣ ଖେଳାଳିଙ୍କୁ ସମ୍ମାନିତ କରାଯାଇଛି। ଭାରୋତ୍ତୋଳିକା ପ୍ରିତୀସ୍ମିତା ଭୋଇ ଓ ଉଦୀୟମାନ ଟେନିସ ଖେଳାଳି ଆହାନଙ୍କୁ ମାନପତ୍ର, ଟ୍ରଫି ଓ ଦେଢ଼ଲକ୍ଷ ଲେଖାଏଁ ଟଙ୍କା ଦିଆଯାଇଥିଲା।

**ସମ୍ମାନିତ ହେଲେ ପ୍ରୀତିସ୍ମିତା ଓ ଆହାନ**



ଏକଲବ୍ୟ ପୁରସ୍କାର କମିଟି ଅଧ୍ୟକ୍ଷ ତଥା ଟ୍ରଷ୍ଟି ବୈଜୟନ୍ତ ପଣ୍ଡାଙ୍କ ଅଧ୍ୟକ୍ଷତାରେ ଆୟୋଜିତ ପୁରସ୍କାର ପ୍ରଦାନ ଉତ୍ସବ ଅନୁଷ୍ଠିତ ହୋଇଥିଲା। ଅନ୍ୟତମ ଟ୍ରଷ୍ଟି ପାରମିତା ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ। ବିତରଣ ଉତ୍ସବକୁ ପୁରସ୍କାର କମିଟି ସଂଯୋଜକ ତଥା କର୍ପୋରେଟ ବ୍ୟାପାର ମୁଖ୍ୟ ଅଶ୍ୱିନୀପ୍ରସାଦ ମହାନ୍ତି ପରିଚାଳନା କରିଥିଲେ। ୧୯୯୩ ମସିହାରୁ ରାଜ୍ୟର ଉଦୀୟମାନ ଖେଳାଳିଙ୍କୁ ଇମ୍‌ଫା ପକ୍ଷରୁ ଏକଲବ୍ୟ ପୁରସ୍କାର ପ୍ରଦାନ କରାହୋଇଆସୁଛି।

## ନିଖିଳ ଓଡ଼ିଶା ବିଲିଆର୍ଡ୍ସ ଓ ସ୍ନୁକର ରାଜ୍ୟ ର୍‍ୟାଙ୍କିଙ୍ଗ୍ ଚାମ୍ପିଅନ୍‌ସିପ୍ ଆରମ୍ଭ



ଭୁବନେଶ୍ୱର, ୧୬।୧୧(ସମିସ): ୩୧ତମ ରାଜ୍ୟ ବିଲିୟାର୍ଡ୍ସ ଓ ସ୍ନୁକର ଚାମ୍ପିଅନସିପ୍ ପଟିଆ ଛକସ୍ଥିତ ସିକ୍ସ ପକେଟସ କ୍ଲବ୍ ପରିସରରେ ରବିବାର ଅନୁଷ୍ଠିତ ହୋଇଯାଇଛି। ୪ଟି ବିଭାଗରେ ହେବାକୁ ଥିବା ଏହି ରାଜ୍ୟ ର୍‍ୟାଙ୍କିଙ୍ଗ୍ ଚାମ୍ପିଅନସିପ୍‌କୁ ବିଲିଆର୍ଡ୍ସ ଆଣ୍ଡ ସ୍ନୁକର ସଂଘ ସମ୍ପାଦକ ସମୀର ଅଲି ଆନୁଷ୍ଠାନିକ ଉଦ୍‌ଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ରାଜ୍ୟର ଶୀର୍ଷ ଖେଳାଳି, କ୍ଲବ୍ ମାଲିକ ଚେତନ ଆନନ୍ଦ ଓ ଟୁର୍ଣ୍ଣାମେଣ୍ଟ ନିର୍ଦ୍ଦେଶକ ଗୋବିନ୍ଦ ଶର୍ମା ପ୍ରମୁଖ ଉପସ୍ଥିତ ଥିଲେ। ଆଜି ଶେଷ ହୋଇଥିବା ସବ୍‌ଜୁନିଅର ବିଲିୟାର୍ଡ୍ସରେ ଆଜ୍‌ଲାନ ଅଲିଙ୍କୁ ହରାଇ ଚାମ୍ପିଅନ ହୋଇଛନ୍ତି। ସିନିଅର ବିଲିୟାର୍ଡ୍ସ ସେମିଫାଇନାଲରେ ସୁବ୍ରତ ଦାସ, ସମୀର ଅଲି ଓ ଚିରଞ୍ଜୀବ ସିଂ ସେମିଫାଇନାଲରେ ପ୍ରବେଶ କରିଛନ୍ତି। ସିନିଅର ସ୍ନୁକର ପ୍ରଥମ ରାଉଣ୍ଡରେ ଜଗଦୀଶ ମହାନ୍ତି, ଅନୁଜ ପଣ୍ଡା, ନିଶି ପ୍ରକାଶ, ଉଦ୍‌ଭାସ ମହାପାତ୍ର, ପ୍ରିୟା ଗୋବିନ୍ଦ ଓ ରାକେଶ ମହାନ୍ତି ବିଜୟ ହାସଲ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

### ମହିଳା ଦୃଷ୍ଟିହୀନ ବିଶ୍ୱକପ୍ କ୍ରିକେଟ୍

## ପାକିସ୍ତାନକୁ ହରାଇଲା ଭାରତ

କଲମ୍ବୋ, ୧୬।୧୧(ଏଜେନ୍ସି): ମହିଳା ଦୃଷ୍ଟିହୀନ ବିଶ୍ୱକପ୍ କ୍ରିକେଟରେ ଆଜି ଖେଳାଯାଇଥିବା ମ୍ୟାଚ୍‌ରେ ଭାରତ ୮ ୱିକେଟରେ ପଡୋଶୀ ପାକିସ୍ତାନକୁ ପରାସ୍ତ କରିଛି। ଏହି ମ୍ୟାଚ୍‌ରେ ପ୍ରଥମେ ବ୍ୟାଟିଂ କରି ପାକିସ୍ତାନ ୨୩ ରନ୍‌ରେ ୪ଟି ୱିକେଟ ହରାଇବା ପରେ ମେହେରିନ୍ ଅଲିଙ୍କ ୬୬ ରନ୍ ସହାୟତାରେ ୮ ୱିକେଟ ହରାଇ ୧୩୫ ରନ୍ କରିଥିଲା। ଜବାବରେ ଭାରତ ୨ ୱିକେଟ ହରାଇ ବିଜୟ ଲକ୍ଷ୍ୟରେ ପହଞ୍ଚିଥିଲା। ଏହି ବିଜୟ ଫଳରେ ଭାରତ ସେମିଫାଇନାଲରେ ପ୍ରବେଶ କରିଛି। ଆସନ୍ତାକାଲି ବା ସୋମବାର ଅଷ୍ଟ୍ରେଲିଆ ଓ ଶ୍ରୀଲଙ୍କା ମଧ୍ୟରେ ଲିଗ୍ ମ୍ୟାଚ୍ ଖେଳାଯିବ।

### ଜାତୀୟ ପାରା ସୁଇମିଂ ଚାମ୍ପିଅନ୍‌ସିପ୍

## ପ୍ରଥମ ଦିବସରେ ଓଡ଼ିଶାକୁ ୭ ପଦକ



**ଭୁବନେଶ୍ୱର, ୧୬।୧୧ (ସମିସ):** ହାଇଦରାବାଦ୍‌ରେ ରବିବାର ଜାତୀୟ ପାରା ସୁଇମିଂର ୨୫ତମ ସଂସ୍କରଣ ଉଦ୍‌ଘାଟିତ ହୋଇଯାଇଛି। ପ୍ରଥମ ଦିବସରେ ଓଡ଼ିଶା ସନ୍ତରଣକାରୀମାନେ ପ୍ରଭାବୀ ପ୍ରଦର୍ଶନ କରି ୭ଟି ପଦକ ବିଜୟୀ ହୋଇଛନ୍ତି। ଯେଉଁଥିରେ ୩ଟି ଲେଖାଏ ସ୍ୱର୍ଣ୍ଣ ଓ କାଂସ୍ୟ ଏବଂ ଗୋଟିଏ ରୌପ୍ୟ ପଦକ ରହିଛି। ପୁରୁଷ ୧୦୦ ମିଟର ଫ୍ରିଷ୍ଟାଇଲର ଏସ୍-୪ କାଟାଗୋରୀରେ ବଳରାମ ସ୍ୱାଇଁ, ଏସ୍-୫ କାଟାଗୋରୀରେ ନରହରି ବେହେରା ଓ ମହିଳା ଏସ୍-୬ କାଟାଗୋରୀରେ କବିତା ଦଲାଇ ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ସେହିଭଳି ପୁରୁଷ ବ୍ୟାକ୍ ଷ୍ଟ୍ରୋକ ଏସ୍-୧୧ କାଟାଗୋରୀରେ ରଞ୍ଜନ ହାଁସଦାଙ୍କୁ ରୌପ୍ୟ ପଦକ ମିଳିଛି। କାଂସ୍ୟ ପଦକ ସଫଳତା ପାଇଥିବା ସନ୍ତରଣକାରୀମାନେ ହେଲେ ଦୀନେଶ ମାଝୀ, ଶିବାନନ୍ଦ ବୈଦ୍ୟ ଓ କମଳ ଟୁଡୁ।

### ଆଜିଠୁ ମହିଳା କବାଡ଼ି ବିଶ୍ୱକପ୍

## ଟାଇଟଲ୍ ବଜାୟ ଲକ୍ଷ୍ୟରେ ଭାରତ

**ଢାକା, ୧୬।୧୧ (ଏଜେନ୍ସି):** ମହିଳା କବାଡ଼ି ବିଶ୍ୱକପ୍‌ର ଦ୍ୱିତୀୟ ସଂସ୍କରଣ ସୋମବାରଠାରୁ ବାଂଲାଦେଶର ଢାକାରେ ଆରମ୍ଭ ହେବାକୁଯାଉଛି। ୧୩ ବର୍ଷର ବ୍ୟବଧାନ ପରେ ମହିଳା କବାଡ଼ି ବିଶ୍ୱକପ୍ ଖେଳାଯିବ। ୨୦୧୨ରେ ବିହାରରେ ଖେଳାଯାଇଥିବା ପ୍ରଥମ ସଂସ୍କରଣରେ ଭାରତୀୟ ମହିଳା ଦଳ ଇରାନକୁ ପରାସ୍ତ କରି ଚାମ୍ପିଅନ ହୋଇଥିଲା। ଫଳରେ ଡିଫେଣ୍ଡିଂ ଚାମ୍ପିଅନ ଭାବେ ଭାରତ ଏଥର ବିଶ୍ୱକପ୍‌ରେ ପ୍ରବେଶ କରିଛି। ନଭେମ୍ବର ୨୪ ତାରିଖ ପର୍ଯ୍ୟନ୍ତ ଖେଳାଯିବାକୁ ଥିବା ଦ୍ୱିତୀୟ ସଂସ୍କରଣରେ ମୋଟ୍ ୧୧ଟି ଦଳ ଭାଗନେଇଛନ୍ତି। ଆୟୋଜକ ବାଂଲାଦେଶ ଓ ଭାରତ ସମେତ ଜର୍ମାନୀ, ଥାଇଲାଣ୍ଡ ଓ ଉଗାଣ୍ଡା ଗ୍ରୁପ୍-ଏ'ରେ ସ୍ଥାନ ପାଇଛନ୍ତି। ସେହିଭଳି ଗ୍ରୁପ୍-ବି'ରେ ଇରାନ, କେନିଆ, ନେପାଳ, ପୋଲାଣ୍ଡ, ଚାଇନିଜ ତାଇପେଇ ଓ ଯାଞ୍ଜିବର ରହିଛନ୍ତି। ଶେଷ ମୁହୂର୍ତ୍ତରେ ଆର୍ଜେଣ୍ଟିନା ଓହରିଯିବାରୁ ଗ୍ରୁପ୍-ଏ'ରେ ୫ଟି ଦଳ ସ୍ଥାନ ପାଇଛନ୍ତି। ପ୍ରତି ଗ୍ରୁପ୍‌ର ଦୁଇଟି ଲେଖାଏ ଶ୍ରେଷ୍ଠ ଦଳ ସେମିଫାଇନାଲକୁ ପ୍ରବେଶ କରିବେ।

### କୁଚ୍ ବିହାର ଟ୍ରଫି

## ଅର୍ପିତଙ୍କୁ ୩ ୱିକେଟ୍; ମହାରାଷ୍ଟ୍ର ୨୯୯/୫

**କଟକ, ୧୬।୧୧(ସମିସ):** ଘରୋଇ ମହାରାଷ୍ଟ୍ର ଓ ଓଡ଼ିଶା ମଧ୍ୟରେ ରବିବାରଠାରୁ ନାଗୋଥାନେର ରିଲାଏନ୍ସ କ୍ରିକେଟ ଗ୍ରାଉଣ୍ଡରେ କୁଚ୍ ବିହାର ଟ୍ରଫି (୧୯ ବର୍ଷରୁ କମ୍) ମ୍ୟାଚ୍ ଆରମ୍ଭ ହୋଇଛି। ଟସ୍ ହାରି ପ୍ରଥମେ ବ୍ୟାଟିଂ ସୁଯୋଗ ପାଇଥିବା ମହାରାଷ୍ଟ୍ର ଦଳ ପ୍ରଥମ ଦିବସ ଷ୍ଟମ୍ପ ଅପସାରଣ ସୁଦ୍ଧା ୫ ୱିକେଟ ବିନିମୟରେ ୨୯୯ ରନ ସଂଗ୍ରହ କରି ଦୃଢ଼ସ୍ଥିତିରେ ରହିଛି। ଦଳ ପକ୍ଷରୁ ଓପନର ଜାସନ ସିଂହ ସର୍ବାଧିକ ୧୦୨ ରନ କରିଥିଲେ। ସେହିଭଳି ୱିକେଟକିପର ସାଇ ପ୍ରଦେଶୀ ଏବଂ ଏସ୍ ଜଗତପ ଯଥାକ୍ରମେ ୪୫ ଏବଂ ୪୮ ରନ ସଂଗ୍ରହ କରି ଅପରାଜିତ



ରହିଛନ୍ତି। ଓଡ଼ିଶା ପକ୍ଷରୁ ଅର୍ପିତ ମହାନ୍ତି ୩ଟି ଏବଂ ରାଜ ଯାଦବ ୨ଟି ୱିକେଟ ଦଖଲ କରିଛନ୍ତି। ପ୍ରଥମ ଦିବସରେ ଓଡ଼ିଶା ବୋଲର ୯୨ ଓଭର ବୋଲିଂ କରି ମାତ୍ର ୫ ୱିକେଟ୍ ନେଇ ନିରାଶ କରିଛନ୍ତି।

### ଏସିଆ କପ୍ ରାଇଜିଂ ଷ୍ଟାର୍

## ସୂର୍ଯ୍ୟବଂଶୀଙ୍କ ଦ୍ରୁତ ଇନିଂସ ବେକାର

**ଦୋହା, ୧୬।୧୧ (ଏଜେନ୍ସି):** ଏଠାରେ ଚାଲିଥିବା ଏସିଆ କପ୍ ରାଇଜିଂ ଷ୍ଟାର୍ କ୍ରିକେଟ୍ ଟୁର୍ଣ୍ଣାମେଣ୍ଟରେ ଭାରତ-ଏ ପ୍ରଥମ ପରାଜୟବରଣ କରିଛି। ରବିବାର ରାତିରେ ଖେଳାଯାଇଥିବା ଟୁର୍ଣ୍ଣାମେଣ୍ଟର ସବୁଠୁ ହାଇଭୋଲଟେଜ ମ୍ୟାଚରେ ଭାରତ-ଏ ୮ ୱିକେଟ୍‌ରେ ପାକିସ୍ତାନ-ଏ ନିକଟରୁ ପରାସ୍ତ ହୋଇଛି। ପ୍ରଥମେ ବ୍ୟାଟିଂ କରିଥିବା ଭାରତ-ଏ ୧୯ ଓଭରରେ ୧୩୬ ରନ କରି ଅଲ୍‌ଆଉଟ୍ ହୋଇଥିଲା। ଦଳ ପକ୍ଷରୁ ଓପନର୍ ବୈଭବ ସୂର୍ଯ୍ୟବଂଶୀ ୨୮ ବଲରେ ୫ ଚୌକା ଓ ୩ ଛକା ସହ ସର୍ବାଧିକ ୪୫ ରନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ନମନ ଧୀର ୩୫, ହର୍ଷ ଦୁବେ ୧୯, ନେହାଲ ୱାଧେର ୮ ଓ ରମନଦୀପ୍ ସିଂହ ୧୧ ରନ କରିଥିଲେ। ପାକିସ୍ତାନର ଶାହିଦ ଅଜିଜ ସର୍ବାଧିକ ୩ଟି ୱିକେଟ୍ ନେଇଥିଲେ। ଜବାବରେ ପାକିସ୍ତାନ-ଏ ୧୩.୨ ଓଭରରେ ୨ ୱିକେଟ୍ ହରାଇ ଲକ୍ଷ୍ୟ ହାସଲ କରିନେଇଥିଲା। ଓପନର୍ ମାଜ୍ ସାଦକତ୍ ୪୭ ବଲରେ ଅପରାଜିତ ୭୯ ରନ କରିଥିଲେ। ଗ୍ରୁପ୍-ବି'ରେ ସ୍ଥାନ ପାଇଥିବା ଭାରତ ପୂର୍ବରୁ ପ୍ରଥମ ମ୍ୟାଚରେ ୧୪୮ ରନରେ ୟୁଏଇ'କୁ ହରାଇଥିଲା। ଶେଷ ମ୍ୟାଚରେ ଭାରତ ମଙ୍ଗଳବାର ଓମାନକୁ ଭେଟିବ।

### ଟୋକିଓ ଡିଫ୍ ଅଲିମ୍ପିକ୍ସ

## ଟାଇଟଲ୍ ବଜାୟ ରଖିଲେ ଶୁଟର୍ ଶ୍ରୀକାନ୍ତ

**ଟୋକିଓ, ୧୬।୧୧ (ଏଜେନ୍ସି):** ଜାପାନର ରାଜଧାନୀ ଟୋକିଓରେ ଗତକାଲିଠାରୁ ଆରମ୍ଭ ହୋଇଥିବା ଡିଫ୍ (ବଧିର) ଅଲିମ୍ପିକ୍ସର ୨୫ତମ ସଂସ୍କରଣରେ ଭାରତୀୟ ସୁଟର୍ ଧନୁଶ ଶ୍ରୀକାନ୍ତ ଟାଇଟଲ୍ ବଜାୟ ରଖିବାରେ ସଫଳ ହୋଇଛନ୍ତି। ପୁରୁଷ ଏୟାର ରାଇଫଲ୍‌ରେ ଶ୍ରୀକାନ୍ତ ୨୫୨.୨ ସ୍କୋର ସହ ପୋଡିୟମର ଶୀର୍ଷ ସ୍ଥାନରେ ରହିଥିଲେ। ଶ୍ରୀକାନ୍ତ ୨୦୨୨ରେ ବ୍ରାଜିଲରେ ଅନୁଷ୍ଠିତ ଡିଫ୍ ଅଲିମ୍ପିକ୍ସର ଗତ ସଂସ୍କରଣରେ ମଧ୍ୟ ଏହି ଇଭେଣ୍ଟରେ ସ୍ୱର୍ଣ୍ଣିମ ସଫଳତା ପାଇଥିଲେ। ଅନ୍ୟତମ ଭାରତୀୟ ସୁଟର୍ ମହମ୍ମଦ ଭାନିଆ ୨୫୦.୧ ସ୍କୋର ସହ ରୌପ୍ୟ ପଦକ ବିଜୟୀ ହୋଇଥିଲେ। ଫଳରେ ଭାରତ ଏହି ଇଭେଣ୍ଟରୁ ୨ଟି



ପଦକ ଜିତିବାରେ ସଫଳ ହୋଇଛି। ସେହିଭଳି ମହିଳା ଏୟାର ରାଇଫଲ୍ ଇଭେଣ୍ଟରେ ମଧ୍ୟ ଭାରତ ୨ଟି ପଦକ ଜିତିଛି। ମହିତ ସାନ୍ଧୁ ଓ କୋମଲ ୱାଗମାରେ ଯଥାକ୍ରମେ ରୌପ୍ୟ ଓ କାଂସ୍ୟ ପଦକ ହାସଲ କରିଛନ୍ତି।

## ରାଜ୍ୟ ଓପନ ଚେସ୍ ଜିତିଲେ ତନ୍ମୟ

**ଭୁବନେଶ୍ୱର, ୧୬।୧୧(ସମିସ):** ଓଡ଼ିଶା ରାଜ୍ୟ ଚେସ ସଂଘ ପକ୍ଷରୁ ଆଉ ଏକ ପ୍ରୋତ୍ସାହନମୂଳକ ଚେସ୍ ପ୍ରତିଯୋଗିତା 'ନିର୍ମଳ କୁମାର ପଟ୍ଟନାୟକ ସ୍ମାରକୀ ରାଜ୍ୟ ଓପନ ଚେସ୍ ଚାମ୍ପିଅନସିପ୍' ରବିବାର ଅନୁଷ୍ଠିତ ହୋଇଯାଇଛି। କେଶୁରାସ୍ଥିତ ରୟାଲ ପବ୍ଲିକ୍ ସ୍କୁଲ ପରିସରରେ



ଆୟୋଜିତ ଏହି ପ୍ରତିଯୋଗିତାରେ ଭୁବନେଶ୍ୱରର ତନ୍ମୟ ତ୍ରିପାଠୀ ପ୍ରଥମ ସ୍ଥାନ ଅଧିକାର କରି ଚାମ୍ପିଅନ ହୋଇଛନ୍ତି। ତାଙ୍କ ପଛକୁ ପାରାଦୀପର ଜ୍ଞାନରଞ୍ଜନ ସେଠୀଙ୍କୁ ରନର୍ସଅପ୍‌ରେ ସନ୍ତୁଷ୍ଟ ହେବାକୁ ପଡ଼ିଛି। କଟକର ନିରେକ ପରିଡ଼ା, ପ୍ରତ୍ୟୁଷ ମହାପାତ୍ର, ବାଲେଶ୍ୱରର ଶୁଭେନ୍ଦୁ କୁମାର ପାତ୍ର, ଭୁବନେଶ୍ୱରର ସତ୍ୟମାଧବ ଶତପଥୀ, ପୁରୀର କ୍ରିତୀଶ କୁମାର ଓ ଗଜପତିର ମନୀନ୍ଦ୍ର କାର୍ଜୀ ଯଥାକ୍ରମେ ତୃତୀୟରୁ ୮ମ ସ୍ଥାନ ଅଧିକାର କରିଛନ୍ତି। ଓଡ଼ିଶା ରାଜ୍ୟ ଚେସ ସଂଘ ନିର୍ଦ୍ଦେଶକ ଦେବାଶିଷ ପାଣିଗ୍ରାହୀ ଖେଳ ପରିଚାଳନା କରିଥିଲାବେଳେ ରୟାଲ ପବ୍ଲିକ୍ ସ୍କୁଲର ପ୍ରଜ୍ଞା ସାହୁ, ସଞ୍ଜୀବ ପଟ୍ଟନାୟକ, ସ୍ମିତା ଭୋଳ ପ୍ରମୁଖ ପୁରସ୍କାର ବିତରଣ ଉତ୍ସବରେ ସମ୍ମାନିତ ଅତିଥିଭାବେ ଉପସ୍ଥିତ ଥିଲେ।

### ଶରଣକୁଳ ସର୍ବଭାରତୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ଆରମ୍ଭ

# ଟାଇବ୍ରେକର୍‌ରେ ଜିତିଲା ସେଞ୍ଚୁରିଆନ କ୍ଲବ୍

**ଶରଣକୁଳ,୧୬।୧୧(ସମିସ)**

ଶରଣକୁଳ ଲଡୁକେଶ ଆଥଲେଟିକ୍ ଆସୋସିଏସନର ୬୪ ତମ ସର୍ବ ଭାରତୀୟ ଫୁଟବଲ ଟୁର୍ଣ୍ଣାମେଣ୍ଟ ରବିବାର ସ୍ଥାନୀୟ ନାରାୟଣ ସରକାରୀ ଉଚ୍ଚ ବିଦ୍ୟାଳୟ ଖେଳ ପଡିଆରେ ଉଦଘାଟିତ ହୋଇ ଯାଇଛି। ଆସାସିଏସନର ସଭାପତି ତଥା ପୂର୍ବତନ ରଣପୁର ବିଧାୟକ ସତ୍ୟନାରାୟଣ ପ୍ରଧାନ ଏହି ଟୁର୍ଣ୍ଣାମେଣ୍ଟକୁ ଆନୁଷ୍ଠାନିକ ଭାବେ ଉଦଘାଟନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ଜିଲ୍ଲା ପରିଷଦ ସଭ୍ୟା ଚିନ୍ମୟୀ ଦାଶ, ସଂଯୁକ୍ତା ପଡ଼ିଆରୀ, ଶରଣକୁଳ ଥାନା ଅଧିକାରୀ ସୁଜିତ କୁମାର ଦାସ ପ୍ରମୁଖ ଅତିଥି ରୂପେ ଯୋଗ ଦେଇ ଥିଲେ। ଉଦଘାଟନୀ ମ୍ୟାଚ ଭୁବନେଶ୍ୱରର



ସେଞ୍ଚୁରିଆନ କ୍ଲବ ଓ ଜଟଣୀର ଉତ୍କଳ ସ୍ପୋର୍ଟି ମଧ୍ୟରେ ଅନୁଷ୍ଠିତ ହୋଇଥିଲା। ଖେଳର ପ୍ରଥମାର୍ଦ୍ଧ ବେଶ ଚିତ୍ତାକର୍ଷକ ଥିବାବେଳେ ୧୧ ତମ ମିନିଟରେ ଜଟଣୀ ଦଳର ୧୦ ନମ୍ବର ଜର୍ସି ଖେଳାଳି ଚିଣ୍ଟୁ ସାମଲ ଚତୁରତାର ସହ ପ୍ରଥମ ଗୋଲ ସ୍କୋର କରି ଦଳକୁ ଆଗେଇ ନେଇଥିଲେ। ଦ୍ୱିତୀୟାର୍ଦ୍ଧ ଖେଳର ପ୍ରଥମ ମିନିଟରେ ଭୁବନେଶ୍ୱର ଦଳର ୭ ନମ୍ବର ଜର୍ସି ଖେଳାଳି ଅମିନୁ ଗୋଲ ଶୁଝାଇ ଦଳକୁ ସମାନ ସ୍ତରକୁ ଆଣିଥିଲେ। ଖେଳ ୧-୧ରେ ସମାନ ହେବା ପରେ ଖେଳ ସଂଘର୍ଷପୂର୍ଣ୍ଣ ହୋଇଥିଲା ଓ ୩୧ ତମ ମିନିଟ ରେ ଚିଣ୍ଟୁ ସାମଲ ବିପକ୍ଷ ଦଳକୁ ଆଉ ଗୋଟିଏ ଗୋଲ ଦେଇ ଦଳକୁ ଅଗ୍ରଣୀ କରାଇଥିଲେ। କିନ୍ତୁ ଶେଷ ସମୟ ପୂର୍ବରୁ ଭୁବନେଶ୍ୱର ଦଳ ଶୁଝାଇଦେବାରୁ ନିର୍ଦ୍ଧାରିତ ସମରେ ଖେଳ ୨-୨ ଗୋରେ ସମାନସ୍ତରେ ରହିଥିଲା। ମ୍ୟାଚ୍ର ଫଳାଫଳ ଲାଗି ଟାଇବ୍ରେକର ପଦ୍ଧତି ନିଆଯାଥିଲା। ଏଥରେ ଭୁବନେଶ୍ୱର ଦଳ ବିଜୟୀ ହୋଇଥିଲା ଓ ଦଳର ଅମିନୁଙ୍କୁ ଶ୍ରେଷ୍ଠ ଖେଳାଳି ରୁପେ ଚୟନ କରାଯାଇଥିଲା। ଶରଣକୁଳ ଜନସଂଗ୍ରାମ ପ୍ରେସ ପକ୍ଷରୁ ଅତିଥିଙ୍କ ଦ୍ୱାରା ଏକହଜାର ଅର୍ଥ ରାଶି ସହିତ ଏକ ଟ୍ରଫି ପ୍ରଦାନ କରାଯାଇ ପୁରସ୍କୃତ କରାଯାଇଛି। ରେଫରୀ ରାଜୁ ମହାନ୍ତି ଖେଳ ପରିଚାଳନା କରିଥିବା ବେଳେ ପ୍ରସନ୍ନ କୁମାର ନାୟକ, ଜ୍ୟୋତିରଞ୍ଜନ ସ୍ୱାଇଁ, ଜଗନ୍ନାଥ ପରିଡା ଲାଇନରେ ସହାୟତା କରିଥିଲେ। ବିକ୍ରମ କୁମାର ଦାଶ,କୃଷ୍ଣଚନ୍ଦ୍ର ମହାପାତ୍ର,ଚିତ୍ତ ରଞ୍ଜନ ବରାଡ଼,କୃଷ୍ଣଚନ୍ଦ୍ର ତ୍ରିପାଠୀ,ରମେଶଚନ୍ଦ୍ର ବରାଡ଼,ଅଖିଳ କୁମାର ମହାପାତ୍ର ପ୍ରମୁଖ ଖେଳ ରେ ସହଯୋଗ କରିଥିଲେ। ସୋମବାର ଖେଳ ଡ଼ିଏମଏସଏଫସି କେପିଝାଡ଼ଖଣ୍ଡ ଏବଂ ଗଣ୍ଡରପୁର ଫୁଟବଲ କ୍ଲବ, ଭୁବନେଶ୍ୱର ମଧ୍ୟରେ ଅନୁଷ୍ଠିତ ହେବ ବୋଲି ଆସୋସିଏସନର ସମ୍ପାଦକ ରବିନ୍ଦ୍ର କୁମାର ଚୌଧୁରୀ ଜଣାଇଛନ୍ତି।



## ଆଜିର ରାଶିଫଳ

**ମେଷ:** ଆର୍ଥିକ ସମସ୍ୟା ଦେଖା ଦେବ। ଚିନ୍ତାରେ ରହିବେ ଏବଂ ପେଟ ଜନିତ ସମସ୍ୟା ଦେଖା ଦେବ। ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ଭୁଲ୍ ବୁଝାମଣା ଦେଖାଦେବ।

**ବୃଷ:** ପାରିବାରିକ ଜୀବନ ସୁଖମୟ ହେବ। ଭାଇ ଭଉଣୀଙ୍କ ସହଯୋଗ ମିଳିବ। ବ୍ୟବସାୟକୁ ନେଇ ଦୂର ସ୍ଥାନକୁ ଯାତ୍ରା କରିବେ। ନିବେଶ କରିବା ପାଇଁ ଉପଯୁକ୍ତ ସମୟ।

**ମିଥୁନ:** କ୍ୟାରିୟରକୁ ନେଇ ଚିନ୍ତାରେ ରହିବେ। ପରିବାର ପାଇଁ ସମୟ ବାହାର କରିବେ। ପ୍ରେମିକ-ପ୍ରେମିକାଙ୍କ ମଧ୍ୟରେ ମତଭେଦ ସୃଷ୍ଟି ହେବ। ଅଫିସ୍‌ରେ ପଦୋନ୍ନତି ସମ୍ଭାବନା ଅଛି।

**କର୍କଟ:** ଧାର୍ମିକ ସ୍ଥାନକୁ ଯାତ୍ରା ଯୋଗ ଅଛି। ମାନସିକ ଚିନ୍ତା ଦୂର ହେବ। ନୂଆ କାମ ଆରମ୍ଭ କରିବା ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ। ଛାତ୍ରଛାତ୍ରୀ ଖେଳକୁଦରେ ସମୟ ଅତିବାହିତ କରିବେ।

**ସିଂହ:** ବ୍ୟବସାୟ ପାଇଁ ଚିନ୍ତାରେ ରହିବେ। ଅର୍ଥ ନିବେଶରୁ ଦୂରେଇ ରହିବେ। ନୂଆ କାମ ପାଇଁ ଉପଯୁକ୍ତ ସମୟ। କୋର୍ଟ କଚେରୀ ମାମଲାରେ ବିଜୟ ଲାଭ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ।

**କନ୍ୟା:** ଦୀର୍ଘଦିନରୁ ଚାଲିଥିବା ପାରିବାରିକ ମତଭେଦ ଦୂର ହେବ। କର୍ମ ଚଞ୍ଚଳ ରହିବେ। ବିଦ୍ୟାର୍ଥୀ ପ୍ରତିଯୋଗିତା ପରୀକ୍ଷାରେ କୃତକାର୍ଯ୍ୟ ହେବେ। ଜୀବନସାଥୀଙ୍କଠାରୁ ଉପହାର ପାଇବେ।

**ତୁଳା:** ଦିନଟି ଶୁଭଫଳ ପ୍ରଦାନ କରିବ। ବ୍ୟବହାରରେ ସଂଯମତା ରକ୍ଷା କରିବେ। ମନରୁ ନକାରାତ୍ମକ ଚିନ୍ତାଧାର ଦୂର ହେବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। ଚକ୍ଷୁ ସମସ୍ୟା ଦେଖା ଦେବ।

**ବିଛା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଜମିବାଡ଼ିକୁ ନେଇ ବିବାଦ ଦେଖା ଦେବ। ଅଯଥା ଖର୍ଚ୍ଚରୁ ଦୂରେଇ ରହିବେ। ଉଚ୍ଚଶିକ୍ଷା ପାଇଁ ବିଦେଶ ଯାତ୍ରା ଯୋଗ ଅଛି। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**ଧନୁ:** ସନ୍ତାନଙ୍କ ଭବିଷ୍ୟତ ପାଇଁ ନୂଆ ଯୋଜନା କରିବେ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ଜୀବନସାଥୀଙ୍କ ସହ ଦୂର ସ୍ଥାନକୁ ଯାତ୍ରା କରିବେ।

**ମକର:** ବିବାଦୀୟ କାର୍ଯ୍ୟରୁ ଦୂରେଇ ରହିବେ। ନୂଆ ଗାଡ଼ି କିଣିବେ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ପରିବାର ସଦସ୍ୟଙ୍କ ସହ ହସ ଖୁସିରେ ସମୟ ଅତିବାହିତ କରିବେ।

**କୁମ୍ଭ:** ନୂଆ କାର୍ଯ୍ୟ ଆରମ୍ଭରୁ ଦୂରେଇ ରହିବେ। ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ। ବିଦ୍ୟାର୍ଥୀ କଠିନ ପରିଶ୍ରମ କରିବେ।

**ମୀନ:** ବ୍ୟବସାୟ ପାଇଁ ନୂଆ ଯୋଜନା କରିବେ। ଗୀତ, ନାଚରେ ସମୟ ଅତିବାହିତ କରିବେ। ସ୍ୱାସ୍ଥ୍ୟ ସମସ୍ୟା ଦୂର ହେବ। ଘରେ ଧାର୍ମିକ କାର୍ଯ୍ୟ ଆୟୋଜନ କରିବେ। ସମସ୍ତ ଇଚ୍ଛା ପୂରଣ ହେବ।

## ଆଜିର ଇତିହାସ

- ୧୮୩୧- ଇକ୍ୱାଡୋର ଓ ଭେନେଜୁଏଲା ଗ୍ରେଟର୍ କଲମ୍ବିଆଠାରୁ ଅଲଗା ହେଲେ।
- ୧୯୨୮ -ସ୍ୱାଧୀନତା ସଂଗ୍ରାମୀ ଲାଲା ଲଜପତ୍ ରାୟଙ୍କ ବିୟୋଗ।
- ୧୯୬୬- ରୀତା ଫାରିଆ ବିଶ୍ୱ ସୁନ୍ଦରୀ ହେଲେ।
- ୧୯୯୯ -ଆନ୍ତର୍ଜାତିକ ମାତୃଭାଷା ଦିବସ ପାଳନ ପାଇଁ ୟୁନେସ୍କୋ ଅନୁମତି ଦେଲା।



# ଆସିପାରେ 'କୁଛ କୁଛ ହୋତା ହୈ'ର ସିକ୍ୱେଲ
## କରନ୍ ଦେଲେ ଇସାରା

ବଲିଉଡ୍‌ର କିଙ୍ଗ୍‌ଖାନ୍ ଶାହାରୁଖ୍, କାଜଲ ଓ ରାନୀ ମୁଖାର୍ଜୀଙ୍କ ଅଭିନୀତ 'କୁଛ କୁଛ ହୋତା ହୈ'(୧୯୯୮) ଫିଲ୍ମ ବଲିଉଡର ଏକ ଆଇକନିକ୍ ଫିଲ୍ମ ଭାବେ ଜଣାଯାଏ। ଏହି ଫିଲ୍ମ ଆଜିବି ଦର୍ଶକଙ୍କ ହୃଦୟରେ ରାଜ୍ କରୁଛି। ଫିଲ୍ମଟି ପ୍ରେମ ଏବଂ ବନ୍ଧୁତା ଉପରେ ପର୍ଯ୍ୟବେସିତ ଥିଲା। ଏହା ବକ୍ସ ଅଫିସ୍‌ରେ ସୁପରହିଟ୍ ସାବ୍ୟସ୍ତ ହୋଇଥିଲା। କରନ୍ ଜୋହର୍‌ଙ୍କ ନିର୍ଦ୍ଦେଶିତ ଏହି ଫିଲ୍ମ ପୁଣି ଥରେ ଚର୍ଚ୍ଚାକୁ ଆସିଛି। ନିକଟରେ କରନ୍ ଏକ ସାକ୍ଷାତକାରରେ 'କୁଛ କୁଛ ହୋତା ହୈ ୨' ବିଷୟରେ କହିବା ସହ ଏଥିରେ କେଉଁ କଳାକାରମାନେ ଅଭିନୟ କରିବେ ସେବିଷୟରେ ମଧ୍ୟ କହିଥିଲେ। କରନ୍ କହିଥିଲେ ଯେ, ଯଦି 'କୁଛ କୁଛ ହୋତା ହୈ'ର ସିକ୍ୱେଲ ସେ ଆଣୁଛନ୍ତି ତେବେ ଏଥିରେ ରଣବୀର ସିଂହ, ଆଲିଆ ଭଟ୍ଟ, ଅନନ୍ୟା ପାଣ୍ଡେଙ୍କୁ ନେବେ। ଆଲିଆ ମଡର୍ଣ୍ଣ ଅଞ୍ଜଳି, ରଣବୀର ରାହୁଲ ଓ ଅନନ୍ୟା ଟିନା ହେବେ। ଟିନା ପାଇଁ ଜାହ୍ନବୀ କପୁର ଓ ସାରା ଅଲ୍ଲୀ ଖାନ୍‌ଙ୍କୁ ମଧ୍ୟ ସେ ବିକଳ୍ପ ଭାବେ ରଖିଥିବା କହିଛନ୍ତି। କରନ୍‌ଙ୍କ ଏହି ବୟାନ ପରେ ସାମାଜିକ ଗଣମାଧ୍ୟମରେ ଏହାକୁ ନେଇ ଚର୍ଚ୍ଚା ଆରମ୍ଭ ହୋଇ ଯାଇଛି। ଏହି ଫିଲ୍ମକୁ ପସନ୍ଦ କରୁଥିବା ଅନେକ ୟୁଜର୍ସ ଏଭଳି ଏକ ଆଇକନିକ୍ ଫିଲ୍ମର ସିକ୍ୱେଲ ଆଣନ୍ତୁ ନାହିଁ ବୋଲି କରନ୍‌ଙ୍କୁ କହିଛନ୍ତି। ଏଯାବତ୍ କରନ୍ ଏହାକୁ ନିର୍ମାଣ କରିବେ କି ନାହିଁ ତାହା ସ୍ପଷ୍ଟ ଭାବେ କିଛି କହିନାହାନ୍ତି।

# ହତ୍ୟାକାରୀକୁ ଧରିବା ପାଇଁ ୨୬ ବର୍ଷ ଦେଲେ ଘରଭଡ଼ା

ପତିପତ୍ନୀଙ୍କ ମଧ୍ୟରୁ କାହାରି ଜଣକର ମୃତ୍ୟୁ ହୋଇଗଲେ ଆର ଜଣକ ବଞ୍ଚିବା ବେଶ୍ କଷ୍ଟଦାୟକ ହୋଇଥାଏ। ଏହି କ୍ରମରେ ଜାପାନରୁ ଏକ ଚକିତ କଲା ଭଳି ଘଟଣା ସାମ୍ନାକୁ ଆସିଛି। ଜଣେ ବ୍ୟକ୍ତି ୨୬ ବର୍ଷ ଧରି ଏକ ଫ୍ଲାଟ୍‌ର ଭଡ଼ା ଦେଇ ଆସୁଥଲେ ଯେଉଁଠାରେ ତାଙ୍କ ପତ୍ନୀଙ୍କୁ ହତ୍ୟା କରାଯାଇଥିଲା। ପତ୍ନୀର ହତ୍ୟାକାରୀଙ୍କୁ ଧରିବା ପାଇଁ କୌଣସି ତଥ୍ୟ ମିଳିଯାଉ ବୋଲି ଆଶା କରି ସେ ଏପରି କରି ଆସୁଥିଲେ। ୧୩ ନଭେମ୍ବର, ୧୯୯୯ ମସିହାରେ ନାମିକୋ ତାକାବାଙ୍କୁ ତାଙ୍କ ଫ୍ଲାଟ୍‌ରେ ଅତି ନିର୍ମମ ଭାବେ ହତ୍ୟା କରାଯାଇଥିଲା। ହତ୍ୟାକାରୀ ତାଙ୍କ ବେକରେ ବାରମ୍ବାର ଛୁରୀ ଭୂଷିଥିଲା। ଏହି ସମୟରେ ତାଙ୍କ ସାନ ପୁଅ ପାଖରେ ଶୋଇଥିଲେ ମଧ୍ୟ ତାର କୌଣସି କ୍ଷତି ହୋଇ ନ ଥିଲା। ଏନେଇ ପୁଲିସ ୫ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କୁ ପଚରାଉଚରା କରିବା ପରେ ବି ହତ୍ୟାକାରୀର ସନ୍ଧାନ ମିଳି ନ ଥିଲା। ତେବେ ସାତୋରୁ ତାକାବା(ନାମିକୋଙ୍କ ସ୍ୱାମୀ) ଅପରାଧ ସ୍ଥଳରେ ଲାଗିଥିବା ରକ୍ତଛିଟାକୁ ସଫା କରିବା ତଥା ସେହି ଫ୍ଲାଟ୍‌ରୁ ତାଙ୍କର ଆସବାବପତ୍ରକୁ ହଟାଇବାକୁ ସିଧାସିଧା ମନା କରିଥିଲେ। ସେ ନିଜ ଝିଅକୁ ଧରି ଅନ୍ୟ ଏକ ସ୍ଥାନରେ ରହିଲେ। ସେ ଦ୍ୱିତୀୟ ବିବାହ କରି ନ ଥିଲେ। ସ୍ତ୍ରୀର ହତ୍ୟାକାରୀକୁ ଧରିବା ପାଇଁ ୨୬ ବର୍ଷ ଧରି ଫ୍ଲାଟ୍‌ର ଭଡ଼ା ବାବଦରେ ୧.୨ କୋଟି ଟଙ୍କା ଦେଇଥିଲେ। ସେ ଲଗାତାର ଗଣମାଧ୍ୟମରେ ସାକ୍ଷାତକାର ଦେଇ ତାଙ୍କ ସ୍ତ୍ରୀଙ୍କ ହତ୍ୟାକାରୀଙ୍କୁ ଧରିବା ପାଇଁ କହୁଥିଲେ। ଶେଷରେ ଏହି ଘଟଣାର ୨୬ ବର୍ଷ ପରେ ଚଳିତ ବର୍ଷ ଅକ୍ଟୋବର ମାସରେ ହତ୍ୟାକାରୀ ଚିହ୍ନଟ ହୋଇଥିଲେ। ହତ୍ୟାକାରୀ ନାଁ ହେଉଛି କୁମିକୋ ୟାସୁଫୁକୁ। ସେ ସାତୋରୁଙ୍କର ସ୍କୁଲ ସାଙ୍ଗ ଥିଲେ। କୁମିକୋ ସାତୋରୁଙ୍କୁ ଏକତରଫା ପ୍ରେମ କରୁଥିଲେ। ସାତୋରୁଙ୍କୁ କିନ୍ତୁ କୁମିକୋଙ୍କ ପ୍ରେମକୁ ପ୍ରତ୍ୟାଖ୍ୟାନ କରିଥିଲେ। ୩୦ ଅକ୍ଟୋବର, ୨୦୨୫ରେ କୁମିକୋ ପୁଲିସ୍ ନିକଟରେ ଆତ୍ମସମର୍ପଣ କରିଥିଲେ। ତେବେ ଅପରାଧ ସ୍ଥଳକୁ ମିଳିଥିବା ରକ୍ତନମୁନା ତାଙ୍କ ସହିତ ମ୍ୟାଚ୍ ହୋଇଥିଲା। ତେବେ ସାତୋରୁ ହତ୍ୟାକାରୀଙ୍କ ସମ୍ପର୍କରେ ଶୁଣିବା ପରେ ସ୍ତବ୍ଧ ହୋଇ ଯାଇଥିଲେ। ସାତୋରୁ କହିଛନ୍ତି ଯେ, 'ସେ ଯେଉଁ ଘର ପାଇଁ ଏତେ ଦିନରୁ ଭଡ଼ା ଦେଇ ଆସୁଥିଲେ କୁମିକୋ ତାରି ଆଖପାଖରେ ଦୀର୍ଘ ବର୍ଷ ଧରି ରହି ଆସୁଥିଲେ।' ଦୀର୍ଘ ୨୬ବର୍ଷ ଧରି ସେ ନ ରହି ମଧ୍ୟ ଯେଉଁ ଫ୍ଲାଟ୍ ପାଇଁ ଭଡ଼ା ଦେଇ ଆସୁଥିଲେ, ଉକ୍ତ ନିଷ୍ପତ୍ତି ଠିକ୍ ଥିଲା ବୋଲି ସାତୋରୁ କହିଛନ୍ତି।



# କର୍ମଚାରୀଙ୍କୁ ସୁନା କି-କ୍ୟାପ୍ ଉପହାର



ଅନେକ କମ୍ପାନି କର୍ମଚାରୀଙ୍କୁ ଉତ୍ସାହିତ କରିବା ପାଇଁ ବୋନ୍‌ସ, ଉପହାର ଆଦି ଦିଅନ୍ତି। ଏହି କ୍ରମରେ ଚୀନ୍‌ର ଏକ କମ୍ପାନି ଉପହାରରେ କର୍ମଚାରୀଙ୍କୁ ସୁନା କି ବୋର୍ଡ କ୍ୟାପ୍ ଦେଇ ସଭିଙ୍କ ଦୃଷ୍ଟି ଆକର୍ଷଣ କରିଛି। ଚୀନ୍ ଶେନ୍‌ଝେନ୍‌ରେ ଥିବା ଇନ୍‌ଷ୍ଟା ୩୬୦ ନାମକ କମ୍ପାନି କର୍ମଚାରୀଙ୍କୁ ଦୀର୍ଘ ଚାରିବର୍ଷ ଧରି ସୁନା କିବୋର୍ଡ କ୍ୟାପ୍ ଦେଇ ଆସୁଛି। କମ୍ପାନି ପକ୍ଷରୁ ଏହାର ନାମ 'ଗୋଲଡେନ୍ ବୋନସ୍' ନାମ ଦିଆଯାଇଛି। ନିକଟରେ ଏହି କମ୍ପାନି ଚୀନ୍ ପ୍ରୋଗାମର ଡେ (୨୪ ଅକ୍ଟୋବରରେ) ଅବସରରେ ୨୧ ଜଣ କର୍ମଚାରୀଙ୍କୁ ସୁନାର କି କ୍ୟାପ୍ ଉପହାରରେ ଦେଇଥିଲା। ଏହି କି କ୍ୟାପ୍‌ଗୁଡ଼ିକ ମଧ୍ୟରେ ସ୍ପେଶ୍ ବାର୍ ମଧ୍ୟ ଥିଲା। ଏହାର ମୂଲ୍ୟ ପାଖାପାଖି ୪୫ ଲକ୍ଷ ଟଙ୍କା ହେବ। ଏଯାବତ୍ କମ୍ପାନି ପକ୍ଷରୁ କର୍ମଚାରୀଙ୍କୁ ସମୁଦାୟ ୫୫ଟି ସୁନାର କି କ୍ୟାପ୍ ପ୍ରଦାନ କରାଯାଇଛି। ସୁନାର ଏହି କି କ୍ୟାପ୍‌ଗୁଡ଼ିକ କେବଳ ବୋନସ୍ ନୁହେଁ ଏହା କର୍ମଚାରୀଙ୍କ ପରିଶ୍ରମ ଓ ନିଷ୍ଠାର ପ୍ରତୀକ ବୋଲି ଇନ୍‌ଷ୍ଟା ୩୬୦ ପକ୍ଷରୁ କୁହାଯାଇଛି। ସୁନା ଦେଉଥିବାରୁ ଏହି କମ୍ପାନିକୁ ଚୀନ୍‌ରେ 'ଗୋଲଡ୍ ଫ୍ୟାକ୍ଟ୍ରି' ବୋଲି କୁହାଯାଏ। ସେହିପରି ଇନ୍‌ଷ୍ଟା ୩୬୦ ଏହାର ୧୦ ବର୍ଷ ପୂର୍ତ୍ତି ଅବସରରେ କର୍ମଚାରୀ ଓ ଇଣ୍ଟର୍ଣ୍ଣଙ୍କୁ ଉପହାର ସ୍ୱରୂପ ଗୋଲଡ୍ ବ୍ଲାଇଣ୍ଡ ବାକ୍ସ ଦେଇଥିଲା। ଏଥିରେ ୦. ୩୬ ଗ୍ରାମ୍‌ର ଶୁଦ୍ଧ ସୁନାର ଷ୍ଟିକର୍ ଥିଲା। ଏହି କମ୍ପାନି କର୍ମଚାରୀଙ୍କୁ କେବଳ ବୋନ୍‌ସ ନୁହେଁ, ସେମାନଙ୍କ ବ୍ୟକ୍ତିଗତ ଖୁସିକୁ ମଧ୍ୟ ପ୍ରାଧାନ୍ୟ ଦେଇଥାଏ। ବିଶେଷ ଅବସରରେ ସୁନା ଉପହାର ଦେଇଥାଏ। କୌଣସି କର୍ମଚାରୀଙ୍କ ବିବାହ କିମ୍ବା ପିଲା ଜନ୍ମ ହେଲେ କମ୍ପାନି ପକ୍ଷରୁ ଏକ ଗ୍ରାମ୍ ଓଜନର ସୁନା ମୁଦ୍ରା ପ୍ରଦାନ କରାଯାଏ।




# ତୁଳସୀ ଜଟାର ମହତ୍ତ୍ୱ

**ହିନ୍ଦୁ ଧର୍ମରେ ତୁଳସୀକୁ ସବୁଠୁ ପବିତ୍ର ବୃକ୍ଷ ବୋଲି କୁହାଯାଇଛି। ତୁଳସୀ କେବଳ ଭଗବାନ ବିଷ୍ଣୁଙ୍କ ପ୍ରିୟ ନୁହେଁ, ଏହା ଘରର ସକାରାତ୍ମକ ଶକ୍ତି ସଞ୍ଚାର କରିବା ସହିତ ସମୃଦ୍ଧିର ପ୍ରତୀକ ଭାବେ ବିବେଚନା କରାଯାଏ। ଯେମିତି ତୁଳସୀ ପତ୍ରର ମହତ୍ତ୍ୱ ଅଛି, ଠିକ୍‌ସେମିତି ତୁଳସୀ ଫୁଲ ବି ମଙ୍ଗଳକାରୀ। କୁହାଯାଏ ତୁଳସୀ ଗଛରେ ତୁଳସୀ ଫୁଲ ମା' ଲକ୍ଷ୍ମୀଙ୍କ ଆଗମନର ସଙ୍କେତ ଦେଇଥାଏ।**

ଧାର୍ମିକ ଗ୍ରନ୍ଥରେ କୁହାଯାଇଛି, ଭଗବାନ ବିଷ୍ଣୁଙ୍କ ପୂଜା ତୁଳସୀ ବିନା ଅଧୁରା। ତେଣୁ ତୁଳସୀରେ ଫୁଲ ଆସିଲେ ଏହାକୁ ଶ୍ରୀହରିଙ୍କ ଭୋଗ ସହିତ ଅର୍ପଣ କରନ୍ତୁ। ଏଭଳି କରିବା ଦ୍ୱାରା ଭଗବାନ ବିଷ୍ଣୁ ଅତ୍ୟନ୍ତ ପ୍ରସନ୍ନ ହୋଇଥାନ୍ତି ଏବଂ ପୁଣ୍ୟ ପ୍ରାପ୍ତି ହୁଏ। ଏହା ଜୀବନରୁ ନକାରାତ୍ମକତାକୁ ଦୂରେଇ ସୌଭାଗ୍ୟ ଆଣେ। ସେହିପରି ଆର୍ଥିକ ସମସ୍ୟା ଦେଇ ଗତି କରୁଥିଲେ, ଶୁକ୍ରବାର ମା' ଲକ୍ଷ୍ମୀଙ୍କୁ ତୁଳସୀ ଫୁଲ ଅର୍ପଣ କରିବା ଉଚିତ। ଏଭଳି କରିବା ଦ୍ୱାରା ଦେବୀ ଲକ୍ଷ୍ମୀ ଶୀଘ୍ର ପ୍ରସନ୍ନ ହୋଇଥାନ୍ତି। ଏହି ଉପାୟ ଅର୍ଥ ସମସ୍ୟା ଦୂର କରେ।

ସେହିପରି ଘରେ ଲଗାତାର କଳି, ଝଗଡ଼ା, ଚିନ୍ତା ଓ ନକାରାତ୍ମକ ପରିବେଶ ବଜାୟ ରହିଲେ, ତୁଳସୀ ଫୁଲକୁ ବ୍ୟବହାର କରିବା ଭଲ। ଏକ ପାତ୍ରରେ ଗଙ୍ଗାଜଳ ନେଇ ତାହାକୁ ତୁଳସୀ ଫୁଲରେ ଘରେ ସିଞ୍ଚନ କରିବା ଦ୍ୱାରା ଘର ପରିବେଶ ଶୁଦ୍ଧ ଓ ଶାନ୍ତିପୂର୍ଣ୍ଣ ହୋଇଥାଏ। ଉଭୟ ତୁଳସୀ ଓ ଗଙ୍ଗାଜଳ ପବିତ୍ରତାର ପ୍ରତୀକ ହୋଇଥିବାରୁ ଏହାର ମିଶ୍ରଣ ଶୁଭଫଳ ପ୍ରଦାନ କରେ।



# ପୂଜା ଫୁଲ ଧୋଇ ଚଢ଼ାଉ ଥିଲେ

ଫୁଲ ବିନା ଦେବୀ ଦେବତା ଏବଂ ଧାର୍ମିକ ଅନୁଷ୍ଠାନ ଅଧୁରା ବୋଲି କୁହାଯାଏ। ଶାସ୍ତ୍ରରେ ପୂଜା ଫୁଲର ଅନେକ ନିୟମ ରହିଛି। ସେହିପରି ଭଗବାନଙ୍କ ପାଖେ ଲାଗି ହେଉଥିବା ଫୁଲର ମହତ୍ତ୍ୱ ବେଶି। ତେବେ ଏହି ଫୁଲକୁ ଭଗବାନଙ୍କୁ ଲାଗି କରିବା ପୂର୍ବରୁ ଏହାକୁ ଅନେକ ଧୋଇ ଚଢ଼ାଇ ଥାନ୍ତି। ହେଲେ ଏଭଳି କରିବା ଠିକ୍ କି ଭୁଲ୍ ସେ ସମ୍ପର୍କରେ ଅନେକ ଜାଣନ୍ତି ନାହିଁ।

ଧ୍ୟାନ ଦେବା ଦରକାର ଯେ, ଭଗବାନଙ୍କୁ କୌଣସି ଜିନିଷ ଲାଗି କରିବା ବେଳେ ତାହା ତାଜା ଥିବା ଦରକାର। ତେଣୁ ଭଗବାନଙ୍କୁ ଚଢ଼ାଯାଉଥିବା ଫୁଲ ବାସି ହେବା ଅନୁଚିତ। ଫୁଲରେ ଜଳ ସ୍ପର୍ଶ ହେବା ଯୋଗୁଁ ତାହା ଜଳ ଦେବତାଙ୍କୁ ଅର୍ପିତ ବୋଲି ବିବେଚନା କରାଯାଏ। ତେଣୁ ଫୁଲକୁ ଧୋଇ ଠାକୁରଙ୍କୁ ଲାଗି କରିବା ଠିକ୍ ନୁହେଁ। ଫୁଲକୁ ଧୋଇ ଚଢ଼ାଇବା ଦ୍ୱାରା ଏହାର ପବିତ୍ରତା ନଷ୍ଟ ହୁଏ। ତା'ସହ ଭଗବାନଙ୍କ ପାଖେ ଅର୍ପଣ ହେଉଥିବା ଫୁଲକୁ ଧୋଇବା ଠିକ୍ ନୁହେଁ। ନିୟମ ଅନୁସାରେ, ସ୍ନାନ ପରେ ଫୁଲ ତୋଳିବା ଉଚିତ। ସେହିପରି ବଜାରରୁ ଆଣୁଥିବା ଫୁଲକୁ ମଧ୍ୟ ନ ଧୋଇ ପୂଜା ଥାଳିରେ ସିଧା ରଖିବା ଉଚିତ। ହିନ୍ଦୁ ମାନ୍ୟତାନୁସାରେ, ଭଗବାନଙ୍କୁ ବାସି, ପୋକ ଲଗା ଭୁଲ, ଛିଣ୍ଡା ଫୁଲ, ତଳେ ପଡ଼ିଥିବା ଫୁଲ ଲାଗି କରିବା ଅନୁଚିତ। ସେହିପରି ଠାକୁରଙ୍କ ପାଖରେ ଲାଗି ହୋଇଥିବା ଫୁଲକୁ ଅନ୍ୟ ଠାକୁରଙ୍କୁ ଲାଗି କରିବା ଅନୁଚିତ।






# ସୂର୍ଯ୍ୟଦେବଙ୍କୁ ଅର୍ଘ୍ୟ ଅର୍ପଣର ନିୟମ

**ସୂର୍ଯ୍ୟଦେବଙ୍କୁ ପ୍ରସନ୍ନ କରିବା ପାଇଁ ସୂର୍ଯ୍ୟୋଦୟ ପୂର୍ବରୁ ଜଳ ଅର୍ଘ୍ୟ ଅର୍ପଣ କରିବା ଉଚିତ। ଏହି ଅର୍ଘ୍ୟ ଅର୍ପଣର ନିୟମ ବି ଅଛି।**

- ପ୍ରଥମେ ସ୍ନାନ ସାରି ପରିଷ୍କାର ବସ୍ତ୍ର ପରିଧାନ କରନ୍ତୁ।
- ସୂର୍ଯ୍ୟୋଦୟ ସମୟରେ ସୂର୍ଯ୍ୟଙ୍କୁ ଅର୍ଘ୍ୟ ଅର୍ପଣ କରନ୍ତୁ।
- ତା'ସହ ଅର୍ଘ୍ୟ ଅର୍ପଣର ସମୟ ନିର୍ଦ୍ଧାରିତ କରି ସେହି ସମୟରେ ସବୁଦିନ ଅର୍ଘ୍ୟ ଦେବା ଉଚିତ।
- ତମ୍ବା ଢ଼ାଳରେ ଅର୍ଘ୍ୟ ଅର୍ପଣ କରିବା ଉଚିତ।
- ଅର୍ଘ୍ୟ ଜଳରେ ନାଲି ଫୁଲ, ଚନ୍ଦନ ଓ ଅକ୍ଷତ ପକାନ୍ତୁ। ସେହି ଜଳକୁ ଅର୍ଘ୍ୟ ଭାବେ ଅର୍ପଣ କରନ୍ତୁ।
- ଅର୍ଘ୍ୟ ଦେବାବେଳେ ଜଳଧାରରେ ସୂର୍ଯ୍ୟଙ୍କ ଦର୍ଶନ କରିବା ଶୁଭ।
- ଏହି ଅର୍ଘ୍ୟ ସମୟରେ ସୂର୍ଯ୍ୟଙ୍କ କିରଣ ଦେଖିବା ଉତ୍ତମ।
- ସୂର୍ଯ୍ୟଙ୍କୁ ଅର୍ଘ୍ୟ ଅର୍ପଣ କରିବା ବେଳେ ସୂର୍ଯ୍ୟ ମନ୍ତ୍ର ଜପ କରିବା ଉଚିତ।
- ଅର୍ଘ୍ୟ ଅର୍ପଣ ସମୟରେ ନିଜ ମୁଖକୁ ପୂର୍ବ ଦିଗରେ ରଖନ୍ତୁ।



# ମା' ଲକ୍ଷ୍ମୀଙ୍କ ପ୍ରିୟ ଭୋଗ

**ମା'ଲକ୍ଷ୍ମୀଙ୍କ ପୂଜାରେ ଭୋଗର ବିଶେଷ ମହତ୍ତ୍ୱ ରହିଛି। କୁହାଯାଏ ଠିକ୍ ଓ ପବିତ୍ର ଭୋଗ ସାମଗ୍ରୀ ଦ୍ୱାରା ମା' ଲକ୍ଷ୍ମୀଙ୍କ ଆରାଧନା କରିବା ଦ୍ୱାରା ତାଙ୍କ କୃପା ପ୍ରାପ୍ତି ହୁଏ। ତେଣୁ ମା'ଲକ୍ଷ୍ମୀଙ୍କୁ ପ୍ରସନ୍ନ କରିବା ପାଇଁ ଭୋଗ ଉପରେ ବିଶେଷ ଗୁରୁତ୍ୱ ଦେବା ଉଚିତ।**



- କ୍ଷୀର, ଚାଉଳ ଏବଂ ଗୁଡ଼ରେ ପ୍ରସ୍ତୁତ କ୍ଷୀରି ଭୋଗ ମା' ଲକ୍ଷ୍ମୀଙ୍କୁ ଅର୍ପଣ କରିବା ଶୁଭ। କ୍ଷୀରି ଭୋଗ ଲାଗି କରିବା ଦ୍ୱାରା ଘରେ ଧନ, ସୁଖ ଓ ସମୃଦ୍ଧି ବଜାୟ ରହେ।
- ଲଡୁକୁ ସୌଭାଗ୍ୟର ପ୍ରତୀକ ବୋଲି କୁହାଯାଏ। ବେସନ କିମ୍ବା ବୁନ୍ଦିରେ ତିଆରି ଲଡୁ ମା' ଲକ୍ଷ୍ମୀଙ୍କୁ ଲାଗି କରିବା ଦ୍ୱାରା ପାରିବାରିକ ସମୃଦ୍ଧି ଓ ପ୍ରେମ ଭାବ ବୃଦ୍ଧି ପାଏ।
- ସୁଜି, ଦେଶୀ ଘିଅ ଓ ଗୁଡ଼ରେ ପ୍ରସ୍ତୁତ ହାଲୁଆ ମା' ଲକ୍ଷ୍ମୀଙ୍କ ଅତ୍ୟନ୍ତ ପ୍ରିୟ। ଏହାକୁ ଭୋଗ ଭାବେ ଅର୍ପଣ କଲେ ଘରେ ସକାରାତ୍ମକ ଶକ୍ତି ସଞ୍ଚାର ହୁଏ।
- କଦଳୀ, ସେଓ, ଡାଳିମ୍ବ ଭଳି ଅନ୍ୟ ଫଳ ଲକ୍ଷ୍ମୀ ମା'ଙ୍କୁ ଅର୍ପଣ କଲେ ଜୀବନରେ ସ୍ଥିରତା ଆସେ। ମା' ଲକ୍ଷ୍ମୀ ପ୍ରସନ୍ନ ହୁଅନ୍ତି।
- ନଡ଼ିଆ ବା ଶ୍ରୀଫଳକୁ ପୂର୍ଣ୍ଣତାର ପ୍ରତୀକ ବୋଲି ବିବେଚନା କରାଯାଏ। ଏହାକୁ ଅର୍ପଣ କଲେ ଆଧ୍ୟାତ୍ମିକ ଉନ୍ନତି ହୋଇଥାଏ। ମା' ଲକ୍ଷ୍ମୀଙ୍କୁ ଏହା ପ୍ରଦାନ କଲେ ଭୌତିକ ସୁଖ, ସାଧନର ବିକାଶ ଘଟେ।



# କ୍ରୀଡ଼ା





ଇଡେନ୍ ସ୍ପିନ୍ ପିଚ୍ ହେଲା ବୁମେରାଂ | ହାର୍ମର ଶ୍ରେଷ୍ଠ ଖେଳାଳି | ୨୨ରୁ ଦ୍ୱିତୀୟ ଟେଷ୍ଟ

# ଅଢ଼େଇ ଦିନରେ ହାରିଲା ଭାରତ

କୋଲକାତା,୧୬।୧୧(ଏଜେନ୍ସି)

ଅଢ଼େଇ ଦିନରେ ଇଡେନ୍ ଟେଷ୍ଟ ଲଢ଼େଇ ଶେଷ। ଅଧିନାୟକ ଶୁବମନ ଗିଲ୍‌ଙ୍କ ଅନୁପସ୍ଥିତିରେ ଇଡେନ୍‌ର ସ୍ପିନ୍ ପିଚ୍‌ରେ ଦକ୍ଷିଣ ଆଫ୍ରିକା ବୋଲରଙ୍କୁ ଉଚିତ ମୁକାବିଲା କରିପାରିଲାନି ଭାରତ। ଯାହା ଫଳରେ ଏଠାରେ ରବିବାରର ଶେଷ ହୋଇଥିବା ପ୍ରଥମ ଟେଷ୍ଟର ତୃତୀୟ ଦିନ ଟି' ପୂର୍ବରୁ ଭାରତ ୩୦ ରନ୍‌ରେ ଦକ୍ଷିଣ ଆଫ୍ରିକା ନିକଟରୁ ପରାଜିତ ହୋଇଛି। ଭ୍ରମଣକାରୀ ଦଳ ପ୍ରଦତ୍ତ ୧୨୪ ରନ୍‌ର ଟାର୍ଗେଟ୍‌କୁ ହାସଲ କରିବାରେ ସମର୍ଥ ହେଲାନି ଭାରତ। ଦଳ ୩୫ ଓଭରରେ ୯ ୱିକେଟ ହରାଇ ୯୩ ରନ୍ କରିଅଲଆଉଟ ହୋଇଥିଲା। ଆହତ ଯୋଗୁଁ ପ୍ରଥମ ଇନିଂସରେ ୩ଟି ବଲ୍‌ରୁ ୪ ରନ୍ କରିଥିବା ଗିଲ୍ ଦ୍ୱିତୀୟ ଇନିଂସରେ ବ୍ୟାଟିଂ କରିବାକୁ ଆସି ନ ଥିଲେ। ଦକ୍ଷିଣ ଆଫ୍ରିକାର ଏହି ଐତିହାସିକ ବିଜୟରେ ମୁଖ୍ୟ ଭୂମିକା ଗ୍ରହଣ କରିଥିବା ୩୭ ବର୍ଷୀୟ ଅଫ୍‌ସ୍ପିନର ସାଇମନ ହାର୍ମର ଉଭୟ ଇନିଂସରେ ୪ଟି ଲେଖାଏଁ ୱିକେଟ ନେଇ ମ୍ୟାଚ୍‌ର ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟରେ ସିରିଜ୍‌ରେ ୧-୦ରେ ଆଗୁଆ ରହିଥିବା ଦକ୍ଷିଣ ଆଫ୍ରିକା ଆସାମର ଗୁଆହାଟୀରେ ଭାରତ ସହ ଦ୍ୱିତୀୟ ଟେଷ୍ଟ ନଭେମ୍ବର ୨୨ରୁ ଖେଳିବ। ଭାରତରେ ଦୀର୍ଘ ୧୫ ବର୍ଷ ପରେ ଦକ୍ଷିଣ ଆଫ୍ରିକା ଟେଷ୍ଟ ଜିତିବାରେ ସମର୍ଥ ହୋଇଛି। ତାହା ପୁଣି ସ୍ପିନ୍ ବୋଲରଙ୍କ ସଫଳତା ବଳରେ। ଭାରତ ଉଭୟ ଇନିଂସରେ ହରାଇଥିବା ୧୮ଟି ୱିକେଟ ମଧ୍ୟରୁ ଦକ୍ଷିଣ ଆଫ୍ରିକୀୟ ସ୍ପିନରମାନେ ୧୨ଟି ୱିକେଟ ନେଇଥିଲେ।



## ୨୦୬ ଓଭର, ୫୧୭ ରନ୍, ୩୮ ୱିକେଟ୍

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଅନୁଷ୍ଠିତ ପ୍ରଥମ ଟେଷ୍ଟ ଅଢ଼େଇଦିନରେ ଶେଷ ହୋଇଛି। ଆଲୋକ ଅଭାବରୁ ଖେଳ ବ୍ୟାହତ ହୋଇ ନ ଥିଲେ ଆହୁରି ଆଗରୁ ଶେଷ ହୋଇଥାନ୍ତା। ଏହି ମ୍ୟାଚ୍‌ର ପ୍ରଥମ ଇନିଂସରେ ଦକ୍ଷିଣ ଆଫ୍ରିକା ୫୫ ଓଭରରେ ୧୫୯ ରନ୍ କରିଥିଲା। ଜବାବରେ ଗିଲ୍ ୪ ରନ୍‌ରେ ମ୍ୟାଚ୍ ଛାଡ଼ିବା ପରେ ଭାରତ ୬୨.୨ ଓଭରରେ ୧୮୯ ରନ୍ କରିଥିଲା। ୩୦ ରନ୍‌ରେ ପଛୁଆ ଥିବା ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଇନିଂସରେ ୫୪ଓଭରରେ ୧୫୩ ରନ୍ କରିଥିଲା। ଏହା ଫଳରେ ଭାରତକୁ ଏହି ମ୍ୟାଚ୍ ଜିତିବାକୁ ୧୨୪ ରନ୍‌ର ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲା। ଏହି ଲକ୍ଷ୍ୟକୁ ପିଛା କରି ଭାରତ ଦ୍ୱିତୀୟ ଇନିଂସରେ ମାତ୍ର ୩୫ ଓଭର ଖେଳି ୯୩ ରନ୍‌ରେ ଆଉଟ ହୋଇଥିଲା। ଆହତ ଯୋଗୁ ଗିଲ୍ ବ୍ୟାଟିଂ କରିବାକୁ ଆସି ନ ଥିଲେ। ଏହା ଫଳରେ ଏହି ମ୍ୟାଚ୍‌ରେ ମୋଟ ୨୦୬.୨ ଓଭର ଖେଳ ସମ୍ଭବ ହୋଇଥିଲା। ଏଥିରେ ଉଭୟ ଦଳ ମିଳିତଭାବେ ୫୧୭ ରନ୍ କରିଥିଲାବେଳେ ୩୮ଟି ୱିକେଟର ପତନ ଘଟିଥିଲା। ଆହତ ଥିବାରୁ ଗିଲ ଉଭୟ ଇନିଂସରେ ବ୍ୟାଟିଂ କରି ପାରି ନ ଥିଲେ।

ଏହି ମ୍ୟାଚ୍‌ର ଆଜି ସକାଳେ ଦକ୍ଷିଣ ଆଫ୍ରିକା ତାହାର ଦ୍ୱିତୀୟ ଇନିଂସ ୭ ୱିକେଟରେ ୯୩ ରନ୍‌ରୁ ଖେଳ ଆରମ୍ଭ କରି ୧୫୩ ରନ୍‌ରେ ଆଉଟ ହୋଇଥିଲା। ୨୯ ରନ୍‌ରେ ଅପରାଜିତ ଥିବା ଅଧିନାୟକ ତେମ୍ବା ୧୩୬ ବଲ୍‌ରୁ ଏହି ମ୍ୟାଚ୍‌ରେ ସର୍ବାଧିକ ୫୫ ରନ୍ କରି ଶେଷଯାଏ ଆଉଟ ହୋଇ ନ ଥିଲେ। କିନ୍ତୁ ନଂ-୯ରେ ବ୍ୟାଟିଂ କରିଥିବା କର୍ବିନ ବୋଶ୍‌ଙ୍କ ୨୫ ରନ୍ ଗୁରୁତ୍ୱପୂର୍ଣ୍ଣ ଥିଲା। ଭାରତ ପକ୍ଷରୁ ରବୀନ୍ଦ୍ର ଜାଡେଜା ୪ଟି, କୁଲଦୀପ ଯାଦବ ଓ ମହମ୍ମଦ୍ ସିରାଜ ୨ଟି ଲେଖାଏଁ ୱିକେଟ ନେଇଥିଲେ।

ଏହା ଫଳରେ ଏହି ମ୍ୟାଚ୍ ଜିତିବାକୁ ଭାରତ ପାଇଥିବା ୧୨୪ ରନ୍‌ର ଟାର୍ଗେଟ୍‌କୁ ପିଛା କରି ଦ୍ୱିତୀୟ ଇନିଂସରେ ୯୩ ରନ୍ କରିଥିଲା। ନଂ-୩ରେ ବ୍ୟାଟିଂ କରିଥିବା ୱାଶିଂଟନ ସୁନ୍ଦର ୯୨ ବଲ୍ ଖେଳି ସର୍ବାଧିକ ୩୧, ଅକ୍ଷର ପଟେଲ ୨୬, ଜାଡେଜା ୧୮ ଓ ଧ୍ରୁବ ଜୁରେଲ ୧୩ ରନ୍ କରିଥିଲେ। ଦକ୍ଷିଣ ଆଫ୍ରିକା ପକ୍ଷରୁ ସାଇମନ ହାର୍ମର ୨୧ ରନ୍‌ରେ ୪ଟି, ମାର୍କୋ ୟାନ୍‌ସେନ୍ ଓ କେଶବ ମହାରାଜ ୨ଟି ଲେଖାଏଁ ୱିକେଟ ଅକ୍ତିଆର କରିଥିଲେ।

**ସଂକ୍ଷିପ୍ତ ସ୍କୋର**

**ଦକ୍ଷିଣ ଆଫ୍ରିକା**: ୧୫୯ (ମାରକ୍ରମ-୩୧, ବୁମ୍‌ରା-୫/୨୭) ଓ ୧୫୩ (ବଭୁମା-୫୫*, ଜାଡେଜା-୪/୫୦)।
**ଭାରତ**: ୧୮୯ (ରାହୁଲ-୩୯, ସୁନ୍ଦର-୨୯, ହାର୍ମର-୪/୩୦, ୟାନ୍‌ସେନ୍-୩/୩୫) ଓ ୯୩ (ସୁନ୍ଦର-୩୧, ଅକ୍ଷର-୨୬, ଜାଡେଜା-୧୮, ହାର୍ମର-୪/୨୧)।

# ୧୫ ବର୍ଷ ପରେ ଟେଷ୍ଟ ଜିତିଲା ଦ. ଆଫ୍ରିକା



କୋଲକାତା,୧୬।୧୧(ଏଜେନ୍ସି): ଭାରତକୁ ୩୦ ରନ୍‌ରେ ହରାଇ ଦକ୍ଷିଣ ଆଫ୍ରିକା ଭାରତ ମାଟିରେ ଦୀର୍ଘ ୧୫ ବର୍ଷ ପରେ ପ୍ରଥମ ଟେଷ୍ଟ ବିଜୟ ହାସଲ କରିଛି। ୨୦୧୦ରେ ଶେଷଥର ଭାରତ ମାଟିରେ ଦକ୍ଷିଣ ଆଫ୍ରିକା ଟେଷ୍ଟ ଜିତିବା ପରେ ଏଠାରେ ଉଭୟଙ୍କ ମଧ୍ୟରେ ଖେଳାଯାଇଥିବା ମୁକାବିଲାରେ ୬ଷ୍ଠ ବିଜୟ ହାସଲ କରିଛି। ୩୬ ବର୍ଷ ୨୭୯ ଦିନରେ ସ୍ପିନର ସାଇମନ୍ ହାର୍ମର ତୃତୀୟ ବରିଷ୍ଠ ଖେଳାଳି ଭାବେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି। ଏହା ପୂର୍ବରୁ କ୍ଲାଇବ୍ ଲୟଡ ୧୯୮୩-୮୪ରେ ଓ କିଥ୍ ଫ୍ଲେଚର ୧୯୮୧-୮୨ ଟେଷ୍ଟ ସିରିଜ୍‌ରେ ଭାରତ ବିପକ୍ଷରେ ହାର୍ମରଙ୍କଠାରୁ ଅଧିକ ବୟସରେ ଶ୍ରେଷ୍ଠ ଖେଳାଳି ବିବେଚିତ ହୋଇଛନ୍ତି।

## ● ଇଡେନ୍ ପିଚ୍‌କୁ ଗମ୍ଭୀରଙ୍କ ସମର୍ଥନ



ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ କୋଲକାତାର ଇଡେନ ଗାର୍ଡେନରେ ଖେଳାଯାଇଥିବା ପ୍ରଥମ ଟେଷ୍ଟର ପିଚ୍‌କୁ ସମର୍ଥନ ଜଣାଇଛନ୍ତି ଭାରତୀୟ କୋଚ୍ ଗୌତମ ଗମ୍ଭୀର। ଏହି ମ୍ୟାଚ୍ ଅଢ଼େଇ ଦିନରେ ଶେଷ ହୋଇଥିଲା ଓ ମୋଟ ୨୦୬.୨ ଓଭର ଖେଳରେ ଉଭୟ ଦଳ ଦୁଇଥର ଲେଖାଏଁ ଅଲଆଉଟ ହୋଇଥିଲେ। ଏହା ସତ୍ତ୍ୱେ ଗମ୍ଭୀର ଇଡେନ୍ ପିଚ୍‌କୁ ଖରାପ ବୋଲି କହି ନ ଥିଲେ। ବରଂ ଆମେ ଏଭଳି ପିଚ୍‌ରେ ୧୨୪ ରନ୍ କରିବା ସମ୍ଭବ ଥିଲା। ପିଚ୍ ନିର୍ମାତା ସୁଜନ ମୁଖାର୍ଜୀ ଖୁବ୍ ସହଯୋଗ କରିଥିଲେ। ଆମେ ଯେଉଁ ପିଚ୍ ଚାହିଁଥିଲୁ ତାହା ମିଳିଥିଲା। କିନ୍ତୁ ଯେଉଁ ଦଳ ଭଲ ଖେଳିଲା, ସେହି ଦଳ ବିଜୟୀ ହେଲା ବୋଲି ଗମ୍ଭୀର କହିଛନ୍ତି।

## ● ଅପରାଜେୟ ଟେଷ୍ଟ ଅଧିନାୟକ ତେମ୍ବା

ଦକ୍ଷିଣ ଆଫ୍ରିକା ଟେଷ୍ଟ ଦଳର ନେତୃତ୍ୱ ନେବା ପରଠାରୁ ଅଧିନାୟକ ତେମ୍ବା ବଭୁମା ଗୋଟିଏ ହେଲେ ମ୍ୟାଚ୍‌ରେ ହାରି ନାହାନ୍ତି। ତାଙ୍କ ନେତୃତ୍ୱରେ ଦକ୍ଷିଣ ଆଫ୍ରିକା ଦଳ ୧୧ଟି ଟେଷ୍ଟ ଖେଳି ୧୦ଟିରେ ବିଜୟୀ ହୋଇଛି। ଏହି ୧୦ଟି ମଧ୍ୟରେ ଇଂଲଣ୍ଡର ଲର୍ଡ୍ସର ଅନୁଷ୍ଠିତ ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ଫାଇନାଲରେ ଅଷ୍ଟ୍ରେଲିଆ ବିପକ୍ଷରେ ବିଜୟ ସର୍ବଶ୍ରେଷ୍ଠ ବୋଲି ସେ କହନ୍ତି। ସେହିପରି ଭାରତୀୟ ମାଟିରେ ମଧ୍ୟ ଦଳକୁ ସେ ୧୫ ବର୍ଷ ପରେ ଟେଷ୍ଟ ବିଜୟର ସ୍ୱାଦ ଚଖାଇଛନ୍ତି।

## ● ବିଶ୍ୱ ଚାମ୍ପିଅନ ହେଲା ଭଳି ଲାଗିଲା



କୋଲକାତାରେ ଭାରତ ବିପକ୍ଷ ବିଜୟକୁ ବିଶ୍ୱ ଟେଷ୍ଟ ଚାମ୍ପିଅନସିପ୍ ବିଜୟ ସହ ତୁଳନା କରିଛନ୍ତି ଦକ୍ଷିଣ ଆଫ୍ରିକାର କୋଚ୍ ଶୁକରି କନରାଡ। ତାଙ୍କ ମତରେ ଏହି ବିଜୟ ମୋତେ ଟେଷ୍ଟ ଚାମ୍ପିଅନସିପ୍ ଫାଇନାଲ ବିଜୟ ଭଳି ଲାଗୁଛି। ୧୫ ବର୍ଷ ପରେ ଭାରତରେ ଟେଷ୍ଟ ଜିତିଥିବାରୁ ଏହା ବୋନସ ମିଳିଲା ଭଳି ଲାଗୁଛି। ଏତିକିରେ ଆମର କାମ ଶେଷ ହୋଇନାହିଁ। ସିରିଜ୍ ବିଜୟୀ ହେବା ପରେ ଆମେ ଭାରତର ଦୁର୍ଗ ଦଖଲ କରିବୁ ବୋଲି ସେ କହିଛନ୍ତି।

## ● ଚତୁର୍ଥ ଇନିଂସରେ ଭାରତର ତୃତୀୟ ସର୍ବନିମ୍ନ ସ୍କୋର

ଏଠାରେ ଭାରତ ଆଗରେ ୧୨୪ ରନ୍‌ର ଟାର୍ଗେଟ ରହିଥିଲା। ଜବାବରେ ଭାରତ ୯୩ ରନ୍ କରିଥିଲା। ଟେଷ୍ଟ ଇତିହାସର ଚତୁର୍ଥ ଇନିଂସରେ ଏହା ଭାରତର ତୃତୀୟ ସର୍ବନିମ୍ନ ସ୍କୋର। ପୂର୍ବରୁ ଦଳ ୧୯୯୭ରେ ୱେଷ୍ଟଇଣ୍ଡିଜ୍ ବିପକ୍ଷରେ ୮୧, ୧୯୭୭ ଇଂଲଣ୍ଡ ବିପକ୍ଷରେ ୮୩ ରନ୍ କରିଥିଲା। ଏଠାରେ ୯୩ ରନ୍‌ରେ ଆଉଟ ହେବା ଭାରତର ତୃତୀୟ ସର୍ବନିମ୍ନ ଟେଷ୍ଟ ସ୍କୋର। ୯ମ ଥର ଲାଗି ଭାରତ ଟେଷ୍ଟର ପ୍ରଥମ ଇନିଂସରେ ଅଗ୍ରଣୀ ନେବା ପରେ ପରାଜିତ ହୋଇଛି।

# ସିରିଜ୍ ଜିତାଇଲେ ଗାଏକ୍‌ୱାଡ

ରାଜକୋଟ, ୧୬।୧୧ (ଏଜେନ୍ସି): ଭ୍ରମଣକାରୀ ଦକ୍ଷିଣ ଆଫ୍ରିକା-ଏ ବିପକ୍ଷରେ ଏଠାରେ ରବିବାର ଖେଳାଯାଇଥିବା ଦ୍ୱିତୀୟ ଅନ୍‌ଅଫିସିଆଲ୍ ଦିନିକିଆ ମ୍ୟାଚକୁ ଭାରତ-ଏ ୯ ୱିକେଟ୍‌ରେ ବିଜୟୀ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଦକ୍ଷିଣ ଆଫ୍ରିକା-ଏ ଘରୋଇ ବୋଲର ନିଶାନ୍ତ ସିନ୍ଧୁ ଓ ହର୍ଷିତ ରାଣାଙ୍କ ବୋଲିଂକୁ ସାମ୍ନା କରି ନ ପାରି ୩୦.୩ ଓଭରରେ ୧୩୨ ରନ କରି ଅଲ୍‌ଆଉଟ୍ ହୋଇଯାଇଥିଲା। ଓପନର୍ ରିଭାଲ୍ଡୋ ମୁନସାମୀ ସର୍ବାଧିକ ୩୩ ରନ କରିଥିଲେ। ଭାରତ-ଏ ପକ୍ଷରୁ ନିଶାନ୍ତ ସିନ୍ଧୁ (୭-୧-୧୬-୪) ଓ ହର୍ଷିତ ରାଣା (୫-୧-୨୧-୩) ମିଳିତ ଭାବେ ୭ଟି ୱିକେଟ୍ ନେଇଥିଲେ। ଜବାବରେ ଓପନର୍ ଋତୁରାଜ ଗାଏକୱାଡଙ୍କ ଅପରାଜିତ ୬୮ ରନ ବଳରେ ଭାରତ-ଏ ୨୭.୫ ଓଭରରେ ଗୋଟିଏ ୱିକେଟ୍ ହରାଇ ବିଜୟୀ ହୋଇଥିଲା। ଅଭିଷେକ ଶର୍ମା ୩୨ ରନ କରି ଆଉଟ୍ ହୋଇଥିଲେ। ପ୍ରଥମ ଦିନିକିଆକୁ ୪ ୱିକେଟ୍‌ରେ ଜିତିଥିବା ଭାରତ-ଏ ଏଥିସହ ୨-୦ରେ ଆଗୁଆ ସିରିଜ କବ୍‌ଜା କରିନେଇଛି। ଅନ୍ତିମ ତଥା ୩ୟ ମ୍ୟାଚ୍ ନଭେମ୍ବର ୧୯ରେ ଏଠାରେ ଅନୁଷ୍ଠିତ ହେବ।

**ରଣଜୀ ଟ୍ରଫି**


# ଓଡ଼ିଶାର ସମ୍ମାନ ରଖିଲେ ବିପ୍ଲବ-ଅନିଲ

ଭୁବନେଶ୍ୱର, ୧୬।୧୧ (ସମିସ):

ଘରୋଇ ଓଡ଼ିଶା ଓ ନାଗାଲାଣ୍ଡ ମଧ୍ୟରେ ରବିବାରଠାରୁ ସ୍ଥାନୀୟ କିଟ୍ କ୍ରିକେଟ୍ ଷ୍ଟାଡିୟମରେ ରଣଜୀ ଟ୍ରଫି ୫ମ ରାଉଣ୍ଡ ମ୍ୟାଚ୍ ଆରମ୍ଭ ହୋଇଛି। ଏହି ମ୍ୟାଚରେ ଟସ୍ ଜିତି ବ୍ୟାଟିଂ କରିଥିବା ଓଡ଼ିଶା ପ୍ରଥମ ଦିବସ ଖେଳ ଶେଷ ସୁଦ୍ଧା ୮୯ ଓଭରରେ ୭ ୱିକେଟ୍ ହରାଇ ୨୪୩ ରନ ସଂଗ୍ରହ କରିଛି। ଖେଳ ଶେଷବେଳକୁ ଅନିଲ ପରିଡ଼ା ୯୮ ଓ ରାଜେଶ ମହାନ୍ତି ୨ ରନ କରି ଖେଳୁଛନ୍ତି।

### ୩୪/୪: ଓଡ଼ିଶାର ପ୍ରାରମ୍ଭିକ ବିପର୍ଯ୍ୟୟ

ପାଞ୍ଚ ବର୍ଷର ବ୍ୟବଧାନ ପରେ କିଟ୍ ଗ୍ରାଉଣ୍ଡରେ ଖେଳାଯାଇଥିବା ଏହି ରଣଜୀ ଲଢ଼େଇରେ ଟସ୍ ଜିତି ଘରୋଇ ଓଡ଼ିଶା ବ୍ୟାଟିଂ ନିଷ୍ପତ୍ତି ନେଇଥିଲେ। ଧୀମା ବ୍ୟାଟିଂ ଆରମ୍ଭ କରିଥିବା ଓଡ଼ିଶା ୨୦ ଓଭରବେଳକୁ ମାତ୍ର





୩୪ ରନ ମଧ୍ୟରେ ଗୌରବ ଚୌଧୁରୀ (୧୦ ରନ) ଓ ସ୍ୱସ୍ତିକ ସାମଲ (୯)ଙ୍କ ସହ ଅଧିନାୟକ ଶୁଭ୍ରାଂଶୁ ସେନାପତି (୧୩) ଓ ଗୋବିନ୍ଦ (୦)ଙ୍କ ୱିକେଟ୍ ହରାଇଥିଲା। ଏହି ସମୟରେ ମଧ୍ୟକ୍ରମରେ ଅଭିଜ୍ଞ ବିପ୍ଲବଙ୍କ ସହ ଯୁବ ବ୍ୟାଟର୍ ଅନିଲ ବ୍ୟାଟିଂର ମଙ୍ଗ ସମ୍ଭାଳିଥିଲେ। ଗତ ସିଜନ ଭଳି ଚଳିତ ବର୍ଷ ମଧ୍ୟ ପ୍ରାରମ୍ଭରୁ ଅଣଦେଖାର ଶିକାର ହୋଇଥିବା ବିପ୍ଲବ ପ୍ରତ୍ୟାବର୍ତ୍ତନ ସୁଯୋଗର ଭରପୁର ଫାଇଦା ଉଠାଇଥିଲେ। ଅନିଲଙ୍କ ସହ ମିଶି ବିପ୍ଲବ ନାଗାଲାଣ୍ଡ ବୋଲରଙ୍କୁ ଧୈର୍ଯ୍ୟର ସହ ମୁକାବିଲା କରି ୫ମ ୱିକେଟ୍‌ରେ ୧୭୯ ରନର ଗୁରୁତ୍ୱପୂର୍ଣ୍ଣ ଭାଗୀଦାରି ଗଢ଼ିଥିଲେ। ଫଳରେ ଦଳୀୟ ସ୍କୋର ୨୦୦ ଶହ ରନ ଅତିକ୍ରମ ହୋଇଥିଲା। ତେବେ ବିପ୍ଲବ ୯୨ ରନ (୧୪୫ ବଲ୍, ୯ ଚୌକା ଓ ୧ ଛକା) କରି ଶତକରୁ ବଞ୍ଚିତ ହୋଇଥିଲେ। ଏହାପରେ ସମ୍ବିତ ବରାଳ (୧୧ ରନ) ଓ ପଦାର୍ପଣକାରୀ ୱିକେଟ୍‌କିପର ଶାୱନ ପହରିୟା (୧) ନିରାଶ କରିଥିଲେ। ନିଜର ୨ୟ ମ୍ୟାଚ୍ ଖେଳୁଥିବା ଅନିଲ ୨୪୯ ବଲରେ ୯୮ ରନ କରି ଅପରାଜିତ ରହିଛନ୍ତି। ଗତ ସିଜନରେ ପଦାର୍ପଣରେ ସର୍ଭିସେସ ବିପକ୍ଷରେ ଅପରାଜିତ ୯୯ ରନ କରିଥିଲେ ମଧ୍ୟ ଅନିଲଙ୍କୁ ଚଳିତ ସିଜନ ପ୍ରାରମ୍ଭରୁ ଅଣଦେଖା କରାଯାଇଥିଲା। ନାଗାଲାଣ୍ଡର ଅଧିନାୟକ ରଙ୍ଗସେନ ଜୋନାଥନ, ରୋନିତ୍ ମୋରେ ଓ ଲାମଲିୱତି ଲାମଲିୱତି ୨ଟି ଲେଖାଏ ୱିକେଟ୍ ନେଇଛନ୍ତି।

ସକାଳ
THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ
ବିତର୍କ ପ୍ରତିଯୋଗିତା ୨୦୨୫
ଭାଷା: ଓଡ଼ିଆ



Presented by:
BHARAT MASALA
AN ISO 9001 : 2015 & HACCP CERTIFIED COMPANY
The Taste of New India

In Association with:
CBSE-XI & XII
SRI VINAYAKA Concept School
BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ଭୁବନେଶ୍ୱର | ଡ଼ିଏଭି ପବ୍ଲିକ ସ୍କୁଲ୍, ୟୁନିଟ୍-୮, ଭୁବନେଶ୍ୱର | ସୁଧାଂଶୁ ସାହୁ - ୭୩୭୧୬୯୪୧୪୨ |
| ଖୋର୍ଦ୍ଧା | ସିଗମା ପବ୍ଲିକ ସ୍କୁଲ, ଖୋର୍ଦ୍ଧା | ରଞ୍ଜିତ କେଏନ୍ ସାମନ୍ତରାୟ - ୯୪୩୭୪୫୬୫୭୬ |
| ନୟାଗଡ଼ | ସାମ୍ବାଦିକ ଭବନ, ନୟାଗଡ଼ | ଅନିଲ କୁମାର ପଣ୍ଡା - ୭୩୭୭୭୧୦୦୯୭ |
| ଅନୁଗୋଳ | ରୋଟାରୀ ପବ୍ଲିକ ସ୍କୁଲ, ଅନୁଗୋଳ | ସଂଗ୍ରାମ ଦାସ - ୯୪୩୯୦୧୬୦୧୯ |
| ପୁରୀ | କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ, ସଦାଶିବ ପରିସର, ପୁରୀ | ହେମନ୍ତ କୁମାର ନାୟକ - ୯୯୩୭୫୫୧୭୨୯ |
| କଟକ | ସାରଳା ଭବନ, ବିଜୁ ପଟ୍ଟନାୟକ ଛକ, ତୁଳସିପୁର, କଟକ | ଭକ୍ତି ଭୂଷଣ ମହାନ୍ତି - ୯୩୩୮୧୦୧୦୮୩ |
| ଢେଙ୍କାନାଳ | ଢେଙ୍କାନାଳ, ସିନର୍ଜି ଇଞ୍ଜିନିୟରିଂ ବୈଷୟିକ ମହାବିଦ୍ୟାଳୟ | ସୟେଦ ଇମତିଆଜ୍ ହୁସେନ୍ - ୯୪୩୭୦୭୪୦୩୩ |
| ମୟୂରଭଞ୍ଜ | ସାଇଆଦର୍ଶ ଉଚ୍ଚମାଧ୍ୟମିକ ବିଦ୍ୟାଳୟ, ରଘୁନାଥପୁର ବାରିପଦା | ମନୋଜ କୁମାର ପଣ୍ଡା - ୯୪୩୮୨୪୮୪୯୧ |
| ଗଜପତି | ମହେନ୍ଦ୍ରଗିରି ପୌର ସରକାରୀ ଉଚ୍ଚ ବିଦ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି | ରଶ୍ମି ରଞ୍ଜନ ମିଶ୍ର-୯୪୩୭୧୪୦୦୦୨ |
| ଗଞ୍ଜାମ | ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟପେଟା, ବ୍ରହ୍ମପୁର | କ୍ଷୀରସିନ୍ଧୁ ମହାନ୍ତି - ୭୭୪୯୧୧୭୦୩ |
| କନ୍ଧମାଳ | ଡିଆଇପିଆରଓ କନଫରେନ୍ସ ହଲ, ଫୁଲବାଣୀ, କନ୍ଧମାଳ | ସଞ୍ଜୟ ପାତ୍ର - ୭୦୦୮୬୨୫୬୧୯ |
| କେନ୍ଦ୍ରାପଡ଼ା | ସେଣ୍ଟ ଜାଭିୟର ହାଇସ୍କୁଲ, ଗୋପ, କେନ୍ଦ୍ରାପଡ଼ା | ଦେବଦତ୍ତ ଦାଶ - ୯୯୩୭୨୨୨୭୯୪ |
| ଜଗତସିଂହପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଜଗତସିଂହପୁର | ଶଶାଙ୍କ ଶେଖର ପଣ୍ଡା - ୯୮୬୧୩୩୭୯୮୨ |
| ଯାଜପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଯାଜପୁର | ସନ୍ଦିପ୍ତ ରାୟ - ୯୪୩୯୪୯୭୬୪୫ |
| ବାଲେଶ୍ୱର | ସକାଳ-ନନ୍ଦିଘୋଷ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ପତ୍ରୁଆଁପଦା, ପ୍ରୁଫ ରୋଡ, ବାଲେଶ୍ୱର | ଅସୀମ ମହାପାତ୍ର - ୯୪୩୯୪୫୨୧୮ |
| ଭଦ୍ରକ | ଭଦ୍ରକ ସରକାରୀ ଉଚ୍ଚ ବିଦ୍ୟାଳୟ (ପୁରୁଣା ସରକାରୀ ବାଳିକା ବିଦ୍ୟାଳୟ), ଭଦ୍ରକ | ଉମାକଲ୍ୟାଣ ମହାପାତ୍ର - ୯୦୯୦୯୦୪୦୭୭ |

୨୩ ନଭେମ୍ବର ୨୦୨୫ | ରବିବାର

ଜୁନିୟର: ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟର: କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।

PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA

କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦ୍ର ଦାସ
EXECUTIVE EDITOR: SAMARENDU DAS